


ଏସିଆନ୍ ଆଥଲେଟିକ୍ସରେ ପୂଜାଙ୍କୁ ସ୍ୱର୍ଣ୍ଣ

▸ପୃଷ୍ଠା ୧୨ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 42 ◆ISSUE-332 ◆BHUBANESWAR ◆SATURDAY ◆31 MAY 2025 ◆PAGE-12 ◆₹ 6.00 | SAMBALPUR | ◆ବର୍ଷ-୪୨ ◆ସଂଖ୍ୟା-୩୩୨ ◆ଭୁବନେଶ୍ୱର ◆ଶନିବାର ◆୩୧ ମେ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦





## ଅଙ୍କିତା ଭଣ୍ଡାରୀ ହତ୍ୟା ମାମଲା

# ବିଜେପି ନେତାଙ୍କ ପୁଅ ସମେତ ତିନି ଜଣଙ୍କୁ ଆଜୀବନ ଜେଲ୍



**● ଅଙ୍କିତାଙ୍କୁ ହତ୍ୟା କରି କେନାଲକୁ ଫୋପାଡ଼ି ଥିଲେ ମୃତଦେହ**

**● ଅତିଥିଙ୍କୁ ସ୍ୱତନ୍ତ୍ର ସୁବିଧା ଦେବାକୁ ରାଜି ନ ହେବାରୁ ମାରିଥିଲେ**

ଡେରାଡୁନ, ୩୦।୫ (ଏଜେନ୍ସି): ଦୀର୍ଘ ୨ ବର୍ଷ ୮ ମାସ ପରେ ଉତ୍ତରାଖଣ୍ଡର ବହୁଚର୍ଚ୍ଚିତ ଅଙ୍କିତା ଭଣ୍ଡାରୀ (୧୯) ହତ୍ୟାକାଣ୍ଡ ମାମଲାର ରାୟ ଆସିଛି। ବିଜେପି ନେତା ତଥା ପୂର୍ବତନ ମନ୍ତ୍ରୀଙ୍କ ପୁଅ ପୁଲକିତ ଆର୍ଯ୍ୟ ବ୍ୟତୀତ ଦୁଇ କର୍ମଚାରୀ ସୌରଭ ଭାସ୍କର ଏବଂ ଅଙ୍କିତ ଗୁପ୍ତାଙ୍କୁ କୋର୍ଟ ଦୋଷୀ ସାବ୍ୟସ୍ତ କରି ଆଜୀବନ ଜେଲ୍ ଦଣ୍ଡରେ ଦଣ୍ଡିତ କରିଛନ୍ତି। କୋଟଦ୍ୱାର ଜିଲ୍ଲା କୋର୍ଟ ତିନି ଦୋଷୀଙ୍କ ଉପରେ ୫୦ ହଜାର ଟଙ୍କା ଲେଖାଏଁ ଜୋରିମାନା ମଧ୍ୟ ଲଗାଇଛନ୍ତି। ସୂଚନା ଅନୁଯାୟୀ ପୌରି ଗ୍ରହୱାଲ ଜିଲ୍ଲାର ଯମକେଶ୍ୱର ଅଞ୍ଚଳ ସ୍ଥିତ ପୁଲକିତଙ୍କ ବାନାନତାରା ରେସ୍ତୋରାଁରେ ଅଙ୍କିତା ଅଭ୍ୟର୍ଥନାକାରୀ (ରିସିପିଓନିଷ୍ଟ) ଭାବେ କାମ କରୁଥିଲେ। ୨୦୨୨ ସେପ୍ଟେମ୍ବର ୧୮ରେ ଅଙ୍କିତା ନିଖୋଜ ଥିବା ଖବର ସାମ୍ନାକୁ ଆସିଥିଲା। ଏହି ଖବର ସାରା ଦେଶରେ ଚାଞ୍ଚଲ୍ୟ ଖେଳାଇ ଦେଇଥିଲା। ଏହି ଘଟଣାର କିଛି ଦିନ ପରେ ଚିଲ୍ଲା କେନାଲରୁ ଅଙ୍କିତାଙ୍କ ମୃତଦେହ ଉଦ୍ଧାର ହୋଇଥିଲା। ଅଭିଯୁକ୍ତ ପୁଲକିତର ବାପା ବିଜେପି ନେତା ହୋଇଥିବାରୁ ଘଟଣାକୁ ଚପାଇ ଦେବା ପାଇଁ ବେଶ୍ ଉଦ୍ୟମ ହୋଇଥିଲା। ଏହାକୁ ନେଇ ରାଜନୀତି ମଧ୍ୟ ଜୋର ଧରିଥିଲା। ବିଜେପି କ୍ଷମତାରେ ଥିବାରୁ ଅଭିଯୁକ୍ତଙ୍କୁ ପୁଲିସ୍ ଘଣ୍ଟ ଘୋଡ଼ାଉଥିବା ଅଭିଯୋଗ ହୋଇଥିଲା। ମାମଲା ଚାଲିଥିବାବେଳେ ଏହି ରେସ୍ତୋରାଁ ଭାଙ୍ଗିବାକୁ ନେଇ ମଧ୍ୟ ପ୍ରଶ୍ନ ଉଠିଥିଲା। ପ୍ରମାଣ ନଷ୍ଟ କରିବା ପାଇଁ ଏପରି କରାଯାଉଥିବା ଅଭିଯୋଗ ହୋଇଥିଲା। ଶେଷରେ ବିଜେପି ପୁଲକିତର ବାପା ବିନୋଦ ଆର୍ଯ୍ୟଙ୍କୁ ଦଳରୁ ବହିଷ୍କାର କରିଥିଲା।

ଏହା ସତ୍ତ୍ୱେ ବିବାଦ ଥମି ନ ଥିଲା। ତେଣୁ ବାଧ ହୋଇ ମୁଖ୍ୟମନ୍ତ୍ରୀ ପୁଷ୍କର ସିଂହ ଧାମି ଏସଆଇଟି ତଦନ୍ତ ନିର୍ଦ୍ଦେଶ ଦେଇଥିଲେ। ଏସଆଇଟି ଘଟଣାର ତଦନ୍ତ କରି ୫୦୦ ପୃଷ୍ଠାର ଆରୋପପତ୍ର ଦାଖଲ କରିଥିଲା। ଏଥିରେ ୯୭ ଜଣ ସାକ୍ଷୀଙ୍କ ନାମ ଥିବାବେଳେ ୪୭ ଜଣ ବୟାନ ରେକର୍ଡ କରିଥିଲେ। ଏହି ରିସୋର୍ଟରେ ରିସିପିଓନିଷ୍ଟ ଭାବେ କାମ କରୁଥିବା ଅଙ୍କିତାଙ୍କୁ ପୁଲକିତ ଓ ଆଉ ୨ ଜଣ କର୍ମଚାରୀ ବେଶ୍ୟାବୃତ୍ତିରେ ସାମିଲ ହେବାକୁ ବାରମ୍ବାର କହୁଥିଲେ। ଅତିଥିଙ୍କୁ ସ୍ୱତନ୍ତ୍ର ସୁବିଧା ଦେଲେ ୧୦ ହଜାର ଟଙ୍କା ଲେଖାଏ ମିଳିବ ବୋଲି ଅଙ୍କିତାଙ୍କୁ କହିଥିଲେ।ଏଥିରେ ସେ ରାଜି ନ ହେବାରୁ ପୁଲକିତ ଓ ତାଙ୍କର ଦୁଇ ସହଯୋଗୀ ତାଙ୍କୁ ହତ୍ୟା କରିଥିଲେ। ସେପ୍ଟେମ୍ବର ୧୮ରୁ ଅଙ୍କିତା ନିଖୋଜ ଥିଲେ। ଏହାର ୬ ଦିନ ପରେ ତାଙ୍କ ମୃତଦେହ ମିଳିଥିଲା। ୨୦୨୨ ସେପ୍ଟେମ୍ବର ୧୮ ରାତି ପ୍ରାୟ ୮ଟା ବେଳେ ପୁଲକିତ, ରିସର୍ଟ ମ୍ୟାନେଜର ସୌରଭ ଓ ଅନ୍ୟ ଜଣେ କର୍ମଚାରୀ ଅଙ୍କିତଙ୍କ ସହ ଅଙ୍କିତା ଋଷିକେଶ ଯାଇଥିଲେ। ସେଠାରୁ ଫେରୁଥିବା ବେଳେ ଚିଲ୍ଲା ରୋଡରେ ଥିବା କେନାଲ ନିକଟରେ ୩ ଜଣ ଗାଡ଼ି ରଖି ମଦ ପିଇଥିଲେ। ଅଙ୍କିତା ଗାଡ଼ିରେ ସେମାନଙ୍କୁ ଅପେକ୍ଷା କରିଥିଲେ। ମଦ ପିଇ ଆସିବା ପରେ ରିସୋର୍ଟରେ ଅତିଥିଙ୍କୁ ସ୍ୱତନ୍ତ୍ର ସୁବିଧା ଯୋଗାଇ ଦେବାକୁ ସେମାନେ ଅଙ୍କିତାଙ୍କୁ କହିଥିଲେ। ହେଲେ ଅଙ୍କିତା ଏଥିରେ ରାଜି ନ ହୋଇ ରିସୋର୍ଟରେ ଚାଲିଥିବା ଅନୈତିକ କାର୍ଯ୍ୟର ପର୍ଦ୍ଦାଫାସ କରିବାକୁ ଧମକ ଦେଇଥିଲେ। ଏଥିରେ ରାଗି ଯାଇ ୩ ଜଣ ଯାକ ତାଙ୍କୁ ନିକଟସ୍ଥ କେନାଲକୁ ଫିଙ୍ଗି ଦେଇଥିଲେ।

## ● କରୋନା ରୋଗୀଙ୍କୁ ମାରିବାକୁ କହିଥିଲେ ଡାକ୍ତର

# ଏତଲା ରୁଜୁକଲା ପୁଲିସ୍

ମୁମ୍ବାଇ, ୩୦।୫ (ଏଜେନ୍ସି): ମୁମ୍ବାଇରୁ ବିଚଳିତ କରିବା ଭଳି ଏକ ମାମଲା ସାମ୍ନାକୁ ଆସିଛି। କରୋନା ସମୟରେ ରୋଗୀଙ୍କ ସହ ଡାକ୍ତରଙ୍କ ବ୍ୟବହାର ସମ୍ବନ୍ଧିତ ସାଂଘାତିକ ତଥ୍ୟ ପୁଲିସ ଉଜାଗର କରିଛି। ୨୦୨୧ରେ ଜଣେ କରୋନା ରୋଗୀଙ୍କୁ ମାରିବାକୁ ନିର୍ଦ୍ଦେଶ ଦେଇଥିବା ସରକାରୀ ଡାକ୍ତରଖାନାର ବରିଷ୍ଠ ଡାକ୍ତରଙ୍କ ବିରୋଧରେ ଏତଲା ରୁଜୁ କରିଛି। ଲାଟୁର ଜିଲ୍ଲାର ଏହି ମାମଲାକୁ ନେଇ ଦେଶରେ ଚର୍ଚ୍ଚା ଜୋର ଧରିଛି। ଏହାର ଏକ ଅଡିଓ କ୍ଲିପ୍ ମଧ୍ୟ ଭାଇରାଲ ହେବାରେ ଲାଗିଛି। ଏଥିରେ ଅଭିଯୁକ୍ତ ଡାକ୍ତର ଶଶିକାନ୍ତ ଦେଶପାଣ୍ଡେ ମହିଳା ରୋଗୀ କୌସର ଫାତିମାଙ୍କୁ ମାରିବା ପାଇଁ ନିଜର ସହଯୋଗୀ ଡାକ୍ତର ଶଶିକାନ୍ତ ଡାଙ୍ଗେଙ୍କୁ କହୁଥିବା ଶୁଣାଯାଉଛି। ତେବେ ଏହି ମହିଳା ପରେ କରୋନାରୁ ସୁସ୍ଥ ହୋଇ ଯାଇଥିଲେ। ଏହାକୁ ନେଇ ଗତ ୨୪ ତାରିଖରେ ଉଦଗିର ପୁଲିସ ଏତଲା ରୁଜୁ କରିଥିଲା। ଡ.ଦେଶପାଣ୍ଡ ୨୦୨୧ରେ ଲାଟୁର ସ୍ଥିତ ଉଦଗିର ସରକାରୀ ହସ୍ପିଟାଲରେ ଅତିରିକ୍ତ ସର୍ଜନ ଭାବେ କାମ କରୁଥିଲେ। ସେହିପରି ଡାଙ୍ଗେ କୋଭିଡ କେୟାର ସେଣ୍ଟରରେ କାମ କରୁଥିଲେ। ଏବେ ଏହାକୁ ନେଇ ଅନ୍ୟ ଡାକ୍ତରଖାନାର ସ୍ଥିତି କଣ ହୋଇ ନ ଥିବ ବୋଲି ପ୍ରଶ୍ନ ଉଠୁଛି। ଅଭିଯୋଗକାରୀଙ୍କ ସ୍ୱାମୀ ଗୌସୋଦ୍ଦିନଙ୍କ ଅନୁଯାୟୀ ସେତେବେଳେ ସ୍ତ୍ରୀ ହସ୍ପିଟାଲରେ ଚିକିତ୍ସାଧୀନ ଥିଲେ। ତେଣୁ ଚୁପ୍ ରହିବାକୁ ଉଚିତ ମଣିଥିଲେ। ଭାଇରାଲ ଅଡିଓ କ୍ଲିପରେ ଡ. ଦେଶପାଣ୍ଡେ କହୁଛନ୍ତି ଯେ ଭିତରକୁ କାହାକୁ ଛାଡ଼ନି। ସେ ମହିଳାଙ୍କୁ(ଫାତିମା) ମାରି ଦିଅ। ଏହା ଶୁଣି ଡାକ୍ତର ଡାଙ୍ଗେ ଅମ୍ଳଜାନ ସ୍ତରକୁ ପୂର୍ବରୁ ହିଁ ହ୍ରାସ କରି ଦିଆଯାଇଛି ବୋଲି କହୁଛନ୍ତି।

# ବ୍ରହ୍ମୋସ୍ ପାକିସ୍ତାନର ନିଦ ହଜାଇ ଦେଇଛି: ପ୍ରଧାନମନ୍ତ୍ରୀ

କାନପୁର,୩୦।୫(ଏଜେନ୍ସି): ଭାରତର ବ୍ରହ୍ମୋସ ମିସାଇଲ ପାକିସ୍ତାନର ନିଦ ହଜାଇ ଦେଇଛି ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି। ଅପରେସନ ସିନ୍ଦୂରର ୩ ସପ୍ତାହ



ପରେ କାନପୁରରେ ୫୦,୦୦୦ କୋଟି ଟଙ୍କାର ଏକ ଭିତ୍ତିଭୂମି ପ୍ରକଳ୍ପର ଶୁଭାରମ୍ଭ କରିବା ଅବସରରେ ସେ ଏହି କଥା କହିଛନ୍ତି। ଭାରତୀୟ ସେନାର ପରାକ୍ରମକୁ ସେ ପ୍ରଶଂସା କରିଥିଲେ। ପାକିସ୍ତାନରେ ଲୁଚିଥିବା ଶହ ଶହ ଆତଙ୍କବାଦୀଙ୍କ ଠିକଣା ଧ୍ୱଂସ କରିବାରେ ଭାରତ ସଫଳ ହୋଇଛି। ଆମ ସେନାବାହିନୀର ପରାକ୍ରମ ଓ ସାହସିକତା ଆଗରେ ପାକିସ୍ତାନ ହାର ମାନିଥିଲା ଓ ଯୁଦ୍ଧ ରୋକିବାକୁ ଅନୁରୋଧ କରିଥିଲା। ଅପରେସନ ସିନ୍ଦୂର ମାଧ୍ୟମରେ ଭାରତୀୟ ସେନାର ଶକ୍ତି ଓ ସାମର୍ଥ୍ୟକୁ ସାରା ବିଶ୍ୱ ଦେଖିଲା। ବ୍ରହ୍ମୋସ କ୍ଷେପଣାସ୍ତ୍ର ପାକିସ୍ତାନ ସେନାର ନିଦ ହଜାଇବାରେ ସଫଳ ହୋଇଛି ବୋଲି ସେ କହିଛନ୍ତି। ଉଲ୍ଲେଖଥାଉ କି, ମେ ୯ ଓ ୧୦ ରାତିରେ ପାକିସ୍ତାନର ଏକାଧିକ ଠିକଣା ଉପରେ ଭାରତ ମିଶାଇଲ ମାଡ କରିଥିଲା। ଆଜରବୈଜାନରେ ପାକିସ୍ତାନ ପ୍ରଧାନମନ୍ତ୍ରୀ ଶାହାବାଜ ସରିଫ୍ ମଧ୍ୟ ବ୍ରହ୍ମୋସ ମିସାଇଲ ମାଡ ହୋଇଥିବା କଥାକୁ ସ୍ୱୀକାର କରିଛନ୍ତି। ଭୋର୍ ନାମାଜ ପଢ଼ିବାପରେ ଆମେ ଆକ୍ରମଣ କରିବାକୁ ଯୋଜନା କରିଥିଲୁ। କିନ୍ତୁ ଏହା ପୂର୍ବରୁ ବ୍ରହ୍ମୋସ କ୍ଷେପଣାସ୍ତ୍ର ମାଡ ହୋଇଥିଲା ବୋଲି ସେ କହିଛନ୍ତି।

# ଭାରତର ବୈଦେଶିକ ନୀତି ବିଫଳ ହୋଇଛି: କଂଗ୍ରେସ

**ଅପରେସନ୍ ସିନ୍ଦୂର**

ନୂଆଦିଲ୍ଲୀ,୩୦।୫(ଏଜେନ୍ସି): ପହଲଗାମ ଆତଙ୍କବାଦୀ ଆକ୍ରମଣ ପରେ ସେନାବାହିନୀ ଦ୍ୱାରା କାର୍ଯ୍ୟକାରୀ ହୋଇଥିବା ଅପରେସନ ସିନ୍ଦୂର ପରେ ଭାରତର ବୈଦେଶିକ ନୀତି ବିଫଳ ହୋଇଛି ବୋଲି ମୁଖ୍ୟ ବିରୋଧୀ ଦଳ କଂଗ୍ରେସ କହିଛି। ଏହି ପ୍ରକ୍ରିୟାରେ ଭାରତକୁ କୌଣସି ଦେଶ ସମର୍ଥନ କରିନାହାନ୍ତି ବୋଲି କଂଗ୍ରେସ୍ ବରିଷ୍ଠ ନେତା ପବନ ଖେରା କହିଛନ୍ତି। କୌଣସି ଦେଶ ପାକିସ୍ତାନକୁ ଏକ ଆତଙ୍କବାଦୀ ରାଷ୍ଟ୍ର ବୋଲି ଅଭିହିତ କରିନାହାନ୍ତି। ଏହା ଆମର ବୈଦେଶିକ ନୀତିର ବିଫଳାତାକୁ ଦର୍ଶାଉଛି। ଅପରେସନ ସିନ୍ଦୂରକୁ ସମର୍ଥନ କରି କୌଣସି ଦେଶ ଏପର୍ଯ୍ୟନ୍ତ ଭାରତକୁ ସମର୍ଥନ କରି ମନ୍ତବ୍ୟ ପ୍ରଦାନ କରିନାହାନ୍ତି। ପୂର୍ବରୁ



ପାକିସ୍ତାନ ଉପରେ ଲାଗୁ କରିଥିବା ବିଭିନ୍ନ କଟକଣାକୁ କୁଏତ୍ ଏବେ ଉଠାଇ ଦେଇଛି। କେବଳ ସେତିକି ନୁହଁ ପାକିସ୍ତାନ ସହ ଇରାନ, ୟୁନାଇଟେଡ ଆରବ ଏମିରେଟ୍ସ (ୟୁଏଇ) ସମେତ ଅନ୍ୟ ମଧ୍ୟପ୍ରାଚ୍ୟ ଦେଶଗୁଡିକ ବୁଝାମଣା ପତ୍ର (ଏମ୍ଓୟୁ) ସ୍ୱାକ୍ଷର କରିଛନ୍ତି। ଏପରିକି ରୁଷିଆ ମଧ୍ୟ ପାକିସ୍ତାନ ସହ ଏକ ଏମ୍ଓୟୁରେ ସ୍ୱାକ୍ଷର କରିଛି। ପାକିସ୍ତାନର ଏକ ପୁରଣା ଷ୍ଟିଲ ମିଲ୍‌ର ପୁନଃପ୍ରକ୍ରିୟାକରଣ ପାଇଁ ରୁଷିଆ ୨.୬ ମିଲିଅନ୍ ଡଲାର ରୁଷିଆକୁ ଦେବ। ଏହା ହେଉଛି ଆମ ବିଫଳ ବୈଦେଶିକ ନୀତିର ନକାରାତ୍ମକ ଫଳ ବୋଲି ପବନ କହିଛନ୍ତି। ଅନ୍ୟପଟେ ମେ ୭ରେ ଭାରତ ପାକିସ୍ତାନ ଉପରେ କରିଥିବା ମିଶାଇଲ ଷ୍ଟ୍ରାଇକ୍‌ରେ ମୃତାହତ ଲୋକଙ୍କ ପାଇଁ ଲାଟିନ ଆମେରିକୀୟ ଦେଶ କଲମ୍ବିଆ ଶୋକ ଜାହିର କରିଛି ଓ ଏ ନେଇ ବରିଷ୍ଠ କଂଗ୍ରେସ ନେତା ଶଶି ଥରୁର ଅସନ୍ତୋଷ ଜାହିର କରିଛନ୍ତି। ଭାରତ କେବଳ ଏପ୍ରିଲ ୨୨ରେ ଘଟିଥିବା ପହଲଗାମ ଆତଙ୍କବାଦୀ ଆକ୍ରମଣର ଜବାବ ସ୍ୱରୂପ ଆତ୍ମରକ୍ଷା ପାଇଁ ମିଶାଇଲ ଷ୍ଟ୍ରାଇକ୍ କରିଛି ବୋଲି ସେ କହିଛନ୍ତି।

## ● ମୋଦୀଙ୍କ ନାମ ଭୁଲିଲେ ନୀତୀଶ

# ୩୦ ସେକେଣ୍ଡରେ ୧୦ଥର କ୍ଷମା ମାଗିଲେ

ପାଟନା,୩୦।୫(ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବିହାର ଗସ୍ତ ଶନିବାର ଦ୍ୱିତୀୟ ଦିନ ଥିଲା। ସାସାରାମଠାରେ ଆୟୋଜିତ ଏକ ଜନସଭାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଉପସ୍ଥିତିରେ ଏକ ଅଭାବନୀୟ ଘଟଣା ଦେଖିବାକୁ ମିଳିଥିଲା। ବିହାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଭୁଲରେ ମୋଦୀଙ୍କ ନାମ ନେବା ବଦଳରେ ପୂର୍ବତନ ପ୍ରଧାନମନ୍ତ୍ରୀ ଅଟଳ ବିହାରୀ ବାଜପେୟୀଙ୍କ ନାମ ନେଇଥିଲେ। ଏଥିପାଇଁ ସେ ନିଜର ଭୁଲ ସ୍ୱୀକାର କରିଥିଲେ। ଭୁଲ ସ୍ୱୀକାର କରିବା ସହ ସେ ୩୦ ସେକେଣ୍ଡରେ ୧୦ଥର ହାତ ଯୋଡ଼ିଥିଲେ। ଏଥିପାଇଁ ସଭାରେ ଉପସ୍ଥିତ ସବୁ ଲୋକଙ୍କୁ ଛିଡା ହୋଇ ହାତଯୋଡି ପ୍ରଣାମ କରିବାକୁ ନିବେଦନ କରିଥିଲେ। ଏହାର ଭିଡିଓ ଇଣ୍ଟରନେଟ୍‌ରେ ବେଶ୍ ଭାଇରାଲ ହୋଇଛି। ଏହି ଘଟଣାରେ ଆରଜେଡି ଏମ୍ଏଲ୍ଏ ତେଜସ୍ୱୀ ଯାଦବ ନୀତୀଶଙ୍କ ମାନସିକ ସ୍ଥିତି ଓ ସ୍ୱାସ୍ଥ୍ୟକୁ ନେଇ ପ୍ରଶ୍ନ ଉଠାଇଛନ୍ତି।



# ପାକିସ୍ତାନ ମନ୍ତ୍ରୀଙ୍କ ସହ ପହଲଗାମ ମାଷ୍ଟରମାଇଣ୍ଡ

ନୂଆଦିଲ୍ଲୀ, ୩୦।୫ (ଏଜେନ୍ସି): ପାକିସ୍ତାନ ନିଜ ପ୍ରକୃତିକୁ ଛାଡି ପାରୁନାହିଁ। ଏବେ ପୁଣି ଏକ କାର୍ଯ୍ୟକ୍ରମରେ ଆତଙ୍କବାଦୀଙ୍କ ସହ ପାକିସ୍ତାନ ନେତା ଏବଂ ମନ୍ତ୍ରୀଙ୍କୁ ଦେଖିବାକୁ ମିଳିଛି। ପହଲଗାମ ଆକ୍ରମଣର ମାଷ୍ଟରମାଇଣ୍ଡ ସୈଫୁଲ୍ଲାହ କସୁରୀ, ଲସ୍କରର ସହ ପ୍ରତିଷ୍ଠାତା ଆମିର ହମଜା ଏବଂ ହାଫିଜ ସୈଦର ପୁଅ ତହ୍ଲା ସୈଦକୁ ଦେଖାଯାଇଛି। ଏହି ଆତଙ୍କବାଦୀଙ୍କ ସହ ପାକିସ୍ତାନ ଖାଦ୍ୟମନ୍ତ୍ରୀ ମଲିକ ରାସିଦ ଅହମ୍ମଦ ଖାନ, ପଞ୍ଜାବ ବାଚସ୍ପତି



ମଲିକ ମହମ୍ମଦ ଅହମ୍ମଦ ଖାନକୁ ଦେଖିବାକୁ ମିଳିଥିଲା। ଏଠାରେ କଶୁରୀ କହିଥିଲା ଯେ ସେ ଏବେ ପାକିସ୍ତାନରେ ଅଧିକ ପ୍ରସିଦ୍ଧ ହୋଇଛି। ଗତ ବୁଧବାର ଲାହୋର୍‌ରେ ହୋଇଥିବା ଏହି ରାଲିରେ ସେ ଭାରତ ବିରୋଧରେ ଉତ୍ତେଜନାପୂର୍ଣ୍ଣ ମନ୍ତବ୍ୟ ଦେଇଛି। ପାକସ୍ତାନର ନୀରାପତ୍ତାରକ୍ଷୀ ଓ ଗୋଇନ୍ଦା ବିଭାଗର ଅଧିକାରୀଙ୍କ ସୁରକ୍ଷା କବଚ ମଧ୍ୟରେ ତାକୁ ଦେଖିବାକୁ ମିଳିଥିଲା। ପହଲଗାମ ଘଟଣାରେ ମୋତେ ଅଭିଯୁକ୍ତ ଭାବେ ଅବିହିତ କରିବା ପରେ ଅଧିକ ପ୍ରସିଦ୍ଧ ହୋଇଯାଇଛି ବୋଲି ସେ କହିଛି। ଅବଶ୍ୟ ପୂର୍ବରୁ କଶୁରୀ ପହଲଗାମ ଆକ୍ରମଣରେ ତା'ର କୌଣସି ଭୂମିକା ନାହିଁ ବୋଲି ସେ ସ୍ପଷ୍ଟ କରିଥିଲା।

# ସୋମନାଥ ଜ୍ୟୋତିର୍ଲିଙ୍ଗଙ୍କୁ ନେଇ ବିବାଦ

ସୋମନାଥ, ୩୦।୫ (ଏଜେନ୍ସି): ପ୍ରଥମ ଜ୍ୟୋତିର୍ଲିଙ୍ଗ ସୋମନାଥ ମନ୍ଦିରର ଶିବଲିଙ୍ଗଙ୍କୁ ନେଇ ବିବାଦ ଆରମ୍ଭ ହୋଇଛି। ଆଧ୍ୟାତ୍ମିକ ଗୁରୁ ଶ୍ରୀ ଶ୍ରୀ ରବିଶଙ୍କର ସୋମନାଥ ମନ୍ଦିରରେ ଶିବଲିଙ୍ଗକୁ ଦ୍ୱିତୀୟଥର ପାଇଁ ପ୍ରତିଷ୍ଠା ନିମନ୍ତେ କରିଥିବା ଘୋଷଣାକୁ ଶଙ୍କରାଚାର୍ଯ୍ୟ, ସନ୍ଥ, ମହନ୍ତମାନେ ବିରୋଧ କରିଛନ୍ତି। ରବିଶଙ୍କର ଏ ପର୍ଯ୍ୟନ୍ତ ଏ ସଂକ୍ରାନ୍ତରେ କାହିଁକି କଥା ହୋଇନଥିଲେ ବୋଲି ଜ୍ୟୋତିଷ ପୀଠର ଶଙ୍କରାଚାର୍ଯ୍ୟ ଅଭିମୁକ୍ତେଶ୍ୱରାନନ୍ଦ ସରସ୍ୱତୀ ପ୍ରଶ୍ନ ଉଠାଇଛନ୍ତି। ସେହିପରି ଜ୍ୟୋର୍ତିଲିଙ୍ଗ ହେଉଛନ୍ତି ସ୍ୱୟଂ ଓ ତାଙ୍କୁ ଦ୍ୱିତୀୟଥର ପାଇଁ ପ୍ରତିଷ୍ଠା କରିବାର ଆବଶ୍ୟକତା ନାହିଁ ବୋଲି ଦ୍ୱାରକା ଶାରଦାପୀଠ ଶଙ୍କରାଚାର୍ଯ୍ୟ ସ୍ୱାମୀ ସଦାନନ୍ଦ ସରସ୍ୱତୀ କହିଛନ୍ତି। ଅଗ୍ନିଶିଖାକୁ କେବେବି ଦୁଇ ଭାଗ କରି ହେବନାହିଁ। ତେଣୁ ଜ୍ୟୋତିର୍ଲିଙ୍ଗକୁ ଦ୍ୱିତୀୟଥର ପାଇଁ ପ୍ରତିଷ୍ଠା କରିବାର ପ୍ରଶ୍ନ ଉଠୁନାହିଁ ବୋଲି ହରିଗିରି ମହାରାଜ କହିଛନ୍ତି। ଶିବଲିଙ୍ଗର ଏକ ଅଂଶ ମୋ ପାଖରେ ରହିଛି ବୋଲି ରବିଶଙ୍କର କହିଥିଲେ। କିନ୍ତୁ ଏହାକୁ ସମସ୍ତେ ବିରୋଧ କରିଛନ୍ତି। ହଜାରହଜାର ବର୍ଷ ପୁରୁଣା ସୋମନାଥର ଶିବଲିଙ୍ଗଙ୍କ ଅଂଶ କାହା ପାଖରେ ରହିବା ଅସମ୍ଭବ ବୋଲି ଶିବ ଉପାସକ ନିଜାନନ୍ଦଜୀ ସ୍ୱାମୀ କହିଛନ୍ତି। ରବିଶଙ୍କର ପାଖରେ ଶିବଲିଙ୍ଗର ଏକ ଅଂଶ ରହିଛି ବୋଲି ପୂର୍ବରୁ କାହିଁକି କହି ନଥିଲେ ବୋଲି ଅଭିମୁକ୍ତେଶ୍ୱରାନନ୍ଦ ସରସ୍ୱତୀ ପ୍ରଶ୍ନ କରିଛନ୍ତି।

ଶିବଲିଙ୍ଗର ଅଂଶ ମୋ ପାଖରେ ରହିଛି ବୋଲି କହି ରବିଶଙ୍କର ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ତାଙ୍କ ପାଖରେ ସୋମନାଥ ଶିବଲିଙ୍ଗର ୪ଟି ଅଂଶ ରହିଛି ବୋଲି ରବିଶଙ୍କର କହିଥିଲେ। ୧,୦୦୦ ବର୍ଷ ପୂର୍ବେ ମହମ୍ମଦ ଗଜନୀ ଏହି ଶିବଲିଙ୍ଗକୁ ଭାଙ୍ଗି ଦେଇଥିଲେ। ଶିବଲିଙ୍ଗର ଦୁଇଟି ଅଂଶ କିଛି ଦିନ ତଳେ ସଂପନ୍ନ ହୋଇଥିବା ମହାକୁମ୍ଭରେ ମିଳିଥିଲା ବୋଲି ରବିଶଙ୍କର କହିଛନ୍ତି। କିନ୍ତୁ ଏହାକୁ ସନ୍ଥ ସମାଜ ସାମୂହିକ ଭାବେ ବିରୋଧ କରିଛନ୍ତି। ତାଙ୍କ ପାଖରେ ଶିବଲିଙ୍ଗର ଦୁଇଟି ଅଂଶ ରହିଛି ବୋଲି କିଛି ପ୍ରମାଣ ଅଛି କି ବୋଲି ସୋମନାଥ ଟ୍ରଷ୍ଟର ଟ୍ରଷ୍ଟି ପିକେ ଲହରୀ କହିଛନ୍ତି।

## ଏନ୍‌ଡିଏରୁ ମହିଳାଙ୍କ ପ୍ରଥମ ବ୍ୟାଚ୍ ପାସ୍

# ୧୪୭ତମ ପାସିଙ୍ଗଆଉଟ୍ ପରେଡ୍‌ରେ ୧୭ ଯୁବତୀ

ନୂଆଦିଲ୍ଲୀ, ୩୦।୫ (ଏଜେନ୍ସି): ପ୍ରଥମ ଥର ପାଇଁ ନ୍ୟାସନାଲ ଡିଫେନ୍ସ ଏକାଡେମି (ଏନଡିଏ)ରୁ ମହିଳା କ୍ୟାଡେଟ ପାସ୍ କରିଛନ୍ତି। ୧୭ ମହିଳା କ୍ୟାଡେଟଙ୍କ ସହ ୩୦୦ରୁ ଅଧିକ ପୁରୁଷଙ୍କ ସହିତ ଏନଡିଏରୁ ଗ୍ରାଜୁଏଟ ହୋଇଛନ୍ତି। ଏମାନେ ଭାରତୀୟ ସ୍ଥଳସେନା, ନୌସେନା ଏବଂ ବାୟୁସେନାରେ ସାମିଲ ହେବେ। ୨୦୨୧ରେ ଏ ନେଇ ଐତିହାସିକ ରାୟ ଦେଇଥିଲେ। ମହିଳାଙ୍କୁ ଏନ୍‌ଡିଏରେ ସାମିଲ ହେବାକୁ ଅନୁମତି ପ୍ରଦାନ କରିଥିଲେ। ଏହା ପୂର୍ବରୁ ଗତ ୭୫ ବର୍ଷ ଧରି ଟେରିଟୋରିଆଲ୍ ଆର୍ମୀର ଅଧିକାରୀ ପଦବୀରେ ମହିଳାମାନଙ୍କୁ ନିଯୁକ୍ତି ଦେବାର କୌଣସି ବ୍ୟବସ୍ଥା ନ ଥିଲା। ଏହା ବିରୋଧରେ କୁଶ କାଲରା ଦିଲ୍ଲୀ ହାଇକୋର୍ଟରେ ଆବେଦନ ଦାଖଲ କରିଥିଲେ। ପରେ ମାମଲା ସୁପ୍ରିମକୋର୍ଟରେ ପହଞ୍ଚିଥିଲା। ୨୦୨୧ ଅଗଷ୍ଟ ୧୮ରେ କୋର୍ଟ ପ୍ରଥମ ଥର ପାଇଁ ମହିଳାଙ୍କ ନିମନ୍ତେ ଏନ୍‌ଡିଏର ଦ୍ୱାର ଖୋଲି ଦେଇଥିଲେ। ଏହି ନିଷ୍ପତ୍ତି ପରେ,୨୦୨୨ ରେ ପ୍ରଥମ ଥର ପାଇଁ ୧୭ ଜଣ ମହିଳା ପ୍ରାର୍ଥୀଙ୍କ ଏକ ବ୍ୟାଚ୍ ଏନ୍‌ଡିଏରେ ଯୋଗ ଦେଇଥିଲା। ସେମାନେ ଆଜି ଗ୍ରାଜୁଏଟ ହୋଇଛନ୍ତି। ଏଥିପାଇଁ ପୁନେର ଖଡକଭାସଲା ସ୍ଥିତ ଏନଡିଏ କ୍ୟାମ୍ପସରେ ପାସିଂ ଆଉଟ୍ ପରେଡ୍ ହୋଇଥିଲା। ଅବସରପ୍ରାପ୍ତ ସେନା ମୁଖ୍ୟ ଜେନେରାଲ ଭିକେ ସିଂହ ପରେଡର ଅଭିବାଦନ ଗ୍ରହଣ କରିଥିଲେ। ସେ କ୍ୟାଡେଟମାନଙ୍କୁ ରାଷ୍ଟ୍ରପତି ପୁରସ୍କାର ପ୍ରଦାନ କରିଥିଲେ।



## ● କନ୍ନଡ଼ ଉପରେ କମଲ ହାସନଙ୍କ ମନ୍ତବ୍ୟ ପ୍ରସଙ୍ଗ

# 'ଭୁଲ୍ କରିନି, କ୍ଷମା ମାଗିବିନି'

ଚେନ୍ନାଇ,୩୦।୫(ଏଜେନ୍ସି): ଲୋକପ୍ରିୟ ତାମିଲ ଅଭିନେତା କମଲ ହାସନ ନିକଟରେ କନ୍ନଡ ଭାଷା ଉପରେ ଆପତ୍ତିଜନକ ଟିପ୍ପଣୀ ଦେଇ ବିବାଦରେ ଛନ୍ଦି ହୋଇ ପଡିଛନ୍ତି। ନିଜ ବିବାଦୀୟ ମନ୍ତବ୍ୟ ପାଇଁ ସେ କ୍ଷମା ମାଗିବାକୁ ମନା କରିଦେଇଛନ୍ତି। ଯଦି ଭୁଲ୍ କରିନାହିଁ, ତେଣୁ କ୍ଷମା କାହିଁକି ମାଗିବି ବୋଲି ସେ ମୁକ୍ତିଲାଭ କରିବାକୁ ଯାଉଥିବା ନିଜ ସିନେମା 'ଠଗ୍ ଅଫ୍ ଲାଇଫ୍'ର ପ୍ରମୋଶନ ଅବସରରେ କହିଛନ୍ତି। ଭାରତ ଏକ ଗଣତାନ୍ତ୍ରିକ ଦେଶ। କାନୁନ ଓ ନ୍ୟାୟରେ ବିଶ୍ୱାସ କରେ।

କର୍ଣ୍ଣାଟକ, ଆନ୍ଧ୍ରପ୍ରଦେଶ ଓ କେରଳ ପ୍ରତି ମୋର ଭଲପାଇବା ସତ ଓ ନିଷ୍କପଟ। ପ୍ରେମ ଓ ଭଲ ପାଇବା ସବୁବେଳେ ବିଜୟ ଲାଭ କରିଥାଏ। ପୂର୍ବରୁ ମୋତେ ଧମକ ଦିଆଯାଇଛି। କିନ୍ତୁ ଯଦି ଭୁଲ କରିଛି, ତେବେ କ୍ଷମା ମାଗିବି। କିନ୍ତୁ ଯଦି ଭୁଲ କରିନାହିଁ, ତେବେ କ୍ଷମା ମାଗିବି ନାହିଁ ବୋଲି ସେ କହିଛନ୍ତି। ସେପଟେ କର୍ଣ୍ଣାଟକ ଫିଲ୍ମ ଚାମ୍ବର ଓ କମର୍ସ (କେଏଫ୍‌ସିସି) କମଲଙ୍କ ସିନେମା 'ଠଗ୍ ଅଫ୍ ଲାଇଫ୍'ର ରିଲିଜ ଉପରେ କଟକଣା ଲଗାଇ ଦିଆଯାଇଛି। ଯଦି କମଲ ତାଙ୍କ ସିନେମାକୁ ରିଲିଜ କରିବାକୁ ଚାହୁଁଛନ୍ତି, ତେବେ ତାଙ୍କୁ କ୍ଷମା ମାଗିବାକୁ ହେବ ବୋଲି କେଏଫ୍‌ସିସି ଅଧ୍ୟକ୍ଷ ଲନ୍ ନରସିହ୍ମାଲୁ କହିଛନ୍ତି।

ଉଲ୍ଲେଖଥାଉ କି, ଗତ ୨୪ ତାରିଖରେ 'ଠଗ୍ ଅଫ୍ ଲାଇଫ୍'ର ଅଡିଓ ଲଞ୍ଚ୍ ଅବସରରେ କନ୍ନଡ ଭାଷା ତାମିଲ ଭାଷାରୁ ସୃଷ୍ଟି ହୋଇଥିଲା ବୋଲି କହି ବିବାଦ ସୃଷ୍ଟି କରିଥିଲେ। ସେପଟେ କମଲଙ୍କୁ କନ୍ନଡର ଇତିହାସ ବିଷୟରେ କିଛି ଜଣାନାହିଁ ବୋଲି କର୍ଣ୍ଣାଟକ ମୁଖ୍ୟମନ୍ତ୍ରୀ ତଥା ବରିଷ୍ଠ କଂଗ୍ରେସ ନେତା ସିଦ୍ଧରମୈୟା କହିଛନ୍ତି।

## ବିଆରଏସ୍‌ରେ ଉତ୍ତରାଧିକାରୀ ଲଢ଼େଇ

# ଭାଇ-ଭଉଣୀ ମୁହାଁମୁହିଁ

ନୂଆଦିଲ୍ଲୀ,୩୦।୫(ଏଜେନ୍ସି): ତେଲଙ୍ଗାନାର ଭାରତ ରାଷ୍ଟ୍ର ସମିତ (ବିଆରଏସ୍) ପାର୍ଟିରେ ଉତ୍ତରାଧିକାର ପାଇଁ ଭାଇ-ଭଉଣୀଙ୍କ ମଧ୍ୟରେ ଲଢ଼େଇ ଆରମ୍ଭ ହୋଇଛି। ବିଆରଏସ୍ ନେତା ତଥା ବିଧାନ ପରିଷଦ ସଦସ୍ୟ ତଥା ପାର୍ଟି ସୁପ୍ରିମୋ କେ ଚନ୍ଦ୍ରଶେଖର ରାଓଙ୍କ ଝିଅ କେ. କବିତା ନିଜ ଭାଇ ତଥା ପାର୍ଟି ଅଧ୍ୟକ୍ଷ କେଟି ରାମାରାଓ (କେଟିଆର) ଓ ଅନ୍ୟ ବରିଷ୍ଠ ନେତାମାନଙ୍କ ବିରୋଧରେ ଅଭିଯୋଗ ଆଣି ରାଜ୍ୟରେ ହଇଚଇ ସୃଷ୍ଟି କରିଛନ୍ତି।



ବିଆରଏସ୍‌କୁ ଭାରତୀୟ ଜନତା ପାର୍ଟି (ବିଜେପି) ସହ ମିଶାଇବାକୁ ଷଡ଼ଯନ୍ତ୍ର କରାଯାଉଛି ବୋଲି ସେ ଅଭିଯୋଗ କରିଛନ୍ତି। ପାର୍ଟି ସୁପ୍ରିମୋ ଚନ୍ଦ୍ରଶେଖର ରାଓ ଜଣେ ଭଗବାନ ସଦୃଶ ବ୍ୟକ୍ତି। କିନ୍ତୁ ତାଙ୍କୁ ବହୁ ସୈତାନ ଘେରି ରହିଛନ୍ତି। ପୁଣି ଭାଇ କେଟିଆର ତାଙ୍କ ବିରୋଧରେ ଷଡ଼ଯନ୍ତ୍ର କରୁଛନ୍ତି ଓ ତାଙ୍କ ଦଳରୁ ବାହର କରିବାକୁ ଚେଷ୍ଟା କରୁଛନ୍ତି। ପିତା ତଥା ପୂର୍ବତନ ତେଲଙ୍ଗାନା ମୁଖ୍ୟମନ୍ତ୍ରୀଙ୍କୁ ମୁଁ ଦେଇଥିବା ଏକ ବ୍ୟକ୍ତିଗତ ଚିଠିକୁ ପାର୍ଟିର କିଛି ନେତା ଜାଣିଶୁଣି ଭାଇରାଲ କରିଥିଲେ ବୋଲି କବିତା ଅଭିଯୋଗ କରିଛନ୍ତି। ଦିଲ୍ଲୀ ମଦ ଦୁର୍ନୀତି ମାମଲାରେ ଗତବର୍ଷ ଜେଲ ଯାଇଥିଲେ ମଧ୍ୟ ବିଜେପି ସହିତ ପାର୍ଟି ମିଶିବା ପ୍ରକ୍ରିୟାକୁ ବିରୋଧ କରିଥିଲି ବୋଲି ସେ କହିଛନ୍ତି। ପୁଣି ପାର୍ଟି ମଧ୍ୟରେ ଦେଖାଦେଇଥିବା ବିବାଦ ଓ ବିଦ୍ରୋହକୁ ସମାଧାନ କରିବାରେ ଓ କଂଗ୍ରେସ ତରଫରୁ ହେଉଥିବା ଆକ୍ରମଣକୁ ସାମ୍ନା କରିବାରେ ଭାଇ କେଟିଆର ବିଫଳ ହୋଇଛନ୍ତି ବୋଲି ସେ କହିଛନ୍ତି। ପାର୍ଟିରେ ମୋର ପ୍ରଭାବ କମାଇବାକୁ ଓ ମୋତେ ଅଣଦେଖା କରିବାକୁ ନିୟମିତ ଭାବେ ଷଡ଼ଯନ୍ତ୍ର କରାଯାଉଛି।

ମୋ ଚିଠି ଭାଇରାଲ କରିଥିବା ଓ ଦଳ ବିରୋଧୀ କାର୍ଯ୍ୟଭଳି ହୀନ କାର୍ଯ୍ୟ କରୁଥିବା ଲୋକଙ୍କୁ ଚିହ୍ନଟ କରାଯାଇ କାହିଁକି ଦଣ୍ଡିତ କରାଯାଉ ନାହିଁ ବୋଲି କବିତା ପ୍ରଶ୍ନ ଉଠାଇଛନ୍ତି। ମୋତେ ତଡ଼ି ନ ଦିଆଯିବା ପର୍ଯ୍ୟନ୍ତ ବିଆରଏସ୍ ଛାଡ଼ିବି ନାହିଁ। କେସିଆରଙ୍କ ଛଡ଼ା ଆଉ କାହା ଅଧିନରେ କାର୍ଯ୍ୟ କରିବି ନାହିଁ। ତେବେ ନୂଆ ପାର୍ଟି ଗଠନ କରିବା ନେଇ ଚାଲିଥିବା ଚର୍ଚ୍ଚା ନେଇ ସେ କୌଣସି ଉତ୍ତର ଦେଇନାହାନ୍ତି। ବିଆରଏସ୍‌ରେ ସ୍ୱଚ୍ଛତା ଓ ସଂସ୍କାର ଆଣିବା ନେଇ ମୋର ଲଢ଼େଇ ଜାରି ରହିବ। କଂଗ୍ରେସରେ ଯୋଗ ଦେଉଥିବା ନେଇ ପ୍ରଚାରିତ ଖବରକୁ ସେ ଖଣ୍ଡନ କରିଛନ୍ତି। ୨୦୧୩ ପରେ କୌଣସି କଂଗ୍ରେସ ନେତାଙ୍କ ସହ ସମ୍ପର୍କ ନାହିଁ। ତେଲଙ୍ଗାନା ରାଜ୍ୟ ଗଠନ ପାଇଁ ସେତେବେଳେ ସଂଗ୍ରାମ ଜାରି ରହିଥିଲା। ପାର୍ଟିରେ କୌଣସି ପଦ କିମ୍ବା କ୍ଷମତା ଲଢ଼େଇରେ ନାହିଁ ବୋଲି ସେ ସ୍ପଷ୍ଟ କରିଛନ୍ତି। ତେବେ ଏ ସଂକ୍ରାନ୍ତରେ ଭାଇ କେଟିଆରଙ୍କ ତରଫରୁ କୌଣସି ପ୍ରତିକ୍ରିୟା ପ୍ରକାଶ କରାଯାଇନାହିଁ। ଉଲ୍ଲେଖଥାଉ କି, ୨୪ ବର୍ଷ ତଳେ କେ ଚନ୍ଦ୍ରଶେଖର ରାଓ ୨୦୦୧ ଏପ୍ରିଲ ୭ରେ ବିଆରଏସ୍ ପାର୍ଟି ପ୍ରତିଷ୍ଠା କରିଥିଲେ। ଏବେ ରାଜ୍ୟସଭାରେ ଦଳର ୩ ଜଣ ସଦସ୍ୟ ଓ ବିଧାନସଭାରେ ୨୮ ଜଣ ସଦସ୍ୟ ରହିଛନ୍ତି।

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 42 ♦ISSUE-332 ♦BHUBANESWAR ♦SATURDAY ♦31 MAY 2025 ♦PAGE-12 ♦₹ 6.00

♦ବର୍ଷ-୪୨ ♦ସଂଖ୍ୟା-୩୩୨ ♦ଭୁବନେଶ୍ୱର ♦ଶନିବାର ♦୩୧ ମେ ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦




ଦୀପିକାଙ୍କ ଉପରେ ସନ୍ଦୀପ ଖପ୍ପା

▶ପୃଷ୍ଠା ୧୧ ଦେଖନ୍ତୁ...

# ସମ୍ପର୍କ ଛିନ୍ନ ପରେ ଦୁଷ୍କର୍ମ ଅଭିଯୋଗ ଭୁଲ୍

**ଏପରି ଅଭିଯୋଗ ଦ୍ୱାରା ଅଭିଯୁକ୍ତର ଛବି ଖରାପ ହୋଇଥାଏ**

**ନ୍ୟାୟ ବ୍ୟବସ୍ଥା ଉପରେ ମଧ୍ୟ ବୋଝ ବଢ଼ୁଛି**

■ **ନୂଆଦିଲ୍ଲୀ, ୩୦।୫ (ଏଜେନ୍ସି):** ସୁପ୍ରିମକୋର୍ଟ ଶୁକ୍ରବାର ଗୁରୁତ୍ୱପୂର୍ଣ୍ଣ ରାୟ ଦେଇ ସମ୍ପର୍କ ଭାଙ୍ଗିବା ପରେ ଦୁଷ୍କର୍ମ ଅଭିଯୋଗ ଲଗାଇବା ଭୁଲ୍ ବୋଲି କହିଛନ୍ତି। ଦୁଇ ବୟସ୍କଙ୍କ ମଧ୍ୟରେ ସହମତିରେ ଗଢ଼ି ଉଠିଥିବା ସମ୍ପର୍କ ଭାଙ୍ଗିଯିବା ପରେ କିମ୍ବା ଉଭୟ ପରସ୍ପରଠାରୁ ଦୂରେଇ ଯିବା ପରେ ଏହାକୁ ଆଧାର କରି ବିବାହର ମିଥ୍ୟା ପ୍ରତିଶ୍ରୁତି ନାମରେ ଦୁଷ୍କର୍ମ ଅଭିଯୋଗ ଲଗାଯାଇପାରିବ ନାହିଁ। ଏଭଳି ମାମଲାରେ ଦ୍ୱାରା ନ୍ୟାୟ ବ୍ୟବସ୍ଥା ଉପରେ ଅନାବଶ୍ୟକ ବୋଝ ବଢ଼ୁଛି। ସମାଜରେ ଅଭିଯୁକ୍ତର ଛବି ମଧ୍ୟ ଖରାପ ହେଉଛି। କେବଳ ବିବାହ ପ୍ରତିଶ୍ରୁତି ଭାଙ୍ଗିବାକୁ ମିଥ୍ୟା ପ୍ରତିଶ୍ରୁତି କୁହାଯାଇପାରିବ ନାହିଁ। ଯଦି ସମ୍ପର୍କର ଆରମ୍ଭରୁ ଅଭିଯୁକ୍ତର ଆଭିମୁଖ୍ୟ ପ୍ରଥମରୁ ଠକିବା ଭଳି ରହିଥାଏ ତେବେ ଏଭଳି ମାମଲା ହୋଇପାରେ। ବିବାହ ପ୍ରତିଶ୍ରୁତି ଭାଙ୍ଗିବା ଦର୍ଶାଇ ଧାରା ୩୭୬ ଅନୁଯାୟୀ ଦୁଷ୍କର୍ମ ମାମଲା ଲଗାଇବା ଅନୁଚିତ। ଏହା ପୂର୍ବରୁ ମଧ୍ୟ ସୁପ୍ରିମକୋର୍ଟ ଏଭଳି ମାମଲା ଉପରେ ଚିନ୍ତା ପ୍ରକଟ କରିଥିଲେ ବୋଲି ଜଷ୍ଟିସ ବିଭି ନାଗରତ୍ନା ଏବଂ ଜଷ୍ଟିସ ସତୀଶ ଚନ୍ଦ୍ର ଶର୍ମାଙ୍କ ଖଣ୍ଡପୀଠ କହିଛନ୍ତି। ଏହି ରାୟ ଦେଇ ସୁପ୍ରିମକୋର୍ଟ ମହାରାଷ୍ଟ୍ରର ଅମୋଲ ଭଗବାନ ନେହୁଲଙ୍କ ବିରୋଧରେ ରୁଜୁ ଦୁଷ୍କର୍ମ ମାମଲାକୁ ରଦ୍ଦ କରିଦେଇଥିଲେ।

▶ପୃଷ୍ଠା-୭



# ଗୋଟିଏ ସିଫ୍ଟରେ ହେବ ନିଟ୍-ପିଜି ପରୀକ୍ଷା

**ଦୁଇ ସିଫ୍ଟ ବ୍ୟବସ୍ଥା ଉଚ୍ଛେଦ**

**ଅନୁଚିତ, ମନମୁତାଣିଆ କହିଲେ ସର୍ବୋଚ୍ଚ ନ୍ୟାୟାଳୟ**

■ **ନୂଆଦିଲ୍ଲୀ, ୩୦।୫ (ଏଜେନ୍ସି):** ସୁପ୍ରିମକୋର୍ଟ ଶୁକ୍ରବାର ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଛନ୍ତି। ସ୍ୱଚ୍ଛତା ଏବଂ ପାରଦର୍ଶିତାକୁ ସୁନିଶ୍ଚିତ କରିବା ପାଇଁ ନିଟ୍-ପିଜି ପ୍ରବେଶିକା ପରୀକ୍ଷା (୨୦୨୫)କୁ ଗୋଟିଏ ସିଫ୍ଟରେ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ପୂର୍ବରୁ ଏହି ପରୀକ୍ଷାକୁ ଦୁଇଟି ସିଫ୍ଟରେ କରିବାକୁ ଘୋଷଣା କରାଯାଇଥିଲା। ମାତ୍ର ଏହା ବିରୋଧରେ ଛାତ୍ରଛାତ୍ରୀ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଏଭଳି ପରୀକ୍ଷାକୁ ଅନୁଚିତ ଏବଂ ଅସଙ୍ଗତି ଥିବା କହିଥିଲେ। ୨ଟି ସିଫ୍ଟରେ ପରୀକ୍ଷା ହେଲେ ପ୍ରଶ୍ନପତ୍ରର ଜଟିଳତା ସ୍ତରରେ ଫରକ ରହିଥାଏ। ଏହା ପରୀକ୍ଷାର୍ଥୀଙ୍କ ମଧ୍ୟରେ ଖାମଖିଆଲ ମନୋଭାବ ମଧ୍ୟ ସୃଷ୍ଟି କରିପାରେ। ତେଣୁ ଏହା କୌଣସି ଦୃଷ୍ଟିରୁ ବି ଉଚିତ ନୁହେଁ। ଏହା ଦ୍ୱାରା ସଠିକ୍ ମୂଲ୍ୟାଙ୍କନ ମଧ୍ୟ ହୋଇ ନ ଥାଏ। ପରୀକ୍ଷାରେ ମିଳିଥିବା ମାର୍କରେ ବି ଫରକ ଦେଖା ଦେଇଥାଏ ବୋଲି ଛାତ୍ରଛାତ୍ରୀ ଆବେଦନରେ କହିଥିଲେ। ଏହି ମାମଲାର ଶୁଣାଣି କରି ସର୍ବୋଚ୍ଚ ନ୍ୟାୟାଳୟ ୨ଟି ସିଫ୍ଟ ବ୍ୟବସ୍ଥାକୁ ଅନୁଚିତ ଏବଂ ମନ ମୁତାଣିଆ କହି ଉଚ୍ଛେଦ କରିଦେଇଛନ୍ତି। ଜାତୀୟ ଗୁରୁତ୍ୱ ବହନ କରୁଥିବା ଏଭଳି ପରୀକ୍ଷାର ମାନଦଣ୍ଡରେ ସମାନତା ରହିବା ଆବଶ୍ୟକ। ପରୀକ୍ଷା ଆୟୋଜନ କରିବା ପାଇଁ ନ୍ୟାସନାଲ ବୋର୍ଡ ଅଫ୍

▶ପୃଷ୍ଠା-୭

**୨୦୨୪-୨୫ ଜିଡିପି ଅଭିବୃଦ୍ଧି ମନ୍ଥର**

# ଥମିବ ବିକାଶର ଗତି





- ୬.୫%ରେ ସୀମିତ ରହିବ ଅଭିବୃଦ୍ଧି
- ୨୦୨୩-୨୪ରେ ୯.୨ ପ୍ରତିଶତ ଥିଲା
- ଚତୁର୍ଥ ତ୍ରୈମାସରେ ବି କମିଲା ଅଭିବୃଦ୍ଧି

■ **ନୂଆଦିଲ୍ଲୀ, ୩୦।୫ (ଏଜେନ୍ସି):** ଶିଥିଳ ଅର୍ଥନୀତି। କାରଣ ଧିମା ପଡ଼ିଛି ବିକାଶର ଗତି। ମାର୍ଚ୍ଚ ତ୍ରୈମାସିକରେ ଦେଶର ଅର୍ଥନୈତିକ ଅଭିବୃଦ୍ଧି ହାର ୭.୪ ପ୍ରତିଶତକୁ ହ୍ରାସ ପାଇଛି। ଏହାଫଳରେ ୨୦୨୪-୨୫ରେ ବାର୍ଷିକ ଅଭିବୃଦ୍ଧି ହାର ୬.୫%ରେ ସୀମିତ ରହିବ ବୋଲି ସ୍ପଷ୍ଟ ହୋଇଗଲାଣି। ତେବେ ଜାନୁଆରୀ-ମାର୍ଚ୍ଚ ଅବଧିରେ ଅଭିବୃଦ୍ଧି ହାର ୭.୪% ରହିଛି, ଗତ ବର୍ଷର ପୂର୍ବ ସମାନ ତ୍ରୈମାସିକର ୮.୪% ଅଭିବୃଦ୍ଧି ହାର ତୁଳନାରେ ଏହା କମ୍। ଶୁକ୍ରବାର ଜାତୀୟ ପରିସଂଖ୍ୟାନ କାର୍ଯ୍ୟାଳୟ (ଏନ୍‌ଏସ୍‌ଓ) ଦ୍ୱାରା ପ୍ରକାଶିତ ତଥ୍ୟ ଅନୁଯାୟୀ ୨୦୨୪-୨୫ରେ ଅର୍ଥନୀତି ମାତ୍ର ୬.୫% ହାରରେ ବୃଦ୍ଧି ପାଇବ, ଯେତେବେଳେ କି ୨୦୨୩-୨୪ ପାଇଁ ସରକାରଙ୍କ ପକ୍ଷରୁ ୯.୨ ପ୍ରତିଶତ ଅଭିବୃଦ୍ଧି ହାର ଆକଳନ କରାଯାଇଛି।

ଜାତୀୟ ହିସାବର ଦ୍ୱିତୀୟ ଅଗ୍ରିମ ଆକଳନରେ ଏନ୍‌ଏସ୍‌ଓ ୨୦୨୪-୨୫ ପାଇଁ ଦେଶର ଜିଡିପି ଅଭିବୃଦ୍ଧି ହାର ୬.୫% ହେବ ବୋଲି ଆକଳନ କରିଥିଲା। ଉତ୍ପାଦନ କ୍ଷେତ୍ରରେ ମାନ୍ଦାବସ୍ଥା ମୁଖ୍ୟତଃ ଜିଡିପି ହ୍ରାସର ମୁଖ୍ୟ କାରଣ କୁହାଯାଉଛି। ଅନ୍ୟପକ୍ଷରେ, ଚୀନ୍ ଜାନୁଆରୀ-ମାର୍ଚ୍ଚ ତ୍ରୈମାସିକରେ ୫.୪% ଅର୍ଥନୈତିକ ଅଭିବୃଦ୍ଧି ହାର ରିପୋର୍ଟ କରିଛି। ପରିସଂଖ୍ୟାନ ରିପୋର୍ଟ ଅନୁସାରେ ନିର୍ମାଣ କ୍ଷେତ୍ର ୯.୪%ର ବାର୍ଷିକ ବୃଦ୍ଧି ସହ ସବୁଠୁ ଆଗରେ ରହିଛି। ଏହାପଛକୁ ଲୋକ ପ୍ରଶାସନ, ପ୍ରତିରକ୍ଷା ଓ ଅନ୍ୟ ସେବା ୮.୯% ଓ ଆର୍ଥିକ, ରିଅଲ ଇଷ୍ଟେଟ୍ ଓ କାରବାର ସେକ୍ଟରରେ ୭.୨% ବୃଦ୍ଧି ହୋଇଛି। ଚତୁର୍ଥ ତ୍ରୈମାସରେ ମେନୁ୍ୟଫ୍ୟାକ୍ଚରିଂ ସେକ୍ଟରରେ ଏହି ବୃଦ୍ଧି ୧୦.୮% ପହଞ୍ଚିଥିଲା। ଏନ୍‌ଏସ୍‌ଓ ଅନୁଯାୟୀ, ୨୦୨୪-୨୫ ଆର୍ଥିକବର୍ଷରେ ବାସ୍ତବ ଜିଡିପି କିମ୍ବା ସ୍ଥିର ମୂଲ୍ୟରେ ଜିଡିପି ୧୮୭.୯୭ ଲକ୍ଷ କୋଟି ଟଙ୍କାରେ ପହଞ୍ଚିବ ବୋଲି ଆକଳନ କରାଯାଇଛି। ୨୦୨୩-୨୪ ଆର୍ଥିକବର୍ଷ ପାଇଁ ଜିଡିପିର ପ୍ରଥମ ସଂଶୋଧିତ ଆକଳନ ୧୭୬.୫୧ ଲକ୍ଷ କୋଟି ଟଙ୍କା। ଏହି ଆଧାରରେ, ଅଭିବୃଦ୍ଧି ହାର ୬.୫ ପ୍ରତିଶତ ଥିଲା। ଏନ୍‌ଏସ୍‌ଓ କହିଛି, ୨୦୨୪-୨୫ ଆର୍ଥିକ ବର୍ଷରେ ନାମମାତ୍ର ଜିଡିପି କିମ୍ବା ବର୍ତ୍ତମାନର ମୂଲ୍ୟରେ ଜିଡିପି ୩୩୦.୬୮ ଲକ୍ଷ କୋଟି ଟଙ୍କାରେ ପହଞ୍ଚିବ ବୋଲି ଆକଳନ କରାଯାଇଛି। ତେବେ ଜିଡିପି ସଂଖ୍ୟା ଉପରେ ପ୍ରତିକ୍ରିୟା ଦେଇ ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ କହିଛନ୍ତି ଯେ ଭାରତ ଲଗାତାର ଚତୁର୍ଥ ବର୍ଷ ପାଇଁ ଦ୍ରୁତତମ ଅଭିବୃଦ୍ଧିଶୀଳ ଅର୍ଥନୀତି ଭାବରେ ଅଭିବୃଦ୍ଧିର ଗତି ବଜାୟ ରଖିଛି। ସେ କହିଛନ୍ତି ଯେ ଚତୁର୍ଥ ତ୍ରୈମାସିକରେ ଭାରତର ଉତ୍ପାଦନ କାର୍ଯ୍ୟକଳାପ ଭଲ ରହିଛି।

# ଜାତିଗତ ଜନଗଣନା ପୂର୍ବରୁ ପ୍ରସ୍ତୁତ ହେବ ଜାତି ତାଲିକା

■ **ନୂଆଦିଲ୍ଲୀ, ୩୦।୫ (ଏଜେନ୍ସି):** ଜାତିଗତ ଜନଗଣନା ପୂର୍ବରୁ କେନ୍ଦ୍ର ସରକାର ଜାତି ତାଲିକା ପ୍ରସ୍ତୁତ କରିବେ। ସଠିକ୍ ତଥ୍ୟ ସଂଗ୍ରହ ପାଇଁ ଏହି ପଦକ୍ଷେପ ନେଇଛନ୍ତି। ଜାତିକୁ ନେଇ ରାଜନୈତିକ ସହମତି ନିମନ୍ତେ ସର୍ବଦଳୀୟ ବୈଠକ ମଧ୍ୟ ଡକାଯିବ। ରାଜନୈତିକ ଦଳଙ୍କ ପ୍ରସ୍ତାବ ଏବଂ ଅଭିଯୋଗକୁ ଆଧାର କରି ତାଲିକା ଚୂଡ଼ାନ୍ତ କରାଯିବ। ନିକଟରେ ବସିଥିବା ସ୍ୱରାଷ୍ଟ୍ର ମନ୍ତ୍ରାଳୟ ଏବଂ ସାମାଜିକ ନ୍ୟାୟ ମନ୍ତ୍ରାଳୟର ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି। ଏହି ଜନଗଣନା ପାଇଁ ସାମାଜିକ ନ୍ୟାୟ ମନ୍ତ୍ରାଳୟକୁ ସଂଯୋଜକ ରଖାଯିବାକୁ ଧାର୍ଯ୍ୟ ହୋଇଛି। ଅନୁସୂଚିତ ଜାତି ଏବଂ ଜନଜାତି ଗଣନା କରାଯାଉଥିବାରୁ ଏହାର ଏକ ବୈଧ ତାଲିକା ଆବଶ୍ୟକ। କିନ୍ତୁ ଅନ୍ୟାନ୍ୟ ପଛୁଆ ବର୍ଗର ଜାତିକୁ ନେଇ ଏବେ ବି ଦ୍ୱନ୍ଦ୍ୱ ରହିଛି। ୨୦୨୬ରେ ଦେଶରେ ଜନଗଣନା ପ୍ରକ୍ରିୟା ଆରମ୍ଭ ହେବାର ସମ୍ଭାବନା ରହିଛି।

୨୦୧୧ ଜନଗଣନାରେ ଜାତି-ଉପଜାତି ସଂଖ୍ୟା ୪୬.୭୩ ଲକ୍ଷ ଥିଲା। କିନ୍ତୁ ଏହାକୁ ଅବିଶ୍ୱସନୀୟ ବିବେଚନା କରାଯାଇଥିଲା। ଶେଷ ଥର ପାଇଁ ୧୯୩୧ରେ ଜାତି ଜନଗଣନା କରାଯାଇଥିଲା। ଏଥିରେ ୪,୧୪୭ ଜାତି ଥିବା କୁହାଯାଇଥିଲା। ୧୯୮୦ ମସିହାରେ ଦେଶରେ ୫୨%ଓବିସି ଅଛନ୍ତି ବୋଲି ମଣ୍ଡଳ କମିଶନ ଆକଳନ କରିଥିଲେ। ଅନୁସୂଚିତ ଜାତି ବର୍ଗରେ ୨୮ଟି ରାଜ୍ୟରେ ୧୧୦୯ ଜାତି ଅଛନ୍ତି। ଅନୁସୂଚିତ ଜନଜାତିରେ ୭୦୫ ଜାତି ଅଛନ୍ତି। ସାଧାରଣ ବର୍ଗର ଜାତି ସଂଖ୍ୟା ୩୦% ଏବଂ ଜାତି ବାହାରେ ମୁସଲମାନ, ଖ୍ରୀଷ୍ଟିଆନ ଏବଂ ଅନ୍ୟ ବର୍ଗର ଜନସଂଖ୍ୟା ୧୨.୫୬% ରହିଛି। ଏହି ସଂଖ୍ୟାଗୁଡ଼ିକ ଆକଳନ ଏବଂ ସର୍ଭେ ଉପରେ ଆଧାରିତ। ସୂଚନାଯୋଗ୍ୟ ଯେ ପୂର୍ବରୁ ଅନେକ ଦଳ ଜାତିଗତ ଜନଗଣନା ପାଇଁ ଦାବି କରି ଆସୁଥିଲେ। ଗତ ଏପ୍ରିଲ ୩୦ ତାରିଖରେ କେନ୍ଦ୍ର ସରକାର ଏହାକୁ ମଞ୍ଜୁରୀ ଦେଇଥିଲେ।

# ଜେଲ୍ ଗଲେ ଇଡି ଉପନିର୍ଦ୍ଦେଶକ



■ **ଭୁବନେଶ୍ୱର, ୩୦।୫ (ସମିସ):** ଖଣି ବ୍ୟବସାୟୀ ରତିକାନ୍ତ ରାଉତଙ୍କଠାରୁ ୨୦ଲକ୍ଷ ଲାଞ୍ଚ ନେବା ଅଭିଯୋଗରେ ଗିରଫ ହୋଇଛନ୍ତି ଇଡିର ଉପନିର୍ଦ୍ଦେଶକ ଚିନ୍ତନ ରଘୁବଂଶୀ ଏବଂ ତାଙ୍କ ସହଯୋଗୀ ଭକ୍ତି ବେହେରା। ଆଜି ସକାଳୁ ଗିରଫ ପରେ ସିବିଆଇ କ୍ୟାପିଟାଲ ହସ୍ପିଟାଲ୍‌ରେ ଉଭୟଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଇବା ପରେ ସ୍ୱତନ୍ତ୍ର ସିବିଆଇ କୋର୍ଟରେ ହାଜର କରିଥିଲେ। କୋର୍ଟ ଉଭୟଙ୍କୁ ୧୪ ଦିନିଆ ବିଚାର ବିଭାଗୀୟ ହାଜତକୁ ପଠାଇ ଦେଇଛନ୍ତି। ଜୁନ୍ ୪ ତାରିଖରେ ପରବର୍ତ୍ତୀ ଶୁଣାଣି ହେବ। ଗତକାଲି ଉଭୟଙ୍କୁ ଜେରା ବେଳେ ଲାଞ୍ଚ ଟଙ୍କା ସମ୍ପର୍କରେ ସ୍ପଷ୍ଟ ସୂଚନା ଦେଇ ନ ପାରିବାରୁ ମାମଲା ରୁଜୁ କରି ଗିରଫ କରିଥିଲା ସିବିଆଇ। ରାତି ତମାମ୍ ସିବିଆଇ ଚିନ୍ତନ ରଘୁବଂଶୀ ଓ ଜଣେ ମଧ୍ୟସ୍ଥିଙ୍କୁ ମୁହାଁମୁହିଁ ଜେରା କରିଥିଲା।

ଖଣି ମାଲିକ ରତିକାନ୍ତ ରାଉତଙ୍କ ଅଭିଯୋଗ ଅନୁସାରେ, ଢେଙ୍କାନାଳରେ ତାଙ୍କର ଏକ ପଥର ଖଣି ବ୍ୟବସାୟ ରହିଥିଲା। ଗତ ୨୦୨୪ରେ ତାଙ୍କୁ ଇଡି ପକ୍ଷରୁ ଏକ ସମନ୍ ଆସିବା ପରେ ସେ

▶ପୃଷ୍ଠା-୭

# ସିକିମ୍‌ରେ ନଦୀକୁ ବସ୍ ଖସି ଜଣେ ମୃତ

## ଓଡ଼ିଶାର ବିଜେପି ନେତ୍ରୀଙ୍କ ସମେତ ୮ ନିଖୋଜ

■ **ଗ୍ୟାଙ୍ଗଟକ/ବ୍ୟାସନଗର, ୩୦।୫ (ସମିସ):** ଉତ୍ତର ସିକିମରେ ଗୁରୁବାର ରାତିରେ ଏକ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଲାଚେନରୁ ଲାଚୁଙ୍ଗ ଯାଉଥିବା ଏକ ବସ୍ ବିପଦପୂର୍ଣ୍ଣ ବୁଲାଣିରେ ନିୟନ୍ତ୍ରଣ ହରାଇ ହଜାରେ ଫୁଟ ତଳେ ଥିବା ତିସ୍ତା ନଦୀକୁ ଖସି ପଡ଼ିଛି। ଏହି ଦୁର୍ଘଟଣାରେ ଜଣେ ପ୍ରାଣ ହରାଇଛନ୍ତି। ତାଙ୍କର ମୃତଦେହ ଉଦ୍ଧାର କରାଯାଇଛି। ସେହିପରି ନଦୀର ପ୍ରଖର ସ୍ରୋତରେ ଭାସି ଯାଇ ୮ଜଣ ନିଖୋଜ ଅଛନ୍ତି। ନିଖୋଜଙ୍କ ମଧ୍ୟରେ ଓଡ଼ିଶା ବିଜେପି ମହିଳା ସଂପାଦିକା ଇତିଶ୍ରୀ ନାୟକ ଜେନା (୪୬)ଙ୍କୁ ମିଶାଇ ତାଙ୍କ ପରିବାରର ୪ ସଦସ୍ୟ ରହିଛନ୍ତି। ଅନ୍ୟମାନେ ହେଲେ ଇତିଶ୍ରୀଙ୍କ ଭାଇ ଅଜିତ କୁମାର ନାୟକ(୪୫), ସାହିଲ ଜେନା (୨୧), ଭାଉଜ ସୁନୀତା ନାୟକ (୪୨)। ଅନ୍ୟପକ୍ଷରେ, ତାଙ୍କ ପୁତୁରା ସାଇରାଜ ଜେନା (୧୭) ଓ ପୁଅ ସ୍ୱୟଂ ସୁପ୍ରିତମ ନାୟକ (୧୬)ଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରାଯାଇଛି।

ସୂଚନାନୁଯାୟୀ, ଗତ ୨୫ ତାରିଖରେ ଯାଜପୁର ବ୍ୟାସନଗର ପୌରାଞ୍ଚଳ ଉମାପଦା ଅଞ୍ଚଳର ନାୟକ ଓ ଜେନା ଭାଇଭଉଣୀଙ୍କ ଚାରୋଟି ପରିବାର ଗାଙ୍ଗଟକକୁ ବୁଲି ଯାଇଥିଲେ। ସେମାନେ ଗତ ଗୁରୁବାର ଦୁଇଟି ଗାଡ଼ିରେ ସିକିମର ଏକ ହିଲ୍ ଟପ୍ ଜିରୋ ପଏଣ୍ଟକୁ ବୁଲିବାକୁ ଯାଇଥିଲେ। ସେଠାରୁ ଦୁଇଟି

▶ପୃଷ୍ଠା-୭





## ଦୁଃଖ ପ୍ରକାଶ କଲେ ମୋହନ, ନବୀନ

■ **ଭୁବନେଶ୍ୱର, ୩୦।୫ (ସମିସ):** ସିକ୍କିମର ତିସ୍ତା ନଦୀରେ ଟୁରିଷ୍ଟ ବସ୍ ବହୁ ଗଭୀରକୁ ଖସି ପଡ଼ିବା ଘଟଣାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ବିରୋଧୀଦଳ ନେତା ନବୀନ ପଟ୍ଟନାୟକ ଗଭୀର ଦୁଃଖ ପ୍ରକାଶ କରିଛନ୍ତି। ଏହି ବସ୍‌ରେ ଓଡ଼ିଶାର ଅନେକ ଯାତ୍ରୀ ଥିବାର ସୂଚନା ମିଳିଛି। ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ସିକ୍କିମ୍ ମୁଖ୍ୟମନ୍ତ୍ରୀ ପ୍ରେମ ସିଂହ ତମାଙ୍ଗଙ୍କ ସହ ଆଲୋଚନା କରିଛନ୍ତି। ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ ପରେ ବାଣିଜ୍ୟ ଓ ପରିବହନ ବିଭାଗର ଅତିରିକ୍ତ ପରିବହନ ଆୟୁକ୍ତ ଦୀପ୍ତି ରଞ୍ଜନ ପାତ୍ର ଓ ଯୁଗ୍ମ ପରିବହନ ଆୟୁକ୍ତ ବିକାଶ ଚୌଧୁରୀ ସିକ୍କିମ୍ ଗସ୍ତ କରିଥିବା ଜଣାପଡ଼ିଛି। ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଏକ୍ସ ମାଧ୍ୟମରେ ଦୁଃଖ ପ୍ରକାଶ କରିଛନ୍ତି। ନିଜ ଏକ୍ସ ଏକାଉଣ୍ଟରେ ନବୀନ ଦୁର୍ଘଟଣାଗ୍ରସ୍ତଙ୍କ ଆଶୁ ଆରୋଗ୍ୟ କାମନା କରିବା ସହ ଏପରି ପ୍ରତିକୂଳ ସମୟକୁ ସାମ୍ନା କରିବା ପାଇଁ ମହାପ୍ରଭୁ ଶ୍ରୀଜଗନ୍ନାଥ ସେମାନଙ୍କ ପରିବାରବର୍ଗଙ୍କୁ ଧୈର୍ଯ୍ୟ ଦିଅନ୍ତୁ ବୋଲି ଉଲ୍ଲେଖ କରିଛନ୍ତି।

**ଅବସରର ଦିନକ ପୂର୍ବରୁ ଭିଜିଲାନ୍ସ ଚଢ଼ଉ**

# ଆର୍‌ଡି ମୁଖ୍ୟଯନ୍ତ୍ରୀଙ୍କ ଅଚଳାଚଳ ସମ୍ପତ୍ତି ଠାବ

**ଘରୁ ମିଳିଲା ନଗଦ ୨.୫୬ କୋଟି ଟଙ୍କା**

**ଆକାଉଣ୍ଟରେ ୧.୫ କୋଟି ଜମାରାଶି, ସେୟାରରେ ଲାଗିଛି ୨.୮ କୋଟି**

**ଦୁଇଟି ବହୁତଳ କୋଠା, ୨ଟି ଫ୍ଲାଟ୍, ବିଭିନ୍ନ ସ୍ଥାନରେ ୭ଦାମୀ ପ୍ଲଟ୍ ଠାବ**

**୧.୧କେଜି ଓଜନର ସୁନା ଅଳଙ୍କାର, ୧୫ଟି ଦାମୀ ଘଣ୍ଟା ଜବତ**

■ **ଭୁବନେଶ୍ୱର/ଅନୁଗୁଳ, ୩୦।୫ (ସମିସ):** ଅବସରର ଦିନକ ପୂର୍ବରୁ ଭିଜିଲାନ୍ସ ଜାଲରେ ପଡ଼ିଛନ୍ତି ଗ୍ରାମ୍ୟ ଉନ୍ନୟନ ବିଭାଗର ମୁଖ୍ୟଯନ୍ତ୍ରୀ ବୈକୁଣ୍ଠନାଥ ଷଡ଼ଙ୍ଗୀ। ତାଙ୍କ ବାସଭବନରେ ଚଢ଼ଉ ବେଳେ ଭିଜିଲାନ୍ସ ବିପୁଳ ସମ୍ପତ୍ତି ଠାବ କରିଛି। ନଗଦ ୨.୫୬ କୋଟି ଟଙ୍କା ସହ ବ୍ୟାଙ୍କ ଓ ସେୟାରରେ ଶ୍ରୀ ଷଡ଼ଙ୍ଗୀ ବିପୁଳ ପରିମାଣର ଅର୍ଥ ଜମା କରିଛନ୍ତି। ଅନୁରୂପ ଭାବରେ ଦୁଇ ଦୁଇଟି ବହୁତଳ ବିଶିଷ୍ଟ ଅଟ୍ଟାଳିକା, ୨ଟି ଫ୍ଲାଟ, ରାଜ୍ୟର ବିଭିନ୍ନ ସ୍ଥାରେ ୭ଟି ଦାମୀ ପ୍ଲଟର ଠିକଣା ପାଇଛନ୍ତି ଭିଜିଲାନ୍ସ ଅଧିକାରୀ। କୌତୂହଳ କଥା ହେଉଛି, ଚଢ଼ଉ ସୂଚନା ପାଇ ଶ୍ରୀ ଷଡ଼ଙ୍ଗୀଙ୍କ ସମ୍ପର୍କୀୟ ୫୦୦ ଟଙ୍କା ବିଡ଼ାକୁ ଝରକା ଦେଇ ବାହାରକୁ ଫିଙ୍ଗି ଦେଇଥିଲେ ହେଁ ତାହାକୁ ଭିଜିଲାନ୍ସ ଅଧିକାରୀମାନେ ଜବତ କରିଛନ୍ତି।

▶ପୃଷ୍ଠା-୭


Vikash Bargarh
Vikash Higher Educational Institutions

Vikash Institute of Technology:
• MBA (2 Years)
• B.Tech (4 Years) CSE, EEE, Civil, Mech.

Vikash Polytechnic:
• Diploma (3 Years) Civil, CSE, ECE, Mech., Electrical
• Diploma (Working Professionals) Mechanical Engg., Electrical Engg.

Vikash Law School:
• B.A. LL.B (H) 5 Years Int. Law

Vikash School of Business Management:
• BBA / BCA (3 Years)

Vikash Degree College:
• B.A. (Hons.) English, Economics, Education, Political Science, Psychology
• B.Com. (Hons.) Accountancy (Hons.)
• B.Sc. (Hons.) Physics, Chemistry, Math. Botany, Zoology, Comp.Sc.
• M.Sc. (2 Years) Chemistry
• M.Com. (2 Years) Accountancy
• M.A. (2 Years) English

Vikash Nursing College:
• ANM (2 Years),
• GNM (3 Years)
• B.Sc. Nursing (4 Years)
• P.B. B.Sc. Nursing (2 Years)

Vikash College of Paramedical Science:
• DMLT (2 Years)
• DMRT (2 Years)

Vikash Pharmacy College:
"MOVE TOWARDS YOUR DREAM CAREER IN PHARMACY"
• B. PHARM Bachelor in Pharmacy (4 YRS) Eligibility: +2 Science & OJEE Rank
• D. PHARM Diploma in Pharmacy (2 YRS) Eligibility: +2 Science



AWARDED As the Best Higher Educational Institutions in Western Odisha by OTV.

ADMISSIONS Open for 2025-26
Courses Offered: PG | UG | Diploma
94380 85817 / 82800 08111
70087 81518 / 94393 49333
Vikash Knowledge Hub, Barahaguda, Bargarh
Visit us @ www.odishavikash.com
Email: vheicampus@gmail.com
Grooming Talent
Vikash Higher Educational Institutions


**ପୁଲିସ-ମାଓବାଦୀ ଗୁଳିବିନିମୟ**

# ସରଣ୍ଡାରୁ ମିଳିଲା ବିସ୍ଫୋରକ!

## ମାଓ କ୍ୟାମ୍ପ ଧ୍ୱସ୍ତ: ବିପୁଳ ମାରଣାସ୍ତ୍ର, ମାଓ ସାମଗ୍ରୀ ଜବତ

■ **ରାଉରକେଲା, ୩୦।୫(ସମିସ):** ସୁନ୍ଦରଗଡ଼ ଜିଲ୍ଲା କେ. ବଲାଙ୍ଗ ଥାନା ଅଧୀନ ଓଡ଼ିଶା - ଝାଡ଼ଖଣ୍ଡ ସୀମାନ୍ତବର୍ତ୍ତୀ ବାଙ୍କୋରୁ ଗତ ୨୭ତାରିଖ ଦିନ ମାଓବାଦୀଙ୍କ ଦ୍ୱାରା ୫ ଟନ୍ ବିସ୍ଫୋରକ ସାମଗ୍ରୀ ଲୁଟ୍ ହେବା ପରେ ଆକ୍ସନ ମୁଡ୍‌ରେ ଝାଡ଼ଖଣ୍ଡ ପୁଲିସ। ଏହି କ୍ରମରେ ମଧ୍ୟାହ୍ନରେ ଓଡ଼ିଶା-ଝାଡ଼ଖଣ୍ଡ ସୀମାନ୍ତରେ ଝାଡ଼ଖଣ୍ଡ ପୁଲିସ ଓ ସିଆରପିଏଫ ପକ୍ଷରୁ କମ୍ବି ଅପରେସନକୁ ଜୋରଦାର କରାଯାଇଛି। ଏହି ସମୟରେ ସରଣ୍ଡା ଜଙ୍ଗଲ ତିରିଲପୋଷିରେ ସୁରକ୍ଷା ଯବାନ ଓ ମାଓବାଦୀଙ୍କ ମଧ୍ୟରେ ଗୁଳି ବିନିମୟ ହୋଇଥିଲା। ସୁରକ୍ଷା ଯବାନଙ୍କର ଆକ୍ରମଣ ସମ୍ମୁଖୀନ କରି ନପାରି ମାଓବାଦୀମାନେ ଛତ୍ରଭଙ୍ଗ ଦେଇ ଫେରାର୍ ହୋଇଯାଇଛନ୍ତି। ଏହି ଅପରେସନବେଳେ ଏକ ମାଓ କ୍ୟାମ୍ପକୁ ଠାବ କରିଛି ଝାଡ଼ଖଣ୍ଡ ପୁଲିସ। କ୍ୟାମ୍ପରୁ ବିପୁଳ ପରିମାଣର ବିସ୍ଫୋରକ ସାମଗ୍ରୀ, ମାରଣାସ୍ତ୍ର ଏବଂ ମାଓ ସାମଗ୍ରୀ ଜବତ ହୋଇଥିବା ସୂଚନା ମିଳିଛି। ତେବେ ଉକ୍ତ ସରଣ୍ଡା ଜଙ୍ଗଲିଆ ରାସ୍ତାରେ ମାଓବାଦୀଙ୍କ ଦ୍ୱାରା ପୂର୍ବରୁ ଖଞ୍ଜାଯାଇଥିବା ଏକ ଆଇଇଡି ବିସ୍ଫୋରଣରେ ଜଣେ ସିଆରପିଏଫ୍ ଯବାନ ଗୁରୁତର ଆହତ ହୋଇଥିବା ସୂଚନା ମିଳିଛି। ତେବେ ମାଓ କ୍ୟାମ୍ପରୁ ଜବତ ବିସ୍ଫୋରକ ଗତ ୨୭ ତାରିଖ ଦିନ ବାଙ୍କୋରୁ ଲୁଟ ବିସ୍ଫୋରକ କି ନାହିଁ, ସେନେଇ ଓଡ଼ିଶା କି ଝାଡ଼ଖଣ୍ଡ ପୁଲିସ ସ୍ପଷ୍ଟ କରିନାହିଁ।

ସୂଚନାଯୋଗ୍ୟ, ମାଓ ସଂଗଠନର କୁଖ୍ୟାତ ମାଓବାଦୀ ନେତା ମିଶିରି ବେସ୍ରା, ଅନମୋଲ ମୋଛୁ, ଅନଳ, ଅସୀମ ମଣ୍ଡଳ, ସାଗେନ ଅଙ୍ଗେରିଆ, ଅଜୟ ମାହାତୋ, ଅଶ୍ୱିନୀ, ପିଣ୍ଟୁ ଲୋହେରା, ଚନ୍ଦନ ଲୋହାରା, ଅମିତ ହାଁଜଦା ଓରଫ ଅପଟନ, ଜୟକାନ୍ତ, ରାପା ମୁଣ୍ଡାଙ୍କ ସମେତ ସେମାନଙ୍କ

▶ପୃଷ୍ଠା-୭



ଆଇଇଡି ବିସ୍ଫୋରଣରେ ସିଆର୍‌ପିଏଫ୍ ଯବାନ ଗୁରୁତର

# ଗ୍ରୋସରୀ ଦୋକାନରୁ ଚୋରି

**ଟିଟିଲାଗଡ଼, ୩୦।୫(ସମିସ):** ଟିଟିଲାଗଡ଼ ଥାନା ଅନ୍ତର୍ଗତ ଦରଲୋ ଗ୍ରାମରେ ଏକ ବଡ଼ ଧରଣର ଚୋରି ହୋଇଥିବା ଅଭିଯୋଗ ହୋଇଛି। ଏନେଇ ଗୁରୁବାର ଅପରାହ୍ନରେ ଟିଟିଲାଗଡ଼ ଥାନା ପୁଲିସ ସହ ବଲାଙ୍ଗିର ସାଇଣ୍ଟିଫିକ୍ ଦଳ ପହଞ୍ଚି ତଦନ୍ତ କରିଛନ୍ତି। ଅଭିଯୋଗରୁ ପ୍ରକାଶ ଯେ ଗତ ମଙ୍ଗଳବାର ବିଳମ୍ବିତ ରାତ୍ରିରେ ଦୁର୍ବୃତ୍ତ ଦରଲୋଗ୍ରାମ ଛକସ୍ଥିତ କେଶବ ନାଗ ଏବଂ ତାଙ୍କ ଭାଇ ଚକ୍ରଧର ନାଗଙ୍କ କିରାନା ଦୋକାନର ସଟରର ତାଲା ଭାଙ୍ଗି ପ୍ରାୟ ୪୦ ହଜାର ଟଙ୍କାର ସାମଗ୍ରୀ ଚୋରି କରି ନେଇଛନ୍ତି। ଦୋକାନରେ ଥିବା ୧ ଲକ୍ଷ ୮୦ ହଜାର ଟଙ୍କାର ନଗଦ ରାଶି ମଧ୍ୟ ଲୁଟ୍ ହୋଇଛି। ସମ୍ମୁଖରେ ଥିବା ଏକ ଦୋକାନର ସିସିଟିଭିରେ ଦୁର୍ବୃତ୍ତଙ୍କ ଗତିବିଧି ରେକର୍ଡ ହୋଇଛି। ସିସିଟିଭି ଫୁଟେଜ ପୁଲିସ ପକ୍ଷରୁ ସଂଗୃହିତ କରାଯାଇଥିବା ବେଳେ ଅଧିକ ତଦନ୍ତ ଜାରୀ ରହିଥିବା ଥାନା ଆଇଆଇସି କଲ୍ୟାଣୀ ବେହେରା କହିଛନ୍ତି।

# ଟିଟିଲାଗଡ଼ ରେଳ ଜଙ୍କସନରୁ ପଏଣ୍ଟ ଚୋରି

**ଟିଟିଲାଗଡ଼, ୩୦।୫(ସମିସ):** ଟିଟିଲାଗଡ଼ ରେଳ ଜଙ୍କସନର ପଶ୍ଚିମ ଦିଗରେ ଖଞ୍ଜାଯାଇଥିବା ପଏଣ୍ଟ ଚୋରି ହେବା ଆଲୋଚନାର ବିଷୟ ହୋଇଛି। ରେଳ ଜଙ୍କସନକୁ ପ୍ରବେଶ କରୁଥିବା ଟ୍ରେନକୁ ବିଭିନ୍ନ ପ୍ଲାଟଫର୍ମ ପଟକୁ ନେବାକୁ ଟ୍ରାକ୍ ପରିବର୍ତ୍ତନ ପାଇଁ ଏହି ପଏଣ୍ଟ ବ୍ୟବହୃତ ହେଉଥିବା ଜଣାଯାଇଛି। ତେବେ କେହି ଜଣେ ଦୁର୍ବୃତ୍ତ ଚୋରି କରି ନେଇଯାଇଥିବା ଘଟଣା ତୁରନ୍ତ ଅବଗତ ପରେ ରେଳ ବିଭାଗ ତ୍ୱରିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାରୁ ବଡ଼ ଧରଣର ଅଘଟଣରୁ ରକ୍ଷା ମିଳିଯାଇଛି। ଏନେଇ ଟିଟିଲାଗଡ଼ ଆରପିଏଫ୍ ଅଧିକାରୀ ଭଗବାନ ପୁନିଆ, ଜିଆରପି ଅଧିକାରୀ ବିନୟ ଭୋଇଙ୍କ ନେତୃତ୍ୱରେ ଚଢ଼ଉ କରାଯାଇ ଉକ୍ତ ପଏଣ୍ଟ ମେସିନ ସହରର ପୁରୁଣା ଫାଟକ ନିକଟରୁ ଉଦ୍ଧାର ହୋଇଥିବା ଜଣାଯାଇଛି। ଅଭିଯୁକ୍ତ ଫେରାର ହୋଇଥିବା ବେଳେ ଗିରଫ ପାଇଁ ପ୍ରୟାସ ଜାରୀ ରହିଥିବା ଜିଆରପି ଅଧିକାରୀ ଶ୍ରୀ ଭୋଇ କହିଛନ୍ତି।

# କାରଖାନା ପ୍ରଦୂଷଣରେ ଲୋକ ଅତିଷ୍ଠ



**କଣ୍ଟାବାଞ୍ଜି, ୩୦।୫(ସମିସ):** ରାସ୍ତା କଡରେ ଥିବା ଏକ ମିକ୍ସର ଫ୍ୟାକ୍ଟ୍ରି ପ୍ରଦୂଷଣରେ ଲୋକେ ନାହିଁନ ଥିବାର ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଛି। ଏହିଭଳି ଚିତ୍ର ବଲାଙ୍ଗିର ଜିଲ୍ଲାର କଣ୍ଟାବାଞ୍ଜି ସହରରେ ଦେଖିବାକୁ ମିଳିଛି। କଣ୍ଟାବାଞ୍ଜିର ମାଛ ବଜାର ନିକଟସ୍ଥ ତଥା ରାଜ୍ୟ ରାଜପଥ ୪୨କଡରେ ସହରର ଜଣେ ବ୍ୟକ୍ତି ମିକ୍ସର ଫ୍ୟାକ୍ଟ୍ରି କରିଛନ୍ତି। ରାସ୍ତାକଡରେ ଏହି ମିକ୍ସର ଫ୍ୟାକ୍ଟ୍ରି ସ୍ଥାପନ ହୋଇଥିବାରୁ ତାର ଧୂଆଁ ପ୍ରଦୂଷଣ ଯୋଗୁଁ ଜନ ସାଧାରଣ ଅନେକ ଅସୁବିଧାର ସମ୍ମୁଖୀନ ହୋଇଛନ୍ତି। ରାସ୍ତାକଡରେ ଫ୍ୟାକ୍ଟ୍ରି କରିବାକୁ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଅନୁମତି ଦେଇଛି କି ନାହିଁ ତାହା ଯାଞ୍ଚ କରାଯାଉ। ଅନ୍ୟପକ୍ଷରେ ସରକାରୀ ନିୟମ ଅନୁଯାଏ ଜନବସତି ଅଞ୍ଚଳରେ ଯେଉଁଠାରେ ଜନଜୀବନ ପ୍ରଭାବିତ ହେବ ସ୍ଥାନରେ ଫ୍ୟାକ୍ଟ୍ରି ସ୍ଥାପନ ପାଇଁ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଅନୁମତି ଦେଇ ପାରିବ ନାହିଁ। ଏହି ଫ୍ୟାକ୍ଟ୍ରି ସ୍ଥାପନ ପାଇଁ କେଉଁ ବିଭାଗ ଅନୁମତି ଦେଇଛି ତଦନ୍ତ କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ସହରବାସୀ ଦାବି କରିଛନ୍ତି।

## ବଢ଼ିଲା ରବି ଧାନ କିଣା ଟାର୍ଗେଟ

# ଖରିଫ ଭଳି ରବିରେ ବି ଅନିୟମିତତା ଆଶଙ୍କା

### ବର୍ଷକରେ ଚାରି ହଜାର ଚାଷୀ ପଞ୍ଜୀକରଣ ବୃଦ୍ଧି

### ନକଲି ଚାଷୀଙ୍କ ନାମରେ ଧାନକିଣା ଅନିୟମିତତା ଆଶଙ୍କା



**ବଲାଙ୍ଗିର, ୩୦।୫(ସମିସ):**

ବଲାଙ୍ଗିର ଜିଲ୍ଲାରେ ଖରିଫ ଭଳି ରବି ଧାନ କିଣାରେ ମଧ୍ୟ ବଡଧରଣର ଅନିୟମିତତା ଆଶଙ୍କା ପ୍ରକାଶ ପାଇଛି। ପ୍ରଥମ ପର୍ଯ୍ୟାୟ ଧାନକିଣା ଟାର୍ଗେଟ ପୁରିନଥିବା ବେଳେ ପୁଣି ପ୍ରାୟ ୧୩ ଲକ୍ଷ ମେଟ୍ରିକ୍ ଟନ୍ ଧାନ କିଣା ପାଇଁ ରାଜ୍ୟ ସରକାର ଟାର୍ଗେଟ ଧାର୍ଯ୍ୟ କରିଥିବା ଜଣାପଡ଼ିଛି। ଗତ ଖରିଫ ସମୟରେ ମଧ୍ୟ ଅଧିକ ଧାନ କିଣା କରିବା ଉଦ୍ଦେଶ୍ୟରେ ଟାର୍ଗେଟ ପର୍ଯ୍ୟାୟକ୍ରମେ ବର୍ଦ୍ଧିତ କରାଯାଇଥିଲା। କିନ୍ତୁ ସେହି ଟାର୍ଗେଟରେ ଚାଷୀମାନଙ୍କ ଧାନ କିଣିବା ବଦଳରେ ମିଲରମାନେ ପାକ୍ସ କର୍ମଚାରୀଙ୍କ ସହ ମିଶି ଦଲାଲଙ୍କ ଧାନ କିଣିବା ସହ ମିଥ୍ୟା ଏଣ୍ଟ୍ରି କରିଥିବା ନେଇ ଅଭିଯୋଗ ହୋଇଥିଲା। ଏବେ ବର୍ଦ୍ଧିତ ଧାନ କିଣା ଟାର୍ଗେଟ ଖରିଫ ଭଳି ଅନିୟମିତତା ଘେରରେ ରହିବନି ତ ବୋଲି ପ୍ରଶ୍ନ ଉଠୁଛି। ଖରିଫ ଧାନକୁ ରବିରେ କିଣିବା ପାଇଁ ପ୍ରଶାସନ ଓ ମିଲରଙ୍କ ମିଳିତ କାରବାର ନୁହେଁ ତ? କିଛି ଏହି ଭଳି ପ୍ରଶ୍ନ ଭିତରେ ବଲାଙ୍ଗିର ଜିଲ୍ଲା ରବି ଧାନ କିଣା ରହିଛି। ସୂଚନା ଅନୁସାରେ ବଲାଙ୍ଗିର ଜିଲ୍ଲାରେ ବର୍ତ୍ତମାନ ସମୟରେ ଧାନ କିଣା ଜାରି ରହିଛି। ତେବେ ଗତ ଖରିଫ ସମୟରେ ଜିଲ୍ଲାରେ ଅନେକ ଅନିୟମିତତା ହୋଇଥିବା ନେଇ ଅଭିଯୋଗ ହୋଇଥିଲା। ଗୋଟିଏ ବର୍ଷରେ ପ୍ରାୟ ଆଠ ହଜାର ଚାଷୀ ସଂଖ୍ୟା ବଢ଼ିଥିବା ବେଳେ ସେମାନଙ୍କ ଧାନ କିଣିବା ପାଇଁ ରାଜ୍ୟ ସରକାର ଟାର୍ଗେଟ ବୃଦ୍ଧି କରିଥିବା କହିଥିଲେ। କିନ୍ତୁ ଏହାର ଭିତରେ ଧାନ କିଣା ଅନିୟମିତତାର ଏକ ବଡ଼ ଷଡ଼ଯନ୍ତ୍ର ସାମ୍ନାକୁ ଆସିଥିଲା। ଯେହେତୁ ଧାନ କିଣା ପୂର୍ବରୁ ସ୍ଥାନୀୟ ବିଜେପିର ମାଙ୍ଗୁଆଲଙ୍କ ସହ ମିଲ ମାଲିକଙ୍କ ଗୁପ୍ତ କାରବାର ହୋଇଥିଲା।ସେମାନଙ୍କୁ ଫାଇଦା ଦେବା ଉଦ୍ଦେଶ୍ୟରେ ହିଁ ଏହା କରାଯାଇଥିବା ଶେଷ ପର୍ଯ୍ୟାୟରେ ସ୍ପଷ୍ଟ ହୋଇଥିଲା। ହଜାର ହଜାର କୁଇଣ୍ଟାଲ ଧାନ ମିଥ୍ୟା ଏଣ୍ଟ୍ରି କରି ଲାଭ ଉଠାଇଥିଲେ। ଏହି କାରବାରରେ ମିଲର୍‌ଙ୍କୁ ପାକ୍ସ ସମ୍ପାଦକ ଓ ଯୋଗାଣ ବିଭାଗ କିଛି ଅଧିକାରୀ ସହଯୋଗ କରିଥିବା ଜଣାପଡ଼ିଥିଲା। ଭୁତ କାର୍ଡ ତିଆରି କରି ଏହି କାରବାର କରିଥିବା ବେଳେ ରବି ଧାନ କିଣାରେ ମଧ୍ୟ ସମାନ ଅଭିଯୋଗ ସାମ୍ନାକୁ ଆସିଛି। ପୂର୍ବ ବର୍ଷମାନଙ୍କରେ ଜିଲ୍ଲା ରବି ଧାନ କିଣା ସମୟରେ ପ୍ରାୟ ସାତ ହଜାର ଚାଷୀ ପଞ୍ଜୀକରଣ କରୁଥିବା ବେଳେ ଚଳିତ ବର୍ଷ କିନ୍ତୁ ଏହା ପୁଣି ପ୍ରାୟ ଚାରି ହଜାର ଚାଷୀ ଅଧିକ ପଞ୍ଜୀକୃତ ହୋଇଛନ୍ତି। ସେହିପରି ପୂର୍ବ ବର୍ଷ କୋଡ଼ିଏ ହଜାର ମେଟ୍ରିକ ଟନ ଧାନ କିଣା ଯାଉଥିବା ବେଳେ ଚଳିତ ବର୍ଷ ମଧ୍ୟ ପ୍ରଥମ ପର୍ଯ୍ୟାୟରେ ହିଁ ଉକ୍ତ ଟାର୍ଗେଟ ପ୍ରଦାନ କରାଯାଇଥିଲା। କିନ୍ତୁ ଏହି ଟାର୍ଗେଟକୁ ରାଜ୍ୟ ସରକାର ପୁଣି ବୃଦ୍ଧି କରିଥିବା ଜଣାପଡ଼ିଛି। ରାଜ୍ୟ ଯୋଗାଣ ବିଭାଗ ଚିଠି ନଂ ୯୨୦୨ରେ ବର୍ଦ୍ଧିତ ଟାର୍ଗେଟ ବଢ଼ିବା ନେଇ ସୂଚନା ଦିଆଯାଇଛି। ଏହି ନିର୍ଦ୍ଦେଶ ଅନୁସାରେ ପ୍ରଥମ ପର୍ଯ୍ୟାୟ ସୁଦ୍ଧା ଜିଲ୍ଲା ପାଇଁ ୨୦ ହଜାର ୫୭୮ମେଟ୍ରିକ ଟନ ଧାର୍ଯ୍ୟ କରାଯାଇଥିବା ବେଳେ ଏହାକୁ ଆହୁରି ୧୩ ହଜାର ୧୫୯ମେଟ୍ରିକ ଟନ ବଢ଼ାଇ ସମୁଦାୟ ୩୩ ହଜାର ୭୩୭ମେଟ୍ରିକ ଟନ କରାଯାଉଛି। ତେବେ ଏହି ବର୍ଦ୍ଧିତ ଧାନ ଟାର୍ଗେଟର ଲାଭ ଚାଷୀ ପାଇବେ ନା ଏହା ମିଲରଙ୍କୁ ସୁହାଇବ ପ୍ରଶ୍ନ ଉଠିଛି। ଅନ୍ୟ ଏକ ସୂଚନା ଅନୁସାରେ ଜିଲ୍ଲାରେ ପୂର୍ବବର୍ଷ ପ୍ରାୟ ସମାନ ପରିମାଣର ଜମିରେ ଧାନ କିଣା ହୋଇଥିବା ବେଳେ ବଢ଼ିଥିବା ଚାଷୀ ସତରେ ଧାନ ଚାଷ କରିଛନ୍ତି ନା ଭୁତକାର୍ଡ କରି ଧାନ ଅନିୟମିତତା କରାଯାଉଛି ତାହା ତଦନ୍ତ ସାପେକ୍ଷ। ତେବେ ଯଦି ଚାଷ ପରିମାଣ ବଢ଼ିନାହିଁ ତେବେ ଚାଷୀଙ୍କ ସଂଖ୍ୟା ଓ ଧାନ ଟାର୍ଗେଟ ବଢ଼ିଲା କେମିତି ? ଯାହାକି ଏକ ବଡ଼ ଷଡ଼ଯନ୍ତ୍ର ବୋଲି ଆଲୋଚନା ହେଉଛି। କେବଳ ମିଲ ମାଲିକଙ୍କ ପାଇଁ ରାଜ୍ୟ ସରକାର ଧାନ କିଣା ଟାର୍ଗେଟ ବୃଦ୍ଧି କରିଥିବା ଚର୍ଚ୍ଚା ହେଉଛି। ତେବେ ଯଦି ସତ ରେ ରାଜ୍ୟ ସରକାର ଚାଷୀଙ୍କ ସ୍ୱାର୍ଥକୁ ଦେଖି ଧାନ କିଣା ଟାର୍ଗେଟ ବଢ଼ାଇଛନ୍ତି ତେବେ ସ୍ୱାଗତ ଯୋଗ୍ୟ ପଦକ୍ଷେପ କିନ୍ତୁ ଅସଲ ଚାଷୀଙ୍କ ଧାନ କିଣିବା ନେଇ ରାଜ୍ୟ ସରକାର ଏହାକୁ ନିଶ୍ଚିତ କରିବା ଦିଗରେ ଗୁରୁତ୍ୱ ଦେବା ଦିଗରେ ପଦକ୍ଷେପ ଗ୍ରହଣ କରିବାକୁ ଚାଷୀ ନେତା ହିମାଂଶୁ ସାହୁ ଦାବି କରିଛନ୍ତି।

# ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ କଳା ବିଭାଗ ଖୋଲିବାକୁ ଦାବି

**ଦେଓଗାଁ, ୩୦।୫(ସମିସ):** ପ୍ରତି ବ୍ଲକରେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ରହିଥିବାରୁ ଗ୍ରାମାଞ୍ଚଳର ମେଧାବୀ ଛାତ୍ରୀଛାତ୍ର ସିବିଏସଇ କୋର୍ସରେ ପାଠପଢ଼ିବା ପାଇଁ ସୁଯୋଗ ପାଉଛନ୍ତି। ହେଲେ ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ବିଜ୍ଞାନ ଓ ବାଣିଜ୍ୟ ପାଠ୍ୟକ୍ରମ ଛଡା କଳା ପାଠ୍ୟକ୍ରମ ନଥିବାରୁ ବଲାଙ୍ଗିର ଜିଲ୍ଲା ଦେଓଗାଁ ବ୍ଲକ ଚନ୍ଦ୍ରପୁର ଆଦର୍ଶ ବିଦ୍ୟାଳୟରେ ଛାତ୍ରୀଛାତ୍ର ହନ୍ତସନ୍ତ ହେଉଥିବା ଅଭିଭାବକ ଅଭିଯୋଗ କରିଛନ୍ତି। ଦେଓଗାଁ ଚନ୍ଦ୍ରପୁରରେ ୨୦୧୯ ରେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଆରମ୍ଭ ହୋଇଥିବା ବେଳେ ଷଷ୍ଠ ଶ୍ରେଣୀରୁ ଦ୍ୱାଦଶ ପର୍ଯ୍ୟନ୍ତ ୩୯୯ଜଣ ଛାତ୍ରୀଛାତ୍ର ପାଠପଢୁଛନ୍ତି। ତେବେ ଚଳିତବର୍ଷ ଯୁକ୍ତଦୁଇ ବିଜ୍ଞାନ ବିଭାଗରେ ମାତ୍ର ୧୯ଜଣ ଛାତ୍ରୀଛାତ୍ର ଅଧ୍ୟୟନ କରୁଥିବା ଜଣାପଡ଼ିଛି। କଳା ବିଭାଗ ଖୋଲିଲେ ସମସ୍ତ ଛାତ୍ରୀଛାତ୍ର ଆଦର୍ଶ ବିଦ୍ୟାଳୟରେ ପାଠପଢ଼ିପାରିବେ ବୋଲି ମତପ୍ରକାଶ ପାଇଛି। ବିଭାଗୀୟ ସୂଚନାନୁସାରେ ଓଡ଼ିଶାର ୩୧୪ଟି ବ୍ଲକରେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ରହିଛି। ତନ୍ମଧ୍ୟରୁ ୨୫୦ଟିରେ ବିଜ୍ଞାନ ବିଭାଗ ରହିଥିବା ବେଳେ ୩୨ଟିରେ ବାଣିଜ୍ୟ ବିଭାଗ ରହିଛି। ପ୍ରତିବର୍ଷ ହାରାହାରି ୧୫ହଜାର ଛାତ୍ରୀଛାତ୍ର ଦଶମ ଶ୍ରେଣୀ ଉତ୍ତିର୍ଣ୍ଣ ହେଉଥିବା ବେଳେ ସେଥିରୁ ମାତ୍ର ୭ହଜାର ଛାତ୍ରୀଛାତ୍ର ବିଜ୍ଞାନ ପଢ଼ିବାପାଇଁ ଯୋଗ୍ୟ ବିବେଚିତ ହେଉଥିବା ଜଣାପଡ଼ିଛି। ବାକି ଛାତ୍ରୀଛାତ୍ର ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ପାଠ ପଢ଼ିବାରୁ ବଞ୍ଚିତ ରହିଆସୁଛନ୍ତି। ବର୍ତ୍ତମାନ ରାଷ୍ଟ୍ରୀୟ ଶିକ୍ଷା ନୀତି ଅନୁସାରେ ଛାତ୍ରୀଛାତ୍ର ନିଜ ପସନ୍ଦ ଅନୁସାରେ ବିଭାଗ ଚୟନ କରି ପାଠ ପଢ଼ିପାରିବେ। କେନ୍ଦ୍ରୀୟ ବିଦ୍ୟାଳୟ, ନବୋଦୟ ବିଦ୍ୟାଳୟ ଭଳି ଅନୁଷ୍ଠାନମାନଙ୍କରେ କଳା ବିଭାଗ ରହିଥିବା ବେଳେ ଆଦର୍ଶ ବିଦ୍ୟାଳୟ ଭଳି ଅନୁଷ୍ଠାନରେ ମଧ୍ୟ କଳା ବିଭାଗ ଖୋଲିବା ନିତାନ୍ତ ଜରୁରୀ ଅଟେ ବୋଲି ସାଧାରଣରେ ମତପ୍ରକାଶ ପାଇଛି। ଏଠାରେ କଳା ବିଭାଗ ଖୋଲିଲେ ଶତପ୍ରତିଶତ ଛାତ୍ରୀଛାତ୍ର ଅଧ୍ୟୟନ ସୁଯୋଗ ପାଇପାରିବେ। କେବଳ ବିଜ୍ଞାନ ବିଭାଗ ରହିଥିବାରୁ ବିଦ୍ୟାଳୟ ରେ ଅନେକ ସିଟ୍ ଖାଲି ରହୁଛି।ଏଣୁ କଳା ବିଭାଗ ଖୋଲିଲେ ବିଦ୍ୟାଳୟର ସିଟ୍ ମଧ୍ୟ ପୂରଣ ହୋଇପାରିବ।ଏଦିଗରେ ରାଜ୍ୟ ସରକାର ଦୃଷ୍ଟି ଦେଇ ଆଦର୍ଶ ବିଦ୍ୟାଳୟମାନଙ୍କରେ କଳା ବିଭାଗ ଖୋଲିବା ପାଇଁ ସାଧାରଣରେ ଦାବି ହୋଇଛି।

# ବିଦ୍ୟୁତ୍ ଆଘାତରେ ଶ୍ରମିକଙ୍କ ମୃତ୍ୟୁ

**ଟିଟିଲାଗଡ଼, ୩୦।୫(ସମିସ)** ଟିଟିଲାଗଡ଼ ବ୍ଲକ ଅନ୍ତର୍ଗତ ସୁରଡ଼ାଗ୍ରାମରେ ବିଦ୍ୟୁତ୍ ଆଘାତରେ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ଯୁବକ ଜଣକ ଗ୍ରାମର ବିଶ୍ୱମ୍ବର ବଗର୍ତ୍ତୀଙ୍କ ପୁଅ ଅକ୍ଷୟ ବଗର୍ତ୍ତୀ (୩୬)। ସେ ପେଟପାଟଣା ପାଇଁ ବାହାର ରାଜ୍ୟରେ କାମ କରୁଥିବା ବେଳେ କିଛି ଦିନ ତଳେ ଗ୍ରାମକୁ ଆସିଥିଲେ। ଅକ୍ଷୟ ନିଜ ଘରେ ଥିବା ଏକ ପାଣି ପମ୍ପ ଚଳାଉଥିବା ବେଳେ ବିଦ୍ୟୁତ୍ ଆଘାତରେ ମୃତ୍ୟୁ ଘଟିଥିବା ଜଣାଯାଇଛି। ଏନେଇ ସିନ୍ଧେକେଲା ପୁଲିସ ପକ୍ଷରୁ ତାଙ୍କ ମୃତଦେହ ଟିଟିଲାଗଡ଼ ଡାକ୍ତରଖାନାରେ ବ୍ୟବଚ୍ଛେଦ ପରେ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଛି।ଅକ୍ଷୟଙ୍କ ପତ୍ନୀ ତଥା ଦୁଇ ଝିଅଙ୍କ ସମେତ ୩ ସନ୍ତାନ ବର୍ତ୍ତମାନ ଅସହାୟ ହୋଇ ପଡ଼ିଛନ୍ତି। ପରିବାରଙ୍କୁ ସରକାରୀ ସହାୟତା ଯୋଗାଇଦେବାକୁ ରାଜ୍ୟ ସରପଞ୍ଚ ସଂଘ କାର୍ଯ୍ୟକାରୀ ସଭାପତି ବିରବର ସାହୁ, ସମାଜସେବୀ କୁଳମଣି ବେହେରା ଦାବି କରିଛନ୍ତି।

# ବୁଢ଼ାବାହାଲ ସରପଞ୍ଚଙ୍କ ବିରୋଧରେ ଅନାସ୍ଥା ପାଇଁ ଦାବିପତ୍ର

ସଇଁତଲା ୩୦।୫(ସମିସ): ସଇଁତଲା ବ୍ଲକ ବୁଢାବାହାଲ ପଞ୍ଚାୟତରେ ସରପଞ୍ଚ ଲତା କୁମ୍ଭାରଙ୍କ ବିରୋଧରେ ପଞ୍ଚାୟତର ୮ ଜଣ ୱାର୍ଡ଼ ୱାର୍ଡ଼ସଭ୍ୟ ଅନାସ୍ଥା ପ୍ରସ୍ତାବ ଆଗତ କରିବା ପାଇଁ ଟିଟିଲାଗଡ଼ ଉପଜିଲ୍ଲାପାଳଙ୍କୁ ଦାବିପତ୍ର ଦେଇଛନ୍ତି। ୱାର୍ଡସଭ୍ୟମାନଙ୍କ ଅଭିଯୋଗ ଅନୁସାରେ, ପଞ୍ଚାୟତର ରାସ୍ତାଘାଟ, ବିଦ୍ୟୁତ୍ ସମସ୍ୟା, ଷ୍ଟ୍ରିଟ୍‌ଲାଇଟ, ଡ୍ରେନ ନିର୍ମାଣ, ପାନୀୟଜଳ ଯୋଗାଣ ଉପରେ ୱାର୍ଡ଼ସଭ୍ୟମାନେ ବାରମ୍ବାର ଅଭିଯୋଗ କରିବା ପରେ ମଧ୍ୟ ସରପଞ୍ଚ ଉପରୋକ୍ତ ସମସ୍ୟାଗୁଡ଼ିକ ଉପରେ ଧ୍ୟାନ ଦେଉନାହାଁନ୍ତି। ସେହିପରି ବିଭିନ୍ନ ସଭା ସମିତିରେ ୱାର୍ଡ଼ସଭ୍ୟଙ୍କୁ ଅଣଦେଖା କରିବା ସହ ବିଭିନ୍ନ କାର୍ଯ୍ୟରେ ତାଙ୍କ ସ୍ୱାମୀ ହସ୍ତକ୍ଷେପ କରୁଛନ୍ତି। ଏ ଦିଗରେ ପ୍ରଶାସନ ତୁରନ୍ତ ପଦକ୍ଷେପ ନେବା ସହ ସରପଞ୍ଚଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ ଆଗତ କରିବାକୁ ଉପଜିଲ୍ଲାପାଳଙ୍କୁ ଲିଖିତ ଦାବି କରିଛନ୍ତି। ଉପଜିଲ୍ଲାପାଳଙ୍କ ଅନୁପସ୍ଥିତିରେ ଅତିରିକ୍ତ ଉପଜିଲ୍ଲାପାଳ ସମୀର କୁମାର ବିଲଙ୍ଗଙ୍କୁ ବୁଢାବାହାଲ ପଞ୍ଚାୟତର ନାଏବ ସରପଞ୍ଚ ବିଜୟ ସେଲମାଙ୍କ ସହ ୱାର୍ଡ଼ସଭ୍ୟ ତୁଳସୀ ସାହୁ, ବିଶ୍ୱମ୍ବର ମହାଡ଼ିକ, ପ୍ରକାଶ ସାହୁ, ମୋହନୀ ସାହୁ, ବନୀତା ଗହୀର, ମୋହନ ସୁନା, ସମାରୀ ଗହୀର, କାହ୍ନୁ ଚରଣ ବାଗ ଦାବିପତ୍ର ପ୍ରଦାନ କରିଛନ୍ତି।

# ଗଞ୍ଜେଇ ଜବତ, ଜଣେ ଗିରଫ



**ଦେଓଗାଁ, ୩୦।୫(ସମିସ):** ବଲାଙ୍ଗିର ଜିଲ୍ଲା ଦେଓଗାଁ ଥାନା ଅନ୍ତର୍ଗତ ସାଲେପାଲି ଛକରେ ଶୁକ୍ରବାର ବାଇକ୍‌ରେ ଗଞ୍ଜେଇ ଚାଲାଣ ହେଉଥିବା ବେଳେ ପୁଲିସ ଚଢ଼ଉ କରି ବାଇକ୍ ଓ ଗଞ୍ଜେଇ ଜବତ ସହ ଜଣେ ବ୍ୟକ୍ତିଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ଯୁବକ ଜଣକ ସଇଁନ୍ତଲା ଥାନା ଅନ୍ତର୍ଗତ କରମତଲା ଗାଁର ଜୀବନ ବାଗ(୨୧)। ଏ ନେଇ ଥାନାରେ ମାମଲା ରୁଜୁ କରି ଅଧିକ ତଦନ୍ତ ଜାରୀ ରହିଥିବା ଥାନାଧିକାରୀ ବୁଲୁ ମୁଣ୍ଡା ସୂଚନା ଦେଇଛନ୍ତି। ପ୍ରକାଶ ଯେ, ତୁଷୁରା ପଟରୁ ବାଇକରେ ଗଞ୍ଜେଇ ଚାଲାଣ ହେଉଥିବା ଖବରପାଇ ଦେଓଗାଁ ପୁଲିସ ଏସଆଇ ଦୀପକ ଡୁଙ୍ଗଡୁଙ୍ଗ ଓ ପୁଲିସ କର୍ମଚାରୀ ସଲେପାଲି ଛକ ଠାରେ ନାକାବନ୍ଦୀ କରିଥିଲେ। ଏକ ବାଇକ୍‌ରେ ୨ଜଣ ଯୁବକ ୧୦କେଜି୬୮୦ଗ୍ରାମ ଓଜନର ଗଞ୍ଜେଇ ଧରି ଆସୁଥିବା ବେଳେ ପୁଲିସ ଅଟକାଇଥିଲା। ଜଣେ ଯୁବକ ଫେରାର ମାରିଥିବା ବେଳେ ଗାଡି ସମେତ ଜଣକୁ ପୁଲିସ ଅଟକାଇ ଯାଞ୍ଚ କରିବାରୁ ଗଞ୍ଜେଇ ଧରାପଡ଼ିଥିବା ପୁଲିସ ସୂଚନା ଦେଇଛି।

## ବଲାଙ୍ଗିର ରେଳ ଷ୍ଟେସନ ଉନ୍ନତିକରଣ କାମ

# ମନ୍ଥର ଗତିରେ କାମରୁ ଯାତ୍ରୀ ହନ୍ତସନ୍ତ

### ରେଳ ବିଭାଗର ଠିକାଦାର ପ୍ରୀତି

### କାମରେ ମନ୍ଥରତା ନେଇ ହୋଇନି କାର୍ଯ୍ୟାନୁଷ୍ଠାନ

**ବଲାଙ୍ଗିର, ୩୦।୫(ସମିସ):**

ଅମୃତ ଭାରତ ରେଳ ଷ୍ଟେସନ ଯୋଜନାରେ ଦେଶର ୧୨୭୫ଟି ରେଳ ଷ୍ଟେସନର ଉନ୍ନତିକରଣ କରିବା ପାଇଁ କେନ୍ଦ୍ର ସରକାର ଘୋଷଣା କରିଥିଲେ। ଏହି ଯୋଜନା ଅନ୍ତର୍ଗତ ଦେଶର ୧୦୩ ଟି ରେଳ ଷ୍ଟେସନର ଉନ୍ନତିକରଣ କାର୍ଯ୍ୟକୁ ଗତ୨୨ ତାରିଖ ଦିନ ପ୍ରଧାନମନ୍ତ୍ରୀ ଉଦ୍‌ଘାଟନ କରିଥିଲେ ହେଲେ ବଲାଙ୍ଗିର ରେଳ ଷ୍ଟେସନର ଉନ୍ନତିକରଣ ପ୍ରକଳ୍ପ ଅସମ୍ପୂର୍ଣ୍ଣ ହୋଇଥିବାରୁ ଉଦ୍‌ଘାଟନ ହୋଇନାହିଁ।ଅମୃତ ଭାରତ ଯୋଜନାରେ ଏହି ପ୍ରକଳ୍ପ ନିର୍ମାଣାଧୀନ ରହିଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ନିର୍ଦ୍ଧାରିତ ନିର୍ମାଣ କାର୍ଯ୍ୟରୁ ମାତ୍ର ୫୦ ପ୍ରତିଶତ କାର୍ଯ୍ୟ ଶେଷ ହୋଇଥିବା ସୂଚନା ଅଧିକାର ଆଇନ ବଳରେ ଜଣାପଡ଼ିଥିବା ବଲାଙ୍ଗିରର ବିଶିଷ୍ଟ ସୂଚନା ଅଧିକାର କର୍ମି ହେମନ୍ତ କୁମାର ପଣ୍ଡା ସୂଚନା ଦେଇଛନ୍ତି। ପୂର୍ବତଟ ରେଳବାଇ ସମ୍ବଲପୁର ଡିଆର୍‌ଏମ କାର୍ଯ୍ୟାଳୟର ଜନସୂଚନା ଅଧିକାରୀ ଏହି ସୂଚନା ପ୍ରଦାନ କରିଛନ୍ତି। ରେଳ ଷ୍ଟେସନ ଉନ୍ନତିକରଣ କାର୍ଯ୍ୟରେ ବିଳମ୍ବ ହୋଇଥିବା ତଥ୍ୟରେ ସ୍ୱୀକାର କରଯାଇଛି। ବିଳମ୍ବର କାରଣ କେବୁଲ ସ୍ଥାନାନ୍ତର, ଜଙ୍ଗଲ ଜମି ଅନୁମତ, ମୌସୁମି ବର୍ଷା ସହ ଆଶ୍ଚର୍ଯ୍ୟଜନକ ଭାବେ ସାଧାରଣ ନିର୍ବାଚନ ଓ ପର୍ବପର୍ବାଣି ପାଇଁ ଶ୍ରମିକ ଅଭାବକୁ ମଧ୍ୟ ଦର୍ଶାଯାଇଛି। ସୂଚନା ଅନୁସାରେ ସମୂଦାୟ ୨୦ କୋଟି ୧୨ ଲକ୍ଷ ଟଙ୍କା ବ୍ୟୟ ଅଟକଳ କରାଯାଇଥିବା ଉନ୍ନତିକରଣ କାର୍ଯ୍ୟକୁ ୪ ଭାଗରେ ବିଭକ୍ତ କରାଯାଇଛି। ସମସ୍ତ ଭାଗର କାର୍ଯ୍ୟ ୨୦୨୪ ମସିହା ଜାନୁଆରୀ ମାସ ସୁଦ୍ଧା ଶେଷ ହେବା କଥା। ଧାର୍ଯ୍ୟ ସମୟ ଠାରୁ ଏକ ବର୍ଷରୁ ଊର୍ଦ୍ଧ୍ୱ ସମୟ ଅତିକ୍ରମ ହୋଇ ସାରିଛି। ସମସ୍ତ ୪ ଭାଗର ଉନ୍ନତିକରଣ କାର୍ଯ୍ୟକୁ ତିନିଟି ଠିକା ସଂସ୍ଥାକୁ ନ୍ୟସ୍ତ କରାଯାଇଛି। ଟିଟିଲାଗଡ଼ର ଇନ୍ଦ୍ରବନ ଅଗ୍ରୱାଲଙ୍କୁ ଗୋଟିଏ, ମେସର୍ସ ଏସ୍‌ପି ଗୋୟଲ ଠିକା ସଂସ୍ଥାକୁ ଦୁଇଟି ଓ ଜ୍ୟୋତି ବିକେଡିକୁ ଯଥାକ୍ରମେ ଗୋଟିଏ ଭାଗ କାର୍ଯ୍ୟନ୍ୟସ୍ତ କରାଯାଇଛି। ଅହେତୁକ ବିଳମ୍ବ ପାଇଁ ଠିକା କାର୍ଯ୍ୟ କରୁଥିବା ସଂସ୍ଥାମାନଙ୍କୁ ରେଳ ବିଭାଗ ପକ୍ଷରୁ ପତ୍ର ଲେଖା ଯାଇଥିବା ତଥ୍ୟରେ କୁହାଯାଇଛି। ଏହା କେବଳ ଏକ ଦୈନନ୍ଦିନ ପ୍ରକ୍ରିୟା ଏବଂ ଅହେତୁକ ବିଳମ୍ବ ପାଇଁ ଏହି ଠିକା ସଂସ୍ଥାମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯାଇ ନଥିବା କଥା ସୂଚନା କର୍ମି ପଣ୍ଡା କହିଛନ୍ତି। ଆଗାମୀ ନଭେମ୍ବର ମାସରେ ବଲାଙ୍ଗିର ରେଳ ଷ୍ଟେସନର ନବୀକରଣ କାର୍ଯ୍ୟ ଶେଷ ହେବ ବୋଲି ସମୟସୀମା ପୁନର୍ନିର୍ଦ୍ଧାରଣ କରାଯାଇଥିବା ରେଳ ବିଭାଗର ତଥ୍ୟରେ କୁହାଯାଇଥିଲେ ମଧ୍ୟ ଏହି ସମୟ ମଧ୍ୟରେ ସମ୍ପୂର୍ଣ୍ଣ ହେବା ଆଶା କ୍ଷୀଣ ବୋଲି ପଣ୍ଡା କହିଛନ୍ତି। କାରଣ ବର୍ତ୍ତମାନ ମଧ୍ୟ ନିର୍ମାଣ କାର୍ଯ୍ୟ ମନ୍ଥର ଗତିରେ ଚାଲିଛି। ତେବେ ବଲାଙ୍ଗିର ରେଳ ଷ୍ଟେସନ ନବୀକରଣ କାର୍ଯ୍ୟ ଦୀର୍ଘଦିନ ଧରି ଚାଲୁଥିବାରୁ ବଲାଙ୍ଗିରରୁ ରେଳ ଯୋଗେ ଯିବାଆସିବା କରୁଥିବା ଯାତ୍ରୀମାନେ ବର୍ଷବର୍ଷ ଧରି ଅକଥନୀୟ ଦୁର୍ଦ୍ଦଶାର ସମ୍ମୁଖୀନ ହେଉଥିବା ଦେଖିବାକୁ ମିଳିଛି।ରେଳ ମନ୍ତ୍ରୀ ହସ୍ତକ୍ଷେପ କରିବା ପାଇଁ ଦାବୀ ଶ୍ରୀ ମିଶ୍ର ଦାବି କରିଛନ୍ତି। ଅନ୍ୟପକ୍ଷରେ ରେଳ ବିଭାଗର ଠିକାଦାର ପ୍ରିତୀ ଯୋଗୁଁ ଠିକା ସଂସ୍ଥାମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନିଆଯାଉନାହିଁ କି ଆଖିଦୃଶିଆ ପଦକ୍ଷେପ ନିଆଯାଉ ନାହିଁ ଫଳରେ ନିର୍ମାଣ କାର୍ଯ୍ୟ ଠିକ ଭାବେ ତ୍ୱରାନିତ୍ୱ ହେଉନଥିବା ସେ ଅଭିଯୋଗ କରିଛନ୍ତି। ରେଳ ବିଭାଗ ଏଥିପ୍ରତି ଦୃଷ୍ଟି ଦେଇ ଶୀଘ୍ର ପ୍ରକଳ୍ପ କାମ ସମ୍ପୂର୍ଣ୍ଣ କରିବା ତଥା ବିଳମ୍ବ କାରଣରୁ ଠିକ ସଂସ୍ଥା ବିରୋଧରେ ପଦକ୍ଷେପ ଗ୍ରହଣ କରିବାକୁ ଦାବି ହୋଇଛି।

## କାଦୁଅ ରାସ୍ତାରେ ଯିବାକୁ ଡର ଲାଗୁଛି

# ପକ୍କା ସଡ଼କ ପାଇଁ ଦାବି



**କଣ୍ଟାବାଞ୍ଜି, ୩୦।୫(ସମିସ):** ସରକାର ଗ୍ରାମାଞ୍ଚଳରେ ଗମନାଗମନ ସୁବିଧା ପାଇଁ ପକ୍କା ସଡ଼କ ନିର୍ମାଣ କରିବାକୁ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି। କିନ୍ତୁ ଦାୟିତ୍ୱ ଥିବା ସରକାରୀ କର୍ମଚାରୀଙ୍କ ଅବହେଳା ଯୋଗୁଁ ଆଜିଯାଏ ଅନେକ ଗାଁକୁ ଗମନାଗମନ ପାଇଁ ଭଲ ରାସ୍ତା ଖଣ୍ଡିଏ ନାହିଁ। ଫଳରେ ଗ୍ରାମବାସୀଙ୍କୁ ବହୁ ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଛି। ବଲାଙ୍ଗିର ଜିଲ୍ଲା ତୁରେକେଲା ବ୍ଲକ ଅନ୍ତର୍ଗତ ଟଟୁଅନକାର ସତନାମୀପଡ଼ା ଓ ବେଲପଡ଼ା ଅନ୍ତର୍ଗତ ସଲଣ୍ଡି ପଞ୍ଚାୟତର ଦର୍ଲିପଡ଼ା ଗାଁ। ଏହି ରାସ୍ତା ଉପରେ ତୁରେକେଲା ଓ ବେଲପଡ଼ା ଦୁଇ ବ୍ଲକ ଲୋକ ଯାତାୟତ କରନ୍ତି। ଏହି ରାସ୍ତା ତୁରେକେଲା ଅଧିନରେ ଆସୁଥିବା ଯୋଗୁଁ ବେଲପଡ଼ା ବ୍ଲକ ପ୍ରଶାସନ ଏହି ରାସ୍ତା ଉପରେ ନଜର ଦେଉନାହିଁ। ସେପଟେ ଏହି ରାସ୍ତା କଥା ତୁରେକେଲା ବ୍ଲକ ପ୍ରଶାସନ ଭୁଲି ଯାଇଛି ଯାହାଫଳ ରେ ଆଜିଯାଏ ଏହି ରାସ୍ତା ଉପରେ ନଜର ଦେଉନାହିଁ ବୋଲି ସ୍ଥାନୀୟ ଲୋକେ ପ୍ରଶ୍ନ କରିଛନ୍ତି। ଏହି ରାସ୍ତା ସମସ୍ୟାକୁ ନେଇ ପଞ୍ଚାୟତରୁ ବ୍ଲକ ପ୍ରଶାସନଙ୍କୁ ଜଣାଇଲେ ମଧ୍ୟ କୌଣସି ସୁଫଳ ମିଳୁନାହିଁ। ନିର୍ବାଚନ ସମୟରେ ନେତା ଗାଁକୁ ଆସି ରାସ୍ତା ସମସ୍ୟାର ସମାଧାନ ହୋଇ ଯିବ ବୋଲି ପ୍ରତିଶ୍ରୁତି ଦେଉଛନ୍ତି କିନ୍ତୁ ନିର୍ବାଚନ ସରିଲେ ନେତାଙ୍କ ପ୍ରତିଶ୍ରୁତି ପାଣିରଗାର ବୋଲି ଲୋକେ କହିଛନ୍ତି। ଏହି ରାସ୍ତା ଦେଇ ଅନେକ ଭାରିଯାନ ଚଳାଚଳ ହେଉଥିବାରୁ ରାସ୍ତା ମଝିରେ ଗାତ ସୃଷ୍ଟି ପାଣି ଜମୁଥିବା ବେଳେ ଅନେକ ଲୋକେ ଦୁର୍ଘଟଣାଗ୍ରସ୍ତ ହୋଇଥିବା ନଜର ହେଉଛି। ସେପଟେ ରାସ୍ତା ଅବସ୍ଥା ଏମିତି ହୋଇ ପଡ଼ିଛି କି ବର୍ଷା ଦିନରେ ଆମ୍ବୁଲାନ୍ସ ଆସି ପାରୁନଥିବା ଅଭିଯୋଗ ହେଉଛି। ଜିଲ୍ଲାପାଳ ତୁରନ୍ତ ପଦକ୍ଷେପ ନେବାକୁ ସ୍ଥାନୀୟ ଲୋକେ ଦାବି କରିଛନ୍ତି।

## କୁଟୁରା ଶିଙ୍ଗ, ଚମଡ଼ା, ଧନୁତୀର, ଫାଶ ଜବତ

# ୫ ଶିକାରୀ ଗିରଫ; ୭ ଦେଶୀ ବନ୍ଧୁକ ଜବତ



**ବଣାଇଁ, ୩୦।୫ (ସମିସ)**

ବଣାଇଁ ବନ ବିଭାଗକୁ ମିଳିଛି ବଡ଼ ସଫଳତା। କୁଳିପୋଷ ରେଞ୍ଜ ଅଧୀନସ୍ଥ ବିଭିନ୍ନ ଗ୍ରାମରେ ଚଢ଼ଉ କରି ବେଆଇନ ୭ ଦେଶୀ ବନ୍ଧୁକ ସହ ୫ ଶିକାରୀକୁ ଗିରଫ କରିଛି ବନବିଭାଗ। ବେଆଇନ ବନ୍ଧୁକ ରଖି ବିଭିନ୍ନ ସମୟରେ ବନ୍ୟପ୍ରାଣୀଙ୍କୁ ଶିକାର କରୁଥିବା ଏକ ବିଶ୍ୱସ୍ତ ସୂତ୍ରରୁ ଖବର ପାଇଥିଲେ ବନଖଣ୍ଡ ଅଧିକାରୀ ଲଳିତ କୁମାର ପାତ୍ର। ଏନେଇ କୁଳିପୋଷ ରେଞ୍ଜ ଅଧିକାରୀ ସୂଚିସ୍ମିତା ଦାସ, ବଣାଇଁ ରେଞ୍ଜ ଅଧିକାରୀ ଦେବାଶିଷ ନାୟକଙ୍କ ନେତୃତ୍ୱରେ ବନକର୍ମଚାରୀ ଆରଆର୍ଟି ଟିମ୍‌କୁ ନେଇ ଶୁକ୍ରବାର ଭୋର କୁଳିପୋଷ ରେଞ୍ଜର ବିଭିନ୍ନ ଗ୍ରାମରେ ଥିବା ଶିକାରୀଙ୍କ ଘରେ ଚଢ଼ଉ କରିଥଲେ। ଚଢ଼ଉପରେ ୭ଟି ଦେଶୀ ବନ୍ଧୁକ, ବିପୁଳ ପରିମାଣର ଧନୁତୀର, ଫାଶ, ଶିକାର ସାମଗ୍ରୀ ସହ କୁଟୁରା ଶିଙ୍ଗ ଚମଡ଼ା ଇତ୍ୟାଦି ଜବତ୍ କରିଥିଲେ। ଏହାସହ ୬ ଜଣ ଶିକାରୀଙ୍କୁ ବିଭିନ୍ନ ଗ୍ରାମରୁ ଗିରଫ କରିଥିଲେ। ଗିରଫ ଅଭିଯୁକ୍ତମାନେ ହେଲେ ଖଟିଆଭାଙ୍ଗୁଣୀ ଗ୍ରାମର ବୃନ୍ଦାବନ ନାଏକ (୨୩) ଦାଶୁ ନାଏକ (୨୫), ଜେଠୁ ନାଏକ, ସୁକାନ୍ତ ନାଏକ (୨୧) ବିଜାଘାଟର ଧନେଶ୍ୱର ମୁଣ୍ଡା (୩୦)। ଦୀର୍ଘଦିନ ହେବ ଅଭିଯୁକ୍ତମାନେ ଜନ୍ତୁ ଶିକାରରେ ଲିପ୍ତଥିବାବେଳେ ତଦନ୍ତପରେ ଏମାନଙ୍କୁ କୋର୍ଟଚାଲାଣ କରାଯିବ ବୋଲି ଜଣାପଡ଼ିଛି। ଏହି ଚଢ଼ଉରେ ଫରେଷ୍ଟର ତାପସ ଶତପଥୀ, ଫରେଷ୍ଟର ପ୍ରଦୀପ ଭୋଇ, ଦୁଃଖିଶ୍ୟାମ ଶତପଥୀ, ବିଜୟା ନନ୍ଦ ପ୍ରଧାନଙ୍କ ସମେତ ଜଗନ୍ନାଥ ବେହେରା ଓ ଅନ୍ୟ ବନକର୍ମଚାରୀ ସାମିଲ ହୋଇଥିଲେ।

## ଭାସ୍କର ପ୍ଲାଣ୍ଟରେ ଦୁର୍ଘଟଣା

# ହାଇୱା ଧକ୍କାରେ ପୋକଲିନ୍ ହେଲ୍‌ପର ମୃତ



**ବଣାଇଁ, ୩୦।୫ (ସମିସ):** ବଣାଇଁ ଉପଖଣ୍ଡ ଲହୁଣୀପଡ଼ା ଥାନା ଅଧୀନ ବଡ଼ ତୁମକେଲା ଗ୍ରାମରେ ଥିବା ଭାସ୍କର ସ୍ପଞ୍ଜ ଆଇରନ ପ୍ଲାଣ୍ଟରେ ଏକ ହାଇୱା ମାଡ଼ିଯିବାରୁ ଜଣେ ପୋକଲିନ ହେଲ୍ପରଙ୍କ ମୃତ୍ୟୁ ଘଟିଥିବା ଜଣାପଡ଼ିଛି। ଗୁରୁବାର ରାତିରେ ପୋକଲିନର ହେଲ୍ପର ନିଜ କାର୍ଯ୍ୟସାରି କାରଖାନା ପରିସରରେ ବିଶ୍ରାମ ନେଇଥିଲେ। ଏହି ସମୟରେ ଏକ ୧୬ ଚକିଆ ହାଇୱା ଟ୍ରକ୍ ସେହି ରାସ୍ତା ଦେଇ ଯିବା ବେଳେ ତାଙ୍କୁ ଧକ୍କା ଦେଇଥିଲା ଫଳରେ ସେ ଚକତଳେ ଚାପି ହୋଇ ଯାଇଥିଲେ। ସ୍ଥାନୀୟ କର୍ମଚାରୀ ଏହା ଦେଖି ତାଙ୍କୁ ଉଦ୍ଧାର କରି ଚିକିତ୍ସା ନିମନ୍ତେ ରାଉରକେଲା ପଠାଇଥିଲେ ମଧ୍ୟ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଯୁବକ ଜଣକ ଖୁଣ୍ଟ ଗାଁ ପଞ୍ଚାୟତ ଦିଗି ଗ୍ରାମର ବୈଦେହି ବେହେରା (୨୫) ବୋଲି ଜଣାପଡ଼ିଛି। ସେ କିଛିମାସ ହେବ କାରଖାନାରେ ପୋକଲିନ୍ ହେଲ୍ପର ଭାବେ କାର୍ଯ୍ୟ କରୁଥିଲେ। ପରିବାରଲୋକେ ଓ ଗ୍ରାମବାସୀ ଖବରପାଇ କାରଖାନାକୁ ଆସିଥିବାବେଳେ କିଛି ସମୟ ପର୍ଯ୍ୟନ୍ତ ସେଠାରେ ଉତ୍ତେଜନା ପରିସ୍ଥିତି ସୃଷ୍ଟି ହୋଇଥିଲା। କ୍ଷତିପୂରଣ ସହ ବିଭିନ୍ନ ଦାବିରେ ପରିବାରଲୋକେ କାରଖାନା ସମ୍ମୁଖରେ ଅଡ଼ି ବସିଥିଲେ। ପରେ ଲହୁଣୀପଡ଼ା ପୁଲିସ ଓ ଶ୍ରମିକନେତାଙ୍କ ବୁଝାସୁଝା ପରେ ପରିସ୍ଥିତି ଶାନ୍ତ ପଡ଼ିବା ପରେ କାରଖାନା କାର୍ଯ୍ୟାଳୟ ପରିସରରେ ପରିବାରଲୋକେ, କାରଖାନା କର୍ତ୍ତୃପକ୍ଷ, ପୁଲିସ ଏବଂ ସ୍ଥାନୀୟନେତାଙ୍କ ମଧ୍ୟସ୍ଥତାରେ କ୍ଷତିପୂରଣ ନିମନ୍ତେ ଆଲୋଚନା ହୋଇଥିଲା। ଏଥିରେ ଲହୁଣୀପଡ଼ା ଥାନା ଅଧିକାରୀ ସୂରଜ ଝଙ୍କାର, ସିଆଇଟିୟୁ ଜିଲ୍ଲା ସମ୍ପାଦକ ପ୍ରମୋଦ ସାମଲ, ବିଜେପି ସମ୍ପାଦକ ଅଭିରାମ ମାହାକୁଡ଼, ସମିତି ସଭ୍ୟ ଅଶୋକ ବେହେରା, କାରଖାନା ଅଧିକାରୀ ଆଲୋକ ଚନ୍ଦ୍ରା, ଶ୍ରମିକ ସଂଘର ପ୍ରତିନିଧି ରଞ୍ଜିତ ପତି, ଶିଶିର ପାଢ଼ୀ, ସୁବାସ ପାଲ, ଖୁଣ୍ଟ ଗାଁ ସରପଞ୍ଚ ଉପସ୍ଥିତ ଥିଲେ। କ୍ଷତିପୂରଣ ବାବଦକୁ କାରଖାନା କର୍ତ୍ତୃପକ୍ଷ ୧୨ଲକ୍ଷ ଟଙ୍କା ଦେବାକୁ ରାଜି ହୋଇଥିଲେ। ଅନ୍ତ୍ୟେଷ୍ଟି କ୍ରିୟାପାଇଁ ୧ଲକ୍ଷ ଟଙ୍କା ନଗଦ ଦିଆଯାଇଥିବାବେଳେ ବକେୟା କ୍ଷତିପୂରଣ ରାଶି ଚେକ୍ ଆକାରରେ ଦେବାକୁ ସ୍ଥିର ହୋଇଥିଲା।

# ଆର୍‌ଏସ୍‌ପି ହିତାଧିକାରୀଙ୍କ ପ୍ରସ୍ତୁତ ଉତ୍ପାଦ ପ୍ରଦର୍ଶିତ

**ରାଉରକେଲା, ୩୦।୫ (ସମିସ) :** ରାଉରକେଲା ଇସ୍ପାତ କାରଖାନା (ଆରଏସ୍‌ପି)ର ସିଏସ୍‌ଆର ବିଭାଗର ହିତାଧିକାରୀଙ୍କ ଦ୍ୱାରା ପ୍ରସ୍ତୁତ ବିବିଧ ଆକର୍ଷଣୀୟ ହସ୍ତକଳା, ପୋଷାକ ଓ ଗୃହ ସାଜସଜ୍ଜା ସାମଗ୍ରୀ ଦିନିକିଆ ପ୍ରଦର୍ଶନୀରେ ପ୍ରଦର୍ଶିତ ହୋଇଥିଲା। ଏହି ମନୋରମ ଉତ୍ପାଦ ଗୁଡିକ ପାର୍ଶ୍ୱବର୍ତ୍ତୀ ନୂଆଗାଁ ଗ୍ରାମର ବଞ୍ଚିତ ଶ୍ରେଣୀର ମହିଳାମାନଙ୍କ ପାଇଁ ଆୟୋଜିତ ତିନି ମାସ ବ୍ୟାପୀ ତାଲିମ କାର୍ଯ୍ୟକ୍ରମର ଫଳାଫଳ ଥିଲା। ମହିଳାମାନଙ୍କ ମଧ୍ୟରେ କୌଶଳ ବିକାଶ ଏବଂ ସ୍ଥାୟୀ ଜୀବିକା ସୃଷ୍ଟି ମାଧ୍ୟମରେ ସେମାନଙ୍କୁ ଆର୍ଥିକ ସଶକ୍ତ କରିବା ଲକ୍ଷ୍ୟରେ ତାଲିମ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ପ୍ରଦର୍ଶିତ ଉତ୍ପାଦଗୁଡ଼ିକର ଗୁଣବତ୍ତା ଏବଂ କଳାତ୍ମକ ମୂଲ୍ୟର ପ୍ରଶଂସା କରିବା ସହ ସାମଗ୍ରୀଗୁଡିକର କ୍ରୟ ମଧ୍ୟ କରିଥିଲେ। ଏହି ତାଲିମରେ କନ୍ଥା ସିଲେଇର ଜଣେ ମାଷ୍ଟର ଟ୍ରେନର କନ୍ଥା ସିଲେଇ, ବସ୍ତ୍ରକଳା, ବିଷୟରେ ଅଂଶଗ୍ରହଣକାରୀମାନଙ୍କୁ ପ୍ରୟୋଗାତ୍ମକ ତାଲିମ ପ୍ରଦାନ କରିବା ସହିତ ପୋଷାକ, ଆନୁଷଙ୍ଗିକ ସାମଗ୍ରୀ ଏବଂ ଘର ସାଜସଜ୍ଜା ସାମଗ୍ରୀ ଭଳି ବଜାର-ପ୍ରସ୍ତୁତ ଉତ୍ପାଦ ତିଆରି କରିବାରେ ମାର୍ଗଦର୍ଶନ କରିଥିଲେ। ଦାରିଦ୍ର୍ୟ ରେଖା ତଳେ ଥିବା ପରିବାରର ୧୫ ରୁ ୪୫ ବର୍ଷ ବୟସର ମହିଳାଙ୍କୁ ସେମାନଙ୍କ ମୌଳିକ ଶିକ୍ଷା ଏବଂ ପୂର୍ବ ଚିତ୍ରକଳା ଦକ୍ଷତା ଆଧାରରେ ଅଂଶଗ୍ରହଣ ନିମନ୍ତେ ଚୟନ କରାଯାଉଛି।



# ବ୍ରିଟିଶ୍ ସେଫ୍ଟି କାଉନସିଲ୍ ଦ୍ୱାରା ଆର୍‌ଏସ୍‌ପି ପୁରସ୍କୃତ

**ରାଉରକେଲା, ୩୦।୫ (ସମିସ):** ରାଉରକେଲା ଇସ୍ପାତ କାରଖାନାକୁ ବ୍ରିଟିଶ୍ ସେଫ୍ଟି କାଉନସିଲ୍ ଦ୍ୱାରା ମେରିଟ୍ ବର୍ଗ ଅଧୀନରେ ସମ୍ମାନଜନକ ଅନ୍ତର୍ଜାତୀୟ ସୁରକ୍ଷା ପୁରସ୍କାର ପ୍ରଦାନ କରାଯାଇଛି। ଏହା ୨୦୨୪ରେ ସ୍ୱାସ୍ଥ୍ୟ, ସୁରକ୍ଷା ଏବଂ ସୁସ୍ଥତା ପ୍ରତି ଆରଏସପିର ପ୍ରତିବଦ୍ଧତାକୁ ପ୍ରଦର୍ଶନ କରିବା ସହିତ ସ୍ୱୀକୃତି ପ୍ରଦାନ କରୁଛି। ମେ’ ୨୯ ତାରିଖରେ ମୁମ୍ବାଇର ଜେଡବ୍ଲୁମାରିଅଟ୍ ଠାରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ବ୍ରିଟିଶ୍ ସେଫ୍ଟି କାଉନସିଲ୍, ଟ୍ରଷ୍ଟି ଏବଂ ବୋର୍ଡ ସଦସ୍ୟ ଜୋନାଥନ୍ ଗାଓ୍ୱଥ୍ରପ୍ ଏହି ପୁରସ୍କାର ପ୍ରଦାନ କରିଥିଲେ। ଆରଏସପି ପକ୍ଷରୁ ସୁରକ୍ଷା ଓ ଅଗ୍ନିଶମ ସେବା ବିଭାଗର ସିଜିଏମ୍ ଆଶା ଏସ୍‌କାର୍ଥା ଏହି ପୁରସ୍କାରଗ୍ରହଣ କରିଥିଲେ। ଏହି ସମ୍ମାନଜନକ ମାନ୍ୟତା ଆର୍‌ଏସ୍‌ପିର ସୁରକ୍ଷା ସଂସ୍କୃତି, କଠୋର ପ୍ରୋଟୋକଲ୍ ଏବଂ ଏହାର ସମସ୍ତ କର୍ମଚାରୀ ଏବଂ ଅଂଶୀଦାରମାନଙ୍କ ପାଇଁ ଏକ ନିରାପଦ କାର୍ଯ୍ୟ ପରିବେଶ ସୃଷ୍ଟି କରିବା ପାଇଁ ନିରନ୍ତର ପ୍ରୟାସର ଏକ ପ୍ରତିଫଳନ। ଉଲ୍ଲେଖନୀୟଯେ, ଆରଏସ୍‌ପି ଶୂନ୍ୟ ଆଘାତର ରଣନୈତିକ ଲକ୍ଷ୍ୟ ହାସଲ କରିବା ପାଇଁ ବିଭିନ୍ନ ପଦକ୍ଷେପ କାର୍ଯ୍ୟକାରୀ କରିଛି। ଇସ୍ପାତ କାରଖାନା ପ୍ରୋଜେକ୍ଟ ନିଶ୍ଚୟ ଅଧୀନରେ ଏକ ବ୍ୟାପକ ସର୍ଭେ ସମ୍ପନ୍ନ କରିବା, ସଚେତନତା ସୃଷ୍ଟି କରିବା ଏବଂ କାର୍ଯ୍ୟକ୍ଷେତ୍ରରେ ସୁରକ୍ଷା ବୃଦ୍ଧି କରିବା ପାଇଁ ଏକ ବିଶାଳ ଅଭିଯାନ ହାତକୁ ନେଇଥିଲା। ଏହି ପ୍ରୟାସଗୁଡ଼ିକ କାରଖାନାକୁ ୨୦୨୪-୨୫ ଆର୍ଥିକ ବର୍ଷ ପାଇଁ ଶୂନ୍ୟ ଦୁର୍ଘଟଣା ଜନିତ ମୃତ୍ୟୁହାର ରେକର୍ଡ କରିବାରେ ସାହାଯ୍ୟ କରିଥିଲା ଏବଂ ଏପର୍ଯ୍ୟନ୍ତ ଶୂନ୍ୟ ଦୁର୍ଘଟଣା ଜନିତ ମୃତ୍ୟୁ ଦିବସ ୬୬୫ ଦିନରେ ପହଞ୍ଚିଛି। ଆର୍‌ଏସ୍‌ପି ୨୦୨୪-୨୫ ଆର୍ଥିକ ବର୍ଷରେ ୦.୦୧୬୫ ରିପୋର୍ଟେବଲ୍ ଲସ୍ ଟାଇମ୍ ଫ୍ରିକ୍ୱେନ୍ସି ହାର (ଆରଏଲଟିଏଫଆର) ରେକର୍ଡ କରିଛି ଯାହା ନା କେବଳ ସେଲରେ ସର୍ବୋତ୍ତମ ବରଂ ୦.୦୮ ଶିଳ୍ପ ମାନଦଣ୍ଡ ଠାରୁ ମଧ୍ୟ ଉନ୍ନତ ଅଟେ।




# ନଦୀରେ ବୁଡ଼ି ଯୁବକଙ୍କ ମୃତ୍ୟୁ

**ରାଉରକେଲା, ୩୦।୫ (ସମିସ):** ସ୍ଥାନୀୟ ସେକ୍ଟର -୧୯ ଥାନା ଅଧୀନ ହମିରପୁରସ୍ଥିତ କୋଏଲ ନଦୀରେ ଗାଧୋଇବାବେଳେ ଯୁବକଙ୍କ ସଲିଳ ସମାଧି ହୋଇଥିବା ଜଣାପଡ଼ିଛି। ମୃତ ଯୁବକ ହେଉଛନ୍ତି ହମିରପୁର ବସ୍ତିର ରାଜେଶ କୁମ୍ଭାର (୩୫)। ସେ ଗୁରୁବାର ନଦୀକୁ ଗାଧୋଇବାକୁ ଯାଇ ଆଉ ଘରକୁ ଫେରି ନ ଥିଲେ। ପରିବାର ଖୋଜାଖୋଜି କରିବା ସତ୍ତ୍ୱେ ସନ୍ଧାନ ପାଇ ନ ଥିଲେ। ଶୁକ୍ରବାର ସକାଳେ ଲୋକେ ନଦୀକୁ ଯାଇଥିବା ବେଳେ କୂଳରେ ଭାସୁଥିବା ଦେଖିବାକୁ ପାଇଥିଲେ। ସଙ୍ଗେ ସଙ୍ଗେ ଉଦ୍ଧାର କରାଯାଇ ଡାକ୍ତରଖାନାକୁ ନିଆଯାଇଥିଲା। ମାତ୍ର ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମୃତ୍ୟୁର କାରଣ ସ୍ପଷ୍ଟ ହୋଇପାରି ନାହିଁ। ପୁଲିସ ଘଟଣାର ତଦନ୍ତ ଚଳାଇଛି।

# ବିଜ୍ଞାନ ଓ ପ୍ରଯୁକ୍ତି ବିଦ୍ୟା ମନ୍ତ୍ରୀଙ୍କ ପ୍ଲାନେଟୋରିମ ପ୍ରକଳ୍ପ ସ୍ଥଳ ପରିଦର୍ଶନ

**ରାଉରକେଲା, ୩୦।୫ (ସମିସ):** ରାଜ୍ୟ ସରକାରଙ୍କ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ତଥା ବିଜ୍ଞାନ ଓ ପ୍ରଯୁକ୍ତି ବିଦ୍ୟା ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର ରାଉରକେଲା ଗସ୍ତରେ ଆସି ଛେଣ୍ଡ ଠାରେ ନିର୍ମାଣାଧୀନ ବିଜ୍ଞାନ ପାର୍କ ଓ ପ୍ଲାନେଟୋରିମ ପ୍ରକଳ୍ପସ୍ଥଳ ପରିଦର୍ଶନ କରିଥିଲେ। ନିର୍ମାଣ ସମୀକ୍ଷା କରିବା ସହ ପ୍ରକଳ୍ପ କାର୍ଯ୍ୟ ଖୁବ୍‌ଶୀଘ୍ର ଶେଷ କରିବାକୁ ଉପସ୍ଥିତ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଶ୍ରୀ ପାତ୍ରଙ୍କ ସହିତ ରଘୁନାଥପାଲି ବିଧାୟକ ଦୁର୍ଗା ଚରଣ ତନ୍ତୀ ମଧ୍ୟ ଯୋଗ ଦେଇଥିଲେ। ପ୍ଲାନେଟେରିୟମ ପ୍ରକଳ୍ପସ୍ଥଳ ପରିଦର୍ଶନ କରି ମନ୍ତ୍ରୀ ଶ୍ରୀ ପାତ୍ର କହିଥିଲେ ଯେ ଏହି ପ୍ରକଳ୍ପ ଆଗାମୀ ଦିନରେ ବିଜ୍ଞାନର ପ୍ରଚାରପ୍ରସାର ସହ ଛାତ୍ରଛାତ୍ରୀଙ୍କ ମଧ୍ୟରେ ବିଜ୍ଞାନପ୍ରତି ଅଧିକ ଆଗ୍ରହ ସୃଷ୍ଟି କରିବାଦିଗରେ ନିଶ୍ଚୟ ସହାୟକ ହେବ। ରାଉରକେଲାର ଏହା ଏକ ପ୍ରମୁଖ ଲୋକପ୍ରିୟ ସ୍ଥାନ ଭାବରେ ପରିଚୟ ପାଇବ। ଏହି ଅବସରରେ ରାଉରକେଲା ମହାନଗର ନିଗମ ଆୟୁକ୍ତ ଆଶୁତୋଷ କୁଲକର୍ଣ୍ଣିଙ୍କ ସହ ଅନ୍ୟ ବିଭାଗୀୟ ଅଧିକାରୀମାନେ ଉପସ୍ଥିତ ଥିଲେ।



# ଆଜବେଷ୍ଟସ୍ ଭାଙ୍ଗି ଦୋକାନରୁ ଚୋରି

**ରାଉରକେଲା, ୩୦।୫ (ସମିସ):** ପ୍ଲାଣ୍ଟସାଇଟ୍ ଥାନାଠାରୁ ମାତ୍ର କିଛି ମିଟର ଦୂରରେ ଥିବା ଦୋକାନଗୁଡିକର ଆଜବେଷ୍ଟସ ଭାଙ୍ଗି ଚୋରି ହୋଇଥିବା ଅଭିଯୋଗ ହୋଇଛି। ସୂଚନା ମୁତାବକ, ଥାନା ଗଳିରେ ବିଭିନ୍ନ ଦୋକାନ ରହିଛି। ଗୁରୁବାର ବିଳମ୍ବିତ ରାତିର ସୁଯୋଗ ନେଇ ଦୁର୍ବୃତ୍ତ ମାନେ ଚୋରିକରି ଫେରାର ହୋଇଯାଇଥିଲେ। ଶୁକ୍ରବାର ସକାଳେ ଦୋକାନ ଖୋଲିବା ପରେ ଘଟଣା ବିଷୟରେ ଜଣାପଡ଼ିଥିଲା। ଦୁର୍ବୃତ୍ତମାନେ ପ୍ରାୟ ୩ଟି ଦୋକାନରୁ ପ୍ରାୟ ୧୦ ହଜାର ଟଙ୍କାରୁ ଊର୍ଦ୍ଧ୍ୱ ଟଙ୍କା ଚୋରି କରି ନେଇଥିବା ଜଣାପଡ଼ିଛି। ସୂଚନାଯୋଗ୍ୟ ଯେ, ଗତ ୨୪ ତାରିଖରେ ଥାନା ପଛ ପାଖରେ ଥିବା ପୁଲିସ କଲୋନୀରେ ରହୁଥିବା କନଷ୍ଟେବଲ ସୁବ୍ରତ ହୋତା ଘରେ ତାଲା ପକାଇ ପରିବାର ସହ ଲାଠିକଟା ଯାଇଥିଲେ। ଏହାର ସୁଯୋଗ ନେଇ ଦୁର୍ବୃତ୍ତମାନେ କବାଟ ତାଲା କାଟି ଆଲମାରିରୁ ପ୍ରାୟ ୧୫ ଭରି ସୁନା ସମେତ ଅନ୍ୟ ସାମଗ୍ରୀ ଚୋରି କରି ନେଇଥିଲେ। ଏହି ଘଟଣାକୁ ୭ ଦିନ ବିତି ଯାଇଥିଲେ ସୁଦ୍ଧା ପୁଲିସ କାହାରିକୁ ଗିରଫ କରିପାରି ନାହିଁ। ଅପରପକ୍ଷେ ପୁଣି ଦୋକାନରୁ ଚୋରି ଘଟଣାକୁ ଦେଖିଲେ ପୁଲିସକୁ ଖୋଲା ଚ୍ୟାଲେଞ୍ଜ ଦୁର୍ବୃତ୍ତମାନେ ଦେଇଥିବା ସ୍ଥାନୀୟ ଅଞ୍ଚଳରେ ଚର୍ଚ୍ଚା ଚାଲିଛି।

# ୫ ସ୍ପଞ୍ଜ କାରଖାନା ବନ୍ଦ କଲା ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ

**ରାଉରକେଲା, ୩୦।୫ (ସମିସ):** ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ (ଏସ୍‌ପିସିବି) ପକ୍ଷରୁ ୫ଟି ସ୍ପଞ୍ଜ କାରଖାନାକୁ ବନ୍ଦ କରାଯାଇଛି। କୁଆଁରମୁଣ୍ଡା ଅଞ୍ଚଳର ସ୍ପଞ୍ଜ ଲୁହା ଶିଳ୍ପ ଦ୍ୱାରା ହେଉଥିବା ବାୟୁ ପ୍ରଦୂଷଣ ସମ୍ପର୍କରେ କୁଆଁରମୁଣ୍ଡା ଅଞ୍ଚଳରୁ ଅନେକ ଅଭିଯୋଗ ଆସିବା ପରେ ପାଞ୍ଚଟି ସ୍ପଞ୍ଜ ଲୁହା ଶିଳ୍ପରେ ଅଚାନକ ଯାଞ୍ଚ କରାଯାଇଥିଲା। ଯାଞ୍ଚ ବଳେ ସମ୍ପୃକ୍ତ କାରଖାନା ଗୁଡିକ ନିୟମ ମାନି ନ ଥିବା ଓ ପରିବେଶକୁ ପ୍ରଦୂଷିତ କରୁଥିବା ଜଣାପଡ଼ିଥିଲା। ଏ ସମ୍ପର୍କରେ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ମୁଖ୍ୟ କାର୍ଯ୍ୟାଳୟକୁ ସୂଚିତ କରାଯିବା ସହ ରିପୋର୍ଟ ଦାଖଲ କରାଯାଇଥିଲା। ତଦନୁସାରେ ସ୍ୱସ୍ତିକ ଇସ୍ପାତ ପ୍ରାଇଭେଟ୍ ଲିମିଟେଡ୍, ମା’ ସାକମ୍ବାରୀ ସ୍ପଞ୍ଜ ପ୍ରାଇଭେଟ୍ ଲିମିଟେଡ୍, ଖାଦେରିଆ ଇସ୍ପାତ ପ୍ରାଇଭେଟ୍ ଲିମିଟେଡ୍ ଓ ଠାକୁର ପ୍ରସାଦ ସାଓ ଆଣ୍ଡ ସନ୍ସ ପ୍ରାଇଭେଟ୍ ଲିମିଟେଡ୍ (ୟୁନିଟ୍ ୧ ଏବଂ ୟୁନିଟ୍ ୩)କୁ ବନ୍ଦ ନିର୍ଦ୍ଦେଶ ଜାରି କରାଯାଇଛି।

# ସିଆଇଟିୟୁର ପ୍ରତିଷ୍ଠା ଦିବସ

**ରାଉରକେଲା, ୩୦।୫ (ସମିସ):** ଭାରତର ଟ୍ରେଡ୍ ୟୁନିୟନ କେନ୍ଦ୍ର (ସି ଆଇଟିୟୁ)ର ୫୬ତମ ପ୍ରତିଷ୍ଠା ଦିବସ ଆଜି ସ୍ଥାନୀୟ ସେକ୍ଟର-୧୬ ଶ୍ରମିକଭବନ ସ୍ଥିତ ସିଆଇଟିୟୁ ଜିଲ୍ଲା କାର୍ଯ୍ୟାଳୟଠାରେ ପାଳିତ ହୋଇଛି। ଜିଲ୍ଲା କମିଟିର ବରିଷ୍ଠ ଉପସଭାପତି ଶ୍ରୀମନ୍ତ ବେହେରାଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସିଆଇଟିୟୁ ସହବନ୍ଧିତ ଜିଲ୍ଲାର ସମସ୍ତ ୟୁନିୟନର ନେତୃତ୍ୱ ଏହି ପ୍ରତିଷ୍ଠା ଦିବସ କାର୍ଯ୍ୟକ୍ରମରେ ଯୋଗ ଦେଇଥିବାବେଳେ ଉଭୟ ନେତୃତ୍ୱ ବକ୍ତବ୍ୟ ରଖି ଆଜିର ଦିନରେ ୧୯୭୦ ମସିହା ମେ’ ୨୮ ରୁ ୩୦ ତାରିଖରେ ସିଆଇଟିୟୁ ତା’ର ପ୍ରଥମ ସର୍ବଭାରତୀୟ ସମ୍ମିଳନୀ କଲିକତା ଠାରେ ଆୟୋଜିତ କରି ତାର ପ୍ରତିଷ୍ଠା ଘୋଷଣା କରିଥିଲା। ଏହାର ପ୍ରଥମ ସଭାପତି ହୋଇଥିଲେ ବର୍ଷୀୟାନ ଶ୍ରମିକ ନେତା ବିଟି ରଣଦିଭେ ଓ ସାଧାରଣ ସମ୍ପାଦକ ନିର୍ବାଚିତ ହୋଇଥିଲେ ପି ରାମମୂର୍ତ୍ତୀ। ଅନ୍ୟମାନଙ୍କ ମଧ୍ୟରେ ବିପି ମହାପାତ୍ର, ସୁରେନ୍ଦ୍ର ଦାଶ, ରାଜକିଶୋର ପ୍ରଧାନ, ଅଜୟ ଶର୍ମା, ଯଯାତୀ କେଶରୀ ସାହୁ, ପ୍ରଦୀପ ସେଠୀ, ଏନ୍‌ଏନ୍ ପାଣିଗ୍ରାହୀ, ଲକ୍ଷ୍ମୀଧର ନାୟକ, ବିଶ୍ୱଜିତ ମାଝୀ, ପ୍ରଭାତ ମହାନ୍ତି, ଦିବାକର ମହାରଣା, ଅରୁଣ ମହାରଣା, ଚନ୍ଦ୍ରଭାନୁ ଦାସ, ସୁରେନ୍ଦ୍ର ମହାନ୍ତି, ବୁବୁନ ମାଇତି, ଯଜ୍ଞେଶ୍ୱର ସାହୁ, ଅକ୍ଷୟ ରାଉତ, ସଚିନ୍ ରାୟ, ଶିବରାମ ବେହେରା, ଜୀବନ ବରିହା, ଏନ୍‌କେ ରାଉତରାୟ, ବଛିରାମ ବେହେରା, କୁବେର ଖାଁ, ସାଗର ଛୋଟରାୟ, ବିଶ୍ୱରଞ୍ଜନ ମଲ୍ଲିକ, ଶତ୍ରୁଘ୍ନ ବେହେରା, ଗୋବିନ୍ଦ ବାରିକ୍, ଜିକେ ନାୟକ, ଶୁଭେନ୍ଦୁ ମହାନ୍ତିଙ୍କ ସମେତ ସମସ୍ତ ସହବନ୍ଧିତ ୟୁନିୟନର ନେତୃତ୍ୱ ସାମିଲ ହୋଇଥିଲେ।

## ଏନ୍‌ଆଇଟିର ନୂତନ ଉଦ୍ଭାବନ

# ବର୍ଜ୍ୟବସ୍ତୁ ଉପଚାର ଲାଗି ଫଟୋକାଟାଲିଟିକ୍ କଂକ୍ରିଟ୍ ବିଡ୍ ବିକାଶ





**ରାଉରକେଲା, ୩୦।୫ (ସମିସ)**


ଜାତୀୟ ପ୍ରଯୁକ୍ତି ପ୍ରତିଷ୍ଠାନ ରାଉରକେଲାର (ଏନ୍‌ଆଇଟି ରାଉରକେଲା) ଗବେଷଣା ଦଳ ସୂର୍ଯ୍ୟକିରଣ ବ୍ୟବହାର କରି ଶିଳ୍ପ ଆବର୍ଜନା ଜଳ ସଫା କରିବାରେ ସକ୍ଷମ ଏକ ପୁନଃବ୍ୟବହାରଯୋଗ୍ୟ ଫଟୋକାଟାଲିଷ୍ଟ ସିଷ୍ଟମ ବିକଶିତ କରିଛନ୍ତି। ଗୋଲାକାର କଂକ୍ରିଟ୍ ବିଡ୍ ଉପରେ ଆଧାରିତ, ଏହି ଅଭିନବ ପ୍ରଯୁକ୍ତି ଶିଳ୍ପରୁ ନିର୍ଗତ ହେବା ଦ୍ୱାରା ହେଉଥିବା ଜଳ ପ୍ରଦୂଷଣର ଏକ କମ ମୂଲ୍ୟ ଏବଂ ପରିବେଶ ଅନୁକୂଳ ସମାଧାନ ପ୍ରଦାନ କରିପାରିବ। ଏହି ଗବେଷଣାର ନିଷ୍କର୍ଷଗୁଡ଼ିକ ପ୍ରତିଷ୍ଠିତ ଜର୍ଣ୍ଣାଲ୍ ଅଫ୍ ୱାଟର୍ ପ୍ରୋସେସ୍ ଇଞ୍ଜିନିୟରିଂରେ ପ୍ରକାଶିତ ହୋଇଛି।

ଏହି ଗବେଷଣା ପତ୍ରଟି ଏନ୍‌ଆଇଟି ରାଉରକେଲାର ବାୟୋଟେକ୍ନୋଲୋଜି ଏବଂ ମେଡିକାଲ ଇଞ୍ଜିନିୟରିଂ ବିଭାଗର ପ୍ରଫେସର ଶୁଭଙ୍କର ପାଲ, ଗବେଷଣା ସ୍ନାତକ ଡକ୍ଟର ସୋହେଲ ଦାସ ଏବଂ ରିସର୍ଚ୍ଚ ସ୍କଲାର୍ ଶ୍ରୀ ଉମା ଶଙ୍କର ମଣ୍ଡଳଙ୍କ ଦ୍ୱାରା ଲେଖାଯାଇଛି। ଗବେଷଣା ଦଳ ବିକଶିତ ପ୍ରଯୁକ୍ତିବିଦ୍ୟା ଉପରେ ଦୁଇଟି ପେଟେଣ୍ଟ ମଧ୍ୟ ଦାଖଲ କରିଛନ୍ତି, ଯାହାକି ପ୍ରଫେସର ଶୁଭଙ୍କର ପାଲ, ଉମାଶଙ୍କର ମଣ୍ଡଳ, ଆଶୁତୋଷ ସିଂହ ଏବଂ ଡ. ସୋହେଲ ଦାସଙ୍କ ଦ୍ୱାରା ଉଦ୍ଭାବନ କରାଯାଇଛି। ବ୍ୟବହାରିକ ପ୍ରୟୋଗରେ ବିକଶିତ ଫଟୋକାଟାଲିଷ୍ଟର କାର୍ଯ୍ୟଦକ୍ଷତା ବିଷୟରେ ଏନ୍‌ଆଇଟି ରାଉରକେଲାର ବାୟୋଟେକ୍ନୋଲୋଜି ଏବଂ ମେଡିକାଲ ଇଞ୍ଜିନିୟରିଂ ବିଭାଗର ପ୍ରଫେସର ଶୁଭଙ୍କର ପାଲ କହିଛନ୍ତି, ଯେତେବେଳେ ସୂର୍ଯ୍ୟ କିରଣର ଉପସ୍ଥିତିରେ ଉଚ୍ଚ ରାସାୟନିକ ଅମ୍ଳଜାନ ଚାହିଦା (ସିଓଡି) ସହିତ ସିମୁଲେଟେଡ୍ ବର୍ଜ୍ୟଜଳ ଉପରେ ପରୀକ୍ଷଣ କରାଯାଇଥିଲା, ସେତେବେଳେ ସିଷ୍ଟମ ସିଓଡିକୁ ୮୨%ରୁ ଅଧିକ ହ୍ରାସ କରିଥିଲା, ଯାହା ଜଳ ଗୁଣବତ୍ତାର ଏକ ପ୍ରମୁଖ ସୂଚକ ଅଟେ। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଫଟୋକାଟାଲିଷ୍ଟ ସିଷ୍ଟମ୍ ୧୫ ଥର ପୁନଃବ୍ୟବହାର ପରେ ମଧ୍ୟ ଏହାର ଦକ୍ଷତାର ୯୦%ରୁ ଅଧିକ ବଜାୟ ରଖିଥିଲା।

ଜଳ ପ୍ରଦୂଷଣ ଉପରେ ବିଶ୍ୱବ୍ୟାପୀ ଚିନ୍ତା ବୃଦ୍ଧି ପାଉଥିବାରୁ ଏନ୍‌ଆଇଟି ରାଉରକେଲାର ଏହି ନବସୃଜନ ଆହ୍ୱାନର ମୁକାବିଲା ପାଇଁ ଏକ ସମୟୋଚିତ ଓ ସ୍ଥାୟୀ ପ୍ରତିକ୍ରିୟା ପ୍ରଦାନ କରୁଛି।

ସକାଳ THE SAKALA

# ସମ୍ପାଦକୀୟ



ମାନବ ବିକାଶ ଲକ୍ଷ୍ୟରେ ସାମର୍ଥ୍ୟ ନିବେଶ ବିନା ଅର୍ଥନୈତିକ ଅଭିବୃଦ୍ଧି ଦୀର୍ଘସ୍ଥାୟୀ ଓ ନୀତିଗତ ହୋଇପାରେନାହିଁ।
-ଅମର୍ତ୍ତ୍ୟ ସେନ୍

## ଟ୍ରମ୍ପଙ୍କୁ ପାନେ

କ୍ଷମତା ସହ ରାଜନୈତିକ ଆଦର୍ଶ, ନୀତି ଓ ବିଚାରବୋଧର କୌଣସି ସମ୍ପର୍କ ନାହିଁ। କାରଣ ଆର୍ଥିକ ଶକ୍ତି ଓ ସାମର୍ଥ୍ୟ ମାଧ୍ୟମରେ ପ୍ରତିଷ୍ଠା ଓ ପ୍ରଭୁତ୍ୱ ଜାହିର କରିବା ଏକ ଗ୍ରହଣଯୋଗ୍ୟ ବ୍ୟବସ୍ଥାରେ ପରିଣତ ହୋଇଛି। ତେଣୁ ଯୁଦ୍ଧମୁକ୍ତ ବିଶ୍ୱ ସମ୍ଭାବନା କ୍ରମେ ଊଣା ହେବାରେ ଲାଗିଛି। ଏଭଳି ପରିସ୍ଥିତିରେ ନିଜେ ପ୍ରତ୍ୟକ୍ଷ ସମ୍ପୃକ୍ତ ହେବା ଅପେକ୍ଷା ଅନୁଗତଙ୍କୁ ଲଢ଼େଇ ଦେଇ ଯୁଦ୍ଧାସ୍ତ୍ରର ବେପାର ସକାଶେ କ୍ଷେତ୍ର ପ୍ରସ୍ତୁତ କରିବା ହେଉଛି ପ୍ରଚଳିତ ବାଣିଜ୍ୟ ନୀତିର ଅଂଶବିଶେଷ। ଆର୍ଥିକ ଦୃଷ୍ଟିରୁ ବିଶ୍ୱର ସର୍ବଶକ୍ତିମାନ ରାଷ୍ଟ୍ର ଆମେରିକା ଓ ଚୀନ ପରସ୍ପରର ପ୍ରତିଯୋଗୀ ହେଲେ ମଧ୍ୟ ପ୍ରତ୍ୟକ୍ଷ ଭାବେ ଯୁଦ୍ଧ ଲଢୁନାହାନ୍ତି। ଅଥଚ ସେମାନଙ୍କ ଅସ୍ତ୍ରଶସ୍ତ୍ର ବେପାର ବଢ଼ି ଚାଲିଛି। ଅନ୍ୟପକ୍ଷରେ ଆର୍ଥିକ ଶକ୍ତି, ସାମର୍ଥ୍ୟ ଓ ସମୃଦ୍ଧି ହାସଲ ସକାଶେ ଯେଉଁ ରାଷ୍ଟ୍ର ନିରବଚ୍ଛିନ୍ନ ପ୍ରୟାସ ଜାରି ରଖିଛନ୍ତି ସେମାନଙ୍କ ଅତିକ୍ରମଣ ଓ ଅଗ୍ରଗତିକୁ ବାଧା ଦେବାକୁ ଏହି ଦୁଇରାଷ୍ଟ୍ର ତତ୍ପର। ଏମାନଙ୍କ ବିଚିତ୍ର ଭୂମିକାକୁ ଦେଖିଲେ ମନେହୁଏ, ଉଭୟ ଭୂତ ଓ ଗୁଣିଆ ହୋଇ ଅନ୍ୟମାନଙ୍କ ଅଗ୍ରସରକୁ ଗତିରୋଧ କରୁଛନ୍ତି। ଟ୍ରମ୍ପଙ୍କ କର୍ପୋରେଟ ସହଯୋଗୀ ଏଲନ ମସ୍କ ନୂଆ ପ୍ରଶାସନିକ ବ୍ୟବସ୍ଥାରେ ସବୁଠାରୁ କ୍ଷମତା ସମ୍ପନ୍ନ ଥିଲେ। ଏପରିକି ଟାରିଫ ଯୁଦ୍ଧରେ ସମସ୍ତଙ୍କୁ ନାଲିଆଖି ଦେଖାଇ ନିଜ ଫାଇଦା ହାସଲ କରିଚାଲିଥିଲେ। ସରକାରୀ ଦକ୍ଷତା ବିଭାଗ ଦାୟିତ୍ୱରେ ରହି ସେ ଏପରି କିଛି କାମକଲେ, ଯାହା ତାଙ୍କୁ ସାଧାରଣରେ ନିନ୍ଦିତ କଲା। କ୍ଷମତା ଓ ବେପାର ଏକାସାଙ୍ଗେ ଚାଲେନି। ଏକଥା ବୁଝିବାକୁ ତାଙ୍କୁ ୪ମାସ ଲାଗିଗଲା। ଶେଷରେ ସେ ଦେଇଥିବା ଇସ୍ତଫା ଏବେ ଚର୍ଚ୍ଚାର ବିଷୟ ହୋଇଛି। ଆମେରିକାର ରାଷ୍ଟ୍ରପତି ଡୋନାଲ୍ ଟ୍ରମ୍ପ ବାଣିଜ୍ୟଯୁଦ୍ଧ ମାଧ୍ୟମରେ ସମସ୍ତଙ୍କୁ ନାଲିଆଖି ଦେଖାଉଥିବା ବେଳେ ଚୀନ ଆର୍ଥିକ ଦୃଷ୍ଟିରୁ ଦୁର୍ବଳରାଷ୍ଟ୍ରଙ୍କୁ ଆର୍ଥିକ ସହାୟତା ଯୋଗାଇ ଶୋଷଣ କରିଚାଲିଛି। ଏହି ବିଚିତ୍ର ପରିସ୍ଥିତିରେ ଭାରତ – ପାକିସ୍ତାନ ଯୁଦ୍ଧ ବିରତି ସ୍ୱତନ୍ତ୍ର ଆଲୋଚନା ଦାବି କରେ।

ବାଣିଜ୍ୟ ସମ୍ପର୍କ ଛିନ୍ନ କରିବାର ନାଲି ଆଖି ଦେଖାଇ ଉଭୟ ଭାରତ ଓ ପାକିସ୍ତାକୁ ଯୁଦ୍ଧ ବିରତି ସକାଶେ ରାଜି କରାଇଛନ୍ତି ବୋଲି ଟ୍ରମ୍ପ ଯେଉଁ ଦାବି କରିଛନ୍ତି ତାହା ଆମେରିକାର ଆନ୍ତର୍ଜାତିକ ବାଣିଜ୍ୟ ଅଦାଲତ କ୍ଷମତା ବହିର୍ଭୂତ କାର୍ଯ୍ୟ ବୋଲି ଦର୍ଶାଇଛନ୍ତି। ଏହା ସଂଘୀୟ ସାମ୍ବିଧାନିକ ବ୍ୟବସ୍ଥାର ଅତିକ୍ରମଣ ବୋଲି ଦିଆଯାଇଥିବା ମନ୍ତବ୍ୟକୁ ଉଚ୍ଚ ଅଦାଲତରେ ଚ୍ୟାଲେଞ୍ଜ କରିବା ବ୍ୟତୀତ ଟ୍ରମ୍ପ ପ୍ରଶାସନ ପାଖରେ ଅନ୍ୟ କୌଣସି ପନ୍ଥା ନଥିଲା। ତାହା ହିଁ ଟ୍ରମ୍ପଙ୍କ ପକ୍ଷରୁ କରାଯାଇଛି ଏବଂ ସାମୟିକ ଆଶ୍ୱସ୍ତି ମିଳିଛି। ଆନ୍ତର୍ଜାତିକ ବାଣିଜ୍ୟ ଅଦାଲତଙ୍କ ନିର୍ଦ୍ଦେଶ ଉପରେ ୟୁଏସ୍ କୋର୍ଟ ଅଫ୍ ଆପିଲ୍ ରହିତାଦେଶ ଜାରି କରିଛନ୍ତି। ଅର୍ଥାତ୍ ଟ୍ରମ୍ପଙ୍କ ଟାରିଫ୍ ନୀତି ବଳବତ୍ତର ରହିବ। ଅଦାଲତରେ ଟ୍ରମ୍ପଙ୍କ ଶାସନତନ୍ତ୍ର ମିଳିତ ଭାବେ ଏହି ପଦକ୍ଷମତାକୁ ଜାହିର କରୁଥିବା ବେଳେ ଆମପକ୍ଷରୁ ଯେଉଁ ଢଙ୍ଗରେ ଖଣ୍ଡନ କରାଯିବା କଥା ତାହା ଏ ପର୍ଯ୍ୟନ୍ତ ହୋଇନି। କେବଳ ବୈଦେଶିକ ସଚିବ ବିକ୍ରମ ମିଶ୍ରି ସରକାରଙ୍କ ପକ୍ଷରୁ ସ୍ପଷ୍ଟୀକରଣ ଦେଇ କହିଛନ୍ତି ଯେ ଦୁଇ ରାଷ୍ଟ୍ରର ଜିଜିଏମ୍ଓ ସ୍ତରରେ ଯୁଦ୍ଧ ବିରତି ପ୍ରସ୍ତାବ ସ୍ଥିରୀକୃତ ହୋଇଛି। ଏ କ୍ଷେତ୍ରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ନିରବତାକୁ ସମାଲୋଚନା କରାଯାଉଥିବା ବେଳେ ଆମକୁ ଏଠାରେ କିନ୍ତୁ କହିବାକୁ ପଡ଼ିବ ଯେ ରାଷ୍ଟ୍ରର ବୃହତ୍ତର ସ୍ୱାର୍ଥକୁ ପରାହତ କରିବା ଭଳି କିଛି ଉଚ୍ଚାରଣରୁ ନିବୃତ୍ତ ରହିବା ହେଉଛି ଜଣେ ଦୂରଦୃଷ୍ଟି ସଂପନ୍ନ ନେତାଙ୍କ କର୍ତ୍ତବ୍ୟ। ହୋଇପାରେ ଭାରତ ଓ ପାକିସ୍ତାନ ପ୍ରସଙ୍ଗରେ ତୃତୀୟ ରାଷ୍ଟ୍ର ହସ୍ତକ୍ଷେପ ବା ମଧ୍ୟସ୍ଥତାର ସୁଯୋଗ ନାହିଁ। ଏ ଦିଗରେ ସିମ୍ଲା ରାଜିନାମାର କଟକଣା ଆନ୍ତର୍ଜାତିକ ସ୍ତରରେ ସ୍ୱୀକୃତି ହାସଲ କରିଥିଲେ ମଧ୍ୟ ଟ୍ରମ୍ପଙ୍କୁ ଉତ୍ତର ଦେବା ସକାଶେ ସଠିକ୍ ସମୟ ଉପୁଜି ନାହିଁ।

ଭାରତ ଓ ପାକିସ୍ତାନ ମଧ୍ୟରେ ଏହା ଥିଲା ଅଘୋଷିତ ଯୁଦ୍ଧ। ଅଣୁଅସ୍ତ୍ର କ୍ଷମତାସଂପନ୍ନ ଦୁଇରାଷ୍ଟ୍ର ମଧ୍ୟରେ ପୂର୍ଣ୍ଣକାଳୀନ ଯୁଦ୍ଧ ହେଲେ ଲକ୍ଷ ଲକ୍ଷ ଲୋକଙ୍କ ପ୍ରାଣହାନି ଘଟିବାର ଆଶଙ୍କା ଥିବାରୁ ଟ୍ରମ୍ପ ହସ୍ତକ୍ଷେପ କରିବାକୁ ବାଧ୍ୟ ହୋଇଥିଲେ ବୋଲି ଶାସନତନ୍ତ୍ର ପକ୍ଷରୁ ଅଦାଲତରେ ଦର୍ଶାଇଥିଲା। ଏକଥା ସତ ଯେ ଟ୍ରମ୍ପଙ୍କ ବାଣିଜ୍ୟ ଯୁଦ୍ଧ କେବଳ ଭାରତ ଓ ପାକିସ୍ତାନ ପ୍ରସଙ୍ଗରେ ସୀମିତ ନଥିଲା। ସେ ଜାନୁଆରୀରେ କ୍ଷମତାସୀନ ହେବା ମାତ୍ରେ ଚୀନ୍, ମେକ୍ସିକୋ ଓ କାନାଡ଼ା ବିରୋଧରେ ଏକତରଫା ଅତିରିକ୍ତ ତାରିଫ୍ ଲାଗୁ କରିଥିଲେ। ଆନ୍ତର୍ଜାତିକ ବାଣିଜ୍ୟ ଅଦାଲତରେ ଦର୍ଶାଯାଇଛି ଯେ ୧୯୭୭ରେ ଆନ୍ତର୍ଜାତିକ ଜରୁରୀ ଅର୍ଥନୀତି କ୍ଷମତା ଆଇନ(ଆଇପା)ର ଏ କ୍ଷେତ୍ରରେ ଦୁରୁପଯୋଗ କରିଛନ୍ତି ଟ୍ରମ୍ପ। ରାଷ୍ଟ୍ରପତିଙ୍କ ଏକତରଫା ତାରିଫ ଲାଗୁ କରିବାର କ୍ଷମତା ନାହିଁ। ଅତୀତରେ ରାଷ୍ଟ୍ରପତି ଜନ୍‌ସନ ମଧ୍ୟ ଅନୁରୂପ ପରିସ୍ଥିତିର ସମ୍ମୁଖୀନ ହୋଇଥିଲେ। ଆମେରିକାର କଂଗ୍ରେସ ସହମତିରେ ରାଷ୍ଟ୍ରପତି ଏଦିଗରେ କିଛି ପଦକ୍ଷେପ ଗ୍ରହଣ କରିପାରିବେ। ବିଶ୍ୱ ଅର୍ଥନୀତି ଉପରେ ଟ୍ରମ୍ପଙ୍କ ଏହି ଅନମନୀୟ ଆଚରଣ ପ୍ରତିକୂଳ ପ୍ରଭାବ ପକାଇଛି। ଏହା ଆମେରିକା ସାଂବିଧାନିକ ବ୍ୟବସ୍ଥାର ପରିପନ୍ଥୀ।. ଏକଥା ମଧ୍ୟ ଦର୍ଶାଯାଇଛି ଯେ ଟ୍ରମ୍ପଙ୍କ ଚାପ ଯୋଗୁଁ ଚୀନ ଆପୋସ ଆଲୋଚନା ସ୍ତରକୁ ଓହ୍ଲାଇବାକୁ ବାଧ୍ୟ ହେଇଛି। ତେବେ ତାରିଫ ଆତଙ୍କରାଜ ସୃଷ୍ଟି ଯେ ଗ୍ରହଣୀୟ ନୁହେଁ ତାହା ଆନ୍ତର୍ଜାତିକ ବାଣିଜ୍ୟ ଅଦାଲତ ମତାମତରୁ ସ୍ପଷ୍ଟ ହୋଇଛି। ଏ ନେଇ ଟ୍ରମ୍ପ ପ୍ରଶାସନ ସଂଘୀୟ ଅଦାଲତରେ ଯେଉଁ ପ୍ରତିକୂଳ ରାୟର ସମ୍ମୁଖୀନ ହୋଇଛନ୍ତି ତାହା ବିରୋଧରେ ଉଚ୍ଚ ଅଦାଲତରେ ଆବେଦନ କରି ସାମୟିକ ଆଶ୍ୱସ୍ତି ଲାଭ କରିଛନ୍ତି।

ଘଟଣାକ୍ରମର ଗତି ଓ ପ୍ରକୃତି ଯେଉଁ ଦିଗକୁ ଯାଉଛି ତାହାକୁ ବିଶ୍ଳେଷଣ କଲେ ମନେ ହୁଏ କିଛି ନା କିଛି ରହସ୍ୟ ରହିଯାଇଛି, ଯାହା ଏପର୍ଯ୍ୟନ୍ତ ଉନ୍ମୋଚନ ହୋଇପାରିନାହିଁ। ଭାରତ ପକ୍ଷରୁ ଦିଆଯାଇଥବା ସ୍ପଷ୍ଟୀକରଣର ବିଶ୍ୱସନୀୟତା ନେଇ ବିଭିନ୍ନ ମହଲରେ ସନ୍ଦେହ ଉଙ୍କିମାରିଛି। ଉଭୟ ପ୍ରଧାନମନ୍ତ୍ରୀ ଓ ବୈଦେଶିକ ମନ୍ତ୍ରୀଙ୍କ ଭୂମିକା ଅସ୍ପଷ୍ଟ। ଅନ୍ୟପକ୍ଷରେ ପ୍ରଧାନମନ୍ତ୍ରୀ 'ଅପରେସନ ସିନ୍ଦୂର'ର ସଫଳତାରେ ସମଗ୍ର ଦେଶବାସୀଙ୍କୁ ସିନ୍ଦୂରିମା କରିପକାଇଲେଣି। ଏକଥା ସତ ଯେ ଉଭୟ ପକ୍ଷର ସ୍ୱାର୍ଥ ଦୃଷ୍ଟିରୁ ଯୁଦ୍ଧ ବିରତିର ଆବଶ୍ୟକତା ଥିଲା। ଯୁଦ୍ଧ ବଦଳରେ ଶାନ୍ତି ଚାହୁଁଥିବା ଲୋକଙ୍କ ସକାରାତ୍ମକ ଅଭିବ୍ୟକ୍ତି ଯେଭଳି ପ୍ରଶଂସନୀୟ ସେହିଭଳି ବିଜୟର ନିକଟବର୍ତ୍ତୀ ହୋଇଥିବା ଭାରତର ଦେଶପ୍ରେମୀ ଯୁଦ୍ଧବିରତି ଘୋଷଣାରେ ଭୟଙ୍କର ଅସନ୍ତୁଷ୍ଟ। ଏତଦ୍‌ବ୍ୟତୀତ କୂଟନୈତିକ ସ୍ତରରେ ଆମର ଅସଫଳତା ବାରି ହୋଇପଡୁଛି। ବହୁଦଳୀୟ ଦୂତଙ୍କୁ ପଠାଯାଇଥିଲେ ମଧ୍ୟ ଏହି ପ୍ରୟାସରୁ ଆକାଂକ୍ଷିତ ସୁଫଳ ମିଳିନାହିଁ। ଆମକୁ ଏଠାରେ କହିବାକୁ ପଡ଼ିବ ଯେ ଏଭଳି ଏକ ସଂକଟ ସମୟରେ ବୈଦେଶିକ ନୀତି ମଧ୍ୟ କଠୋର ପରୀକ୍ଷାର ସମ୍ମୁଖୀନ ହୋଇଛି। ●

## ଜ୍ଞାନ-ବିଜ୍ଞାନ-ଆତ୍ମଜ୍ଞାନ

ମନୋରଞ୍ଜନ ମହାନ୍ତି

ବହି ପଢ଼ି ଯେଉଁ ସୂଚନା ସଂଗ୍ରହ କରାଯାଏ, ତାହା 'ଜ୍ଞାନ'। ପରୀକ୍ଷାଲବ୍ଧ ପ୍ରଣାଳୀବଦ୍ଧ ବ୍ୟାପକ ଜ୍ଞାନ ହେଉଛି 'ବିଜ୍ଞାନ'। ନିଜ ଭିତରେ ଯେଉଁ ଅନନ୍ତ ଶକ୍ତି, ଅସୀମ ସମ୍ଭାବନା ରୂପରେ ଐଶ୍ୱରିକ ଐଶ୍ୱର୍ଯ୍ୟ ଭରି ରହିଛି ତା'କୁ ଉପଲବ୍ଧି କରି ଉପଯୋଗ କରିବା ଅର୍ଥାତ୍ ନିଜେ ବ୍ରହ୍ମାନୁଭବରେ ପ୍ରତିଷ୍ଠିତ ହୋଇ ସର୍ବତ୍ର ବ୍ରହ୍ମଦର୍ଶନ କରିବା ହେଉଛି 'ଆତ୍ମଜ୍ଞାନ'। ଜଣେ ଜ୍ଞାନୀ ସରଳ ହେଇପାରେ, ଜଟିଳ ବି ହେଇପାରେ; ବିନୟୀ ହେଇପାରେ, ଅହଂକାରୀ ବି ହେଇପାରେ। କିନ୍ତୁ ଜଣେ ଆତ୍ମଜ୍ଞାନୀ ସ୍ୱାଭାବିକ ଭାବରେ ସରଳ ଓ ବିନୟୀ।

ଐତିହାସିକ ଆବୁଲ୍‌ଫଜଲ୍ କାଶ୍ମୀର ଉପତ୍ୟକାରେ ସାକ୍ଷାତ କରିଛନ୍ତି ସୁଫି ସନ୍ଥ ୱାହିଦ୍‌ଙ୍କୁ, ଯାହାଙ୍କ ସମ୍ପର୍କରେ ସେ ଲେଖିଛନ୍ତି:- 'ସୁଫି ୱାହିଦ୍ ତିରିଶ ବର୍ଷ ଧରି ଗୋଟେ ପୁରୁଣା ଚଟ ବା ଆସନକୁ ବ୍ୟବହାର କରୁଛନ୍ତି, ଖୁସି ବି ଅଛନ୍ତି, ସୁଖ-ଦୁଃଖରୁ ଅଲଗା ରହୁଛନ୍ତି। କାହାରିଠାରୁ ଟୁକୁଡ଼ା ରୁଟି ବ୍ୟତୀତ ଅନ୍ୟ କିଛି ଗ୍ରହଣ କରୁନାହାନ୍ତି। ତାଙ୍କ ମିତାଚାର, ମିତାହାର, ସ୍ଥିତପ୍ରଜ୍ଞ ସ୍ୱଭାବକୁ ଦେଖିଲେ ବୋଧ ହେଉଛି ସେ ଜଣେ ଆତ୍ମଜ୍ଞାନୀ।' ମୋଗଲ ସମ୍ରାଟ ଜାହାଙ୍ଗୀର ନିଜର ଆତ୍ମଚରିତରେ ଲେଖିଛନ୍ତି, 'ସୁଫିମାନେ ସରଳ ଓ ଛଳନାଶୂନ୍ୟ, କାହାକୁ ଗାଳିଦିଅନ୍ତି ନାହିଁ, କାହା ପ୍ରତି ଦୁର୍ବ୍ୟବହାର କରନ୍ତି ନାହିଁ, ଇଚ୍ଛାର ଜିଭରେ ଲଗାମ ଲଗାନ୍ତି, ଖୋଜିବାର ପାଦକୁ ରୋକନ୍ତି, ଫଳ ଧାରଣ କରୁଥିବା ଗଛର ଚାରାରୋପଣ କରନ୍ତି, ଯେପରି ଅନ୍ୟମାନେ ସେଥିରୁ ଉପକାର ପାଇବେ। ସେମାନଙ୍କର ନିଜର କୌଣସି ଲାଭର ଆଶା ନଥାଏ। ଯାକୁ ହିଁ କହନ୍ତି ଆତ୍ମଜ୍ଞାନ।'

ପ୍ରସିଦ୍ଧ ସୁଫି ସନ୍ଥ ହମ୍‌ଦାନ୍ ଇରାନ୍‌ରୁ ସାତଶହ ସୁଫିଙ୍କୁ ସାଥିରେ ଆଣି ଶ୍ରୀନଗରକୁ ଆସିଥିଲେ। ସେ ଥିଲେ ଜଣେ ଲେଖକ, କବି। ସେ ଓ ତାଙ୍କର ଶିଷ୍ୟ, ଅନୁଗାମୀମାନେ ସାଧାରଣ ଲୋକଙ୍କ ପାଇଁ ଧର୍ମଶାଳା ନିର୍ମାଣ କରିଥିଲେ। ଉପତ୍ୟକାର ତତ୍କାଳୀନ ସୁଲ୍‌ତାନ୍ କୁତବ୍-ଉଦ୍ଦିନ୍ ତାଙ୍କର ମହାନତାକୁ ସ୍ୱୀକାର କରି କହିଥିଲେ, 'ଆତ୍ମଜ୍ଞାନୀମାନଙ୍କର ମହାନତା ସେମାନଙ୍କ ମହାନୁଭବତାରେ ଥାଏ। ହମ୍‌ଦାନ୍ କେବଳ କବିତା ରଚନା କରୁନଥିଲେ, ସମସ୍ତଙ୍କଠାରେ ପରମେଶ୍ୱର ଦର୍ଶନ କରି ପରୋପକାରରେ ମନୋନିବେଶ କରିଥିଲେ।

ଗତ ଶତାବ୍ଦୀର ଦୁଇଜଣ ପାଶ୍ଚାତ୍ୟ ବିଦ୍ୱାନ, ପ୍ରାଚ୍ୟବିଦ୍ୟାବିଶାରଦ, ଆଧ୍ୟାତ୍ମିକ ରୂପରେ ଇଚ୍ଛୁକ ବ୍ୟକ୍ତି ଆଲ୍‌ଡସ୍ ହକ୍ସଲେ ଓ କାର୍ଲ୍ ଗୁସ୍ତାଭ୍ ଜଙ୍ଗ୍ ସେମାନଙ୍କ ଫଳପ୍ରଦ ଜୀବନର ଅନ୍ତିମଚରଣରେ ଆତ୍ମଜ୍ଞାନ ସମ୍ବନ୍ଧରେ ସନ୍ଦେହ ପୋଷଣ କରିଥିଲେ। ଜଣେ ଯଶସ୍ୱୀ ମନୋଚିକିତ୍ସକ ଭାବରେ ଜଙ୍ଗ୍‌ଙ୍କ ମନରେ ଆତ୍ମଜ୍ଞାନର ସମ୍ପୂର୍ଣ୍ଣ ସଂଜ୍ଞା ସମ୍ବନ୍ଧରେ ପ୍ରବଳ ସନ୍ଦେହ ଥିଲା। ପ୍ରଥମତଃ, ଆତ୍ମଜ୍ଞାନର ସମ୍ପୂର୍ଣ୍ଣ ଅବଧାରଣା ବା ସଂକଳ୍ପନା ହେଉଛି ଏକ ବ୍ୟକ୍ତିନିଷ୍ଠ ପ୍ରକ୍ରିୟା। ବାସ୍ତବରେ ଆତ୍ମଜ୍ଞାନ ହେଉଛି ସର୍ବୋତ୍କୃଷ୍ଟ, ସାରମୟ ଆଧ୍ୟାତ୍ମିକ ଆତ୍ମବାଦ ବା 'ଅହଂବ୍ରହ୍ମୋସ୍ମି'ବାଦ। ଏଇଟା ପୂର୍ଣ୍ଣତଃ ଗୋଟେ ବ୍ୟକ୍ତିନିଷ୍ଠ ଅନୁଭୂତି, ଯାହା ଏତେ ତରଳ ଓ ଅଣାକାର ଯେ ତାକୁ ମାପିବାକୁ, ଆକଳନ କରିବାକୁ କୌଣସି ପଦ୍ଧତି ନାହିଁ। ଆମେରିକାର ଦାର୍ଶନିକ, କବି ୱାଲ୍ଟ ହ୍ୱିଟ୍‌ମ୍ୟାନ୍ କହନ୍ତି, ଆମେ ମଣିଷମାନେ ହେଉଛୁ ଆତ୍ମବୋଧ ବା ଆତ୍ମାନୁଭୂତିର ପଥରେ ଶାଶ୍ୱତ ସାଧକ। ଆମର ଅସ୍ତିତ୍ୱ ଅଛି ବୋଲି ଭଗବାନଙ୍କର ଅସ୍ତିତ୍ୱ ଅଛି!

ସେହିଭଳି ଜଣେ ଆତ୍ମଜ୍ଞାନୀ ଥିଲେ ଶୁଦ୍ଧ ବା ସୈଦ୍ଧାନ୍ତିକ ଗଣିତଜ୍ଞ ଶ୍ରୀନିବାସ ରାମାନୁଜନ୍। ଜଣେ ଆତ୍ମଜ୍ଞାନୀର ସକଳ ଲକ୍ଷଣ: ସରଳତା, ବିନୟ, ସମଦର୍ଶିତା, ଭଗବତ୍ ବିଶ୍ୱାସ, ଅଧ୍ୟାତ୍ମ ସାଧନା, ଆତ୍ମୋପଲବ୍ଧି, ସର୍ବତ୍ର ବ୍ରହ୍ମାନୁଭବ ତାଙ୍କଠାରେ ପ୍ରକାଶ ପାଇଥିଲା। ତ୍ୟାଗରାଜ ଓ ବିସ୍‌ମିଲ୍ଲା ଖାଁଙ୍କର ସଙ୍ଗୀତ ମାର୍ଗରେ, ମୀରାବାଈଙ୍କର ଭଜନ ମାର୍ଗରେ, ଆଦି ଶଙ୍କରଙ୍କର ଦର୍ଶନ, ମୋହନଦାସ କରମଚାନ୍ଦ ଗାନ୍ଧୀଙ୍କର କର୍ମବାଦ ବା ସକ୍ରିୟତାବାଦ ମାର୍ଗରେ ଈଶ୍ୱରାନୁଭବ ହୋଇଥିଲା। ସେହି ଈଶ୍ୱର ସର୍ବବ୍ୟାପୀ ଓ ଅନନ୍ତ। ପୁଣି ସୂକ୍ଷ୍ମ ଓ ଅଦୃଶ୍ୟ। ସେ ଏକ, ଅନନ୍ତ ଓ ଶୂନ୍ୟ ମଧ୍ୟ। ତତ୍କାଳୀନ ମହୀଶୂର ଷ୍ଟେଟ୍ (ଏବର ତାମିଲନାଡୁ)ର ଇରୋଡ୍‌ଠାରେ ୧୮୮୭ ମସିହାରେ ଜନ୍ମଗ୍ରହଣ କରିଥିବା ଶ୍ରୀନିବାସ ରାମାନୁଜନ୍ ଗଣିତ ମାର୍ଗରେ ଈଶ୍ୱରାନୁଭବ ପ୍ରାପ୍ତ ହୋଇଥିଲେ। ବିଜ୍ଞାନ ଭଳି ଗଣିତ ଦୁଇ ପ୍ରକାର: ଶୁଦ୍ଧ ବା ସୈଦ୍ଧାନ୍ତିକ ଓ ବ୍ୟାବହାରିକ। ରାମାନୁଜନ୍‌ଙ୍କର ବ୍ୟାବହାରିକ ଗଣିତରେ ରୁଚି ନଥିଲା, ସେ ଶୁଦ୍ଧ ଗଣିତ ପ୍ରତି ସମର୍ପିତ ଥିଲେ।

ମାନବ-ଗଣକମାନେ ଏପରି ବ୍ୟକ୍ତି, ଯେଉଁମାନେ କୌଣସି ଉପକରଣ ବିନା ସହାୟତାରେ ଜଟିଳ ଗଣନା କରିପାରନ୍ତି। ପରନ୍ତୁ ସଚ୍ଚା ଗଣିତଜ୍ଞମାନେ ସୃଷ୍ଟିରେ ପ୍ୟାଟର୍ଣ୍ଣ ଯାଞ୍ଚ୍ କରନ୍ତି, ଯାହାକୁ ପରବର୍ତ୍ତୀ ସମୟରେ ଗଣିତୀୟ ପ୍ରମେୟ(ଥିଓରମ୍) ଆକାରରେ ପ୍ରକାଶ କରନ୍ତି। ସେମାନଙ୍କ ଗଣିତରେ ଗୋଟେ ଆଧ୍ୟାତ୍ମିକ ଅନ୍ତର୍ଧାରା ଥାଏ। ପିଥାଗୋରାସ୍, ନିଉଟନ୍, ଆଇନ୍‌ଷ୍ଟାଇନ୍, ଶ୍ରୀନିବାସ ରାମାନୁଜନ୍ ପ୍ରମୁଖ ସେହିପରି ଗଣିତଜ୍ଞ ଥିଲେ। ସେମାନେ ଏକାଧାରରେ ବିଜ୍ଞାନୀ, ଆତ୍ମଜ୍ଞାନୀ।

ଶୁଦ୍ଧ ଗଣିତଜ୍ଞମାନେ ଅନନ୍ତ (ଇନ୍‌ଫିନିଟି) ସହିତ ଯୋଡ଼ି ହୋଇରହନ୍ତି। ପାରମ୍ପରିକ ଅର୍ଥରେ ସେମାନେ ଧର୍ମନିଷ୍ଠ ହୋଇପାରନ୍ତି ବା ନ ପାରନ୍ତି। କିନ୍ତୁ ରାମାନୁଜନ୍‌ଙ୍କର ଧାର୍ମିକତା, ପୁଣ୍ୟଶୀଳତା ଅତ୍ୟନ୍ତ ସ୍ପଷ୍ଟ ଥିଲା। ସେ ନିଜ କୁଳଦେବତା 'ନାମଗିରି'ଙ୍କ ପ୍ରତି ସମର୍ପିତ ଥିଲେ। ନାମଗିରି ନରସିଂହଙ୍କ ପତ୍ନୀ। ନରସିଂହ ହେଉଛନ୍ତି ମହାବିଷ୍ଣୁଙ୍କର ଅବତାର। ରାମାନୁଜନ୍‌ଙ୍କର କୌଣସି ଔପଚାରିକ ଡିଗ୍ରୀ ନଥିଲା ଏବଂ ୧୯୧୦ ମସିହାରେ ସେ ଥିଲେ ବେରୋଜଗାର୍। ସେତିକିବେଳେ କେମ୍ବ୍ରିଜ୍ ବିଶ୍ୱବିଦ୍ୟାଳୟରୁ ତାଙ୍କୁ ନିମନ୍ତ୍ରଣ ମିଳିଲା। ରାମାନୁଜନ୍ ବ୍ରାହ୍ମଣ ହୋଇଥିବାରୁ ସମୁଦ୍ର ଅତିକ୍ରମ କରି ପାଠ ପଢ଼ିବା ପାଇଁ ଯିବା (ସେତେବେଳେ ସମୁଦ୍ର ଅତିକ୍ରମ କରି ବିଦେଶକୁ ଯିବା 'ଆଧ୍ୟାତ୍ମିକ ପ୍ରଦୂଷଣ' ରୂପେ ବିଚାର କରାଯାଉଥିଲା) ଉଚିତ୍ ହେବ କି ନାହିଁ, ଏହି ମାର୍ଗଦର୍ଶନ ନିମିତ୍ତ ନାମକ୍କଲ୍‌ସ୍ଥିତ ଦେବୀ ମନ୍ଦିର ପ୍ରାଙ୍ଗଣରେ ତିନିରାତି ଜାଗ୍ରତ ହୋଇ ବିତାଇଲେ। ତୃତୀୟ ଦିନର ମଧ୍ୟରାତ୍ରିରେ ଉଜ୍ଜ୍ୱଳ ଆଲୋକର ଏକ ସ୍ତମ୍ଭ ଚମକିଉଠିଲା, ଯାହାକୁ ସେ ଦେବୀଙ୍କ ସହମତି ରୂପରେ ଗ୍ରହଣ କଲେ, ଜଳଯାତ୍ରା କରି କେମ୍ବ୍ରିଜ୍‌ରେ ପହଞ୍ଚିଲେ। ପରବର୍ତ୍ତୀ ସମୟରେ ଗଣିତଶାସ୍ତ୍ର ଇତିହାସରେ ସେ ହେଲେ ଜଣେ ଯୁଗପୁରୁଷ, ଏକାଧାରରେ ଜ୍ଞାନୀ, ବିଜ୍ଞାନୀ, ଆତ୍ମଜ୍ଞାନୀ, ଯିଏ ଗଣିତୀୟ ସତ୍ୟ ପ୍ରତି ନିଜ ଅନ୍ତର୍ଜ୍ଞାନର ଶ୍ରେୟ ଈଶ୍ୱରଙ୍କୁ ହିଁ ଦେଉଥିଲେ। ବାଳକ ରାମାନୁଜନ୍ ଗଣିତ ସହିତ ଯୁକ୍ତ ରହସ୍ୟମୟ ଏକାଳାପ (ମନୋଲଗ୍)ରେ ଲିପ୍ତ ରହୁଥିଲେ, ଯାହାକୁ ତାଙ୍କର ଶ୍ରୋତାମାନେ ବିଚିତ୍ର ବା ଅଜବ ବୋଲି ଭାବୁଥିଲେ। ଥରେ କୁମ୍ଭକୋନମ୍‌ରେ ସ୍ଥାନୀୟ ଶ୍ରୋତାମାନଙ୍କ ଆଗରେ 'ଈଶ୍ୱର', 'ଶୂନ୍ୟ' ଓ 'ଅନନ୍ତ' ମଧ୍ୟରେ ସମ୍ବନ୍ଧ ଆଧାରିତ ତାଙ୍କର ଏକାଳାପ ବିଷୟରେ କହି ସମସ୍ତଙ୍କୁ ମନ୍ତ୍ରମୁଗ୍ଧ କରିଦେଇଥିଲେ। ସେ କହୁଥିଲେ, କୌଣସି ସମୀକରଣର ସେପର୍ଯ୍ୟନ୍ତ କିଛି ମୂଲ୍ୟ ନାହିଁ ଯେପର୍ଯ୍ୟନ୍ତ ତାହା ଈଶ୍ୱରଙ୍କ ବିଚାରକୁ ବ୍ୟକ୍ତ କରୁନାହିଁ।

'ବିଷ୍ଣୁ ସହସ୍ରନାମମ୍'ରେ ମହାବିଷ୍ଣୁଙ୍କର ୧ ହଜାର ନାମ ମଧ୍ୟରେ 'ଅନନ୍ତ' (ଇନ୍‌ଫିନିଟି) ଗୋଟିଏ ନାମ। ଗଣିତରେ ରାମାନୁଜନ୍‌ଙ୍କ ଅଧିକାଂଶ ଆବିଷ୍କାର 'ଅନନ୍ତ-ଶୃଙ୍ଖଳା' (ଇନ୍‌ଫିନିଟି ସିରିଜ୍) ସହିତ ସମ୍ବନ୍ଧିତ। ଯେତେବେଳେ ସେ କହୁଥିଲେ ତାଙ୍କର ଅନେକ ନିଷ୍କର୍ଷକୁ ଈଶ୍ୱର ତାଙ୍କୁ ସ୍ୱପ୍ନରେ କହିଦେଉଥିଲେ, ତାହା ତାଙ୍କ ପାଶ୍ଚାତ୍ୟର ତର୍କସଙ୍ଗତ ମିତ୍ରମାନଙ୍କ ପାଇଁ ଚିତ୍ତାକର୍ଷକ, ପ୍ରାୟତଃ ସଙ୍କୋଚଶୀଳ ଥିଲା। ତାଙ୍କର ପ୍ରମେୟଗୁଡ଼ିକ ଅନେକ ସମୟରେ ସୋପାନ ଡେଇଁ ଯାଉଥିଲେ। ବେଦାନ୍ତର ସୂତ୍ର ଭଳି ସେଗୁଡ଼ିକ ଗୁପ୍ତ ବା ଅପ୍ରକଟ ଥିଲା, ଗୂଢ଼ ଥିବାରୁ ଅବ୍ୟକ୍ତ ବୋଧ ହେଉଥିଲା। ପାଶ୍ଚାତ୍ୟ ଗଣିତଜ୍ଞମାନେ ରାମାନୁଜନ୍‌ଙ୍କ ପ୍ରମେୟଗୁଡ଼ିକୁ ଶୈକ୍ଷଣିକ ଅନୁଶାସନର ଅନୁରୂପ କରିବା ପାଇଁ ପ୍ରମାଣ କରିବାକୁ କଠିନ ପରିଶ୍ରମ କରୁଥିଲେ। ସେମାନେ ରାମାନୁଜନ୍‌ଙ୍କ ପ୍ରତିଭାରେ ଆଶ୍ଚର୍ଯ୍ୟଚକିତ ହେଉଥିଲେ, ଚିନ୍ତା କରୁଥିଲେ ଅତି ସାଧାରଣ ଭଳି ଦୃଶ୍ୟ ହେଉଥିବା ଜଣେ ମଣିଷଠାରେ ଈଶ୍ୱର ସତରେ ଏପରି ଅନ୍ତର୍ଜ୍ଞାନକୁ ପ୍ରେରିତ କରିଥିଲେ, ଯାହା ଥିଲା ତାଙ୍କର ଆତ୍ମଜ୍ଞାନ, ଯେଉଁ ଆତ୍ମଜ୍ଞାନ ଥିଲା ଜ୍ଞାନ ଓ ବିଜ୍ଞାନର ବହୁ ଊର୍ଦ୍ଧ୍ୱରେ, ଅକଳ୍ପନୀୟ ଦୂରତାରେ। ●

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
ଧର୍ମଶାଳା(ଯାଜପୁର), ମୋ: ୯୮୫୩୨୮୨୯୬୨

## ଭାଷା-ବିନ୍ୟାସର ଆହ୍ୱାନ

ଅଧ୍ୟାପକ ଅଶୋକ ମହାରଣା

ଛାତ୍ରଛାତ୍ରୀ ଓଡ଼ିଆ ଭାଷାରେ ଏତେ ଦୁର୍ବଳ ହେବା ଆମ ଭାଷା ପ୍ରତି ନିଶ୍ଚିତ ଭାବରେ ଲଜ୍ଜାର ବିଷୟ। କାହିଁକି ଛାତ୍ରଛାତ୍ରୀମାନେ ଓଡ଼ିଆ ଭାଷାର ବ୍ୟବହାର, ଉଚ୍ଚାରଣ, ଲିଖନ, ପଠନରେ ଏତେ ଦୁର୍ବଳ? ଆମ ମାତୃଭାଷା ଓଡ଼ିଆ। ତା' ପରେ ବି ଆମେ ଓଡ଼ିଆରେ ଦୁର୍ବଳ- ଏ କଥାଟି ଯେତିକି ମର୍ମାହତ କରେ ସେତିକି ବୁଦ୍ଧିଜୀବୀ, ଶିକ୍ଷକ/ଶିକ୍ଷୟତ୍ରୀ, ଅଭିଭାବକ ସର୍ବୋପରି ସରକାରଙ୍କ ପାଇଁ ଆହ୍ୱାନ ସୃଷ୍ଟି କରେ।

ମନୁଷ୍ୟର ଭାଷା ବିନ୍ୟାସ ହିଁ ତା'ର ପରିଚୟ। ଭାଷା ବ୍ୟକ୍ତିକୁ ଶାଳୀନତା ପ୍ରଦାନ କରେ ଏବଂ ବ୍ୟକ୍ତିତ୍ୱକୁ ମାର୍ଜିତ କରେ। ଭାଷା ଏକ ପୋଷାକ ପରି। ସଠିକ ଭାବରେ ପିନ୍ଧି ନ ପାରିଲେ ବ୍ୟକ୍ତିତ୍ୱ ଉଲଗ୍ନ ହୋଇଯାଏ, ଶରବ୍ୟର ଶିକାର ହେବାକୁ ପଡ଼େ। ଓଡ଼ିଆ ଭାଷା ମୋ ମାଆ ମାଟିର ଭାଷା। ମାଆ ମାଟିର ଭାଷାକୁ କରାଗତ କରିବାରେ ଆମେ ବିଫଳ। ଏହା ଜଣେ ସଚ୍ଚା ଓଡ଼ିଆକୁ ବିଚଳିତ କରିବାରେ ଯଥାର୍ଥ। ସଙ୍ଗୀତର ସୁମଧୁର ମୁର୍ଚ୍ଛନା - 'କେଡ଼େ ସୁନ୍ଦର ରାଇଜ ମୋର କେଡେ ମିଠା ମୋ ଭାଷା, ଓଡ଼ିଶା ମୋ ଓଡ଼ିଶା' ଯେତେବେଳେ ଝଙ୍କୃତ ହୁଏ ସେତେବେଳେ ଓଡ଼ିଆର ଛାତି ଗର୍ବରେ ଫୁଲିଉଠେ। ପ୍ରତିଟି ଓଡ଼ିଆର ହୃଦୟକୁ ଆନ୍ଦୋଳିତ କରେ। ଓଡ଼ିଶାକୁ ଓଡ଼ିଆ ଭାଷାକୁ ଭଲ ପାଉଥିବା ମହାମନୀଷୀଙ୍କର ଉଦ୍ୟମ ଯୋଗୁଁ ଆଜି ଓଡ଼ିଶା ଏକ ଭାଷାଭିତ୍ତିକ ରାଜ୍ୟରେ ପରିଣତ ହୋଇଛି। ଓଡ଼ିଆ ଭାଷାକୁ ଶାସ୍ତ୍ରୀୟ ମାନ୍ୟତା ମଧ୍ୟ ମିଳିଛି। କିନ୍ତୁ ଆମେ ଓଡ଼ିଆ ଭାଷାରେ ଦୁର୍ବଳ - ଏକଥା ଚିନ୍ତନ କରିବା ମାତ୍ରକେ ନିଜର ସ୍ୱପ୍ରୀତି କେତେ ତାହା ସ୍ପଷ୍ଟ ପ୍ରତୀୟମାନ ହେଉଛି।

ମାଟି ମାଆର ଭାଷାରେ ଆମେ ଏତେ ଦୁର୍ବଳ କାହିଁକି? ଜନ୍ମଠାରୁ ଆମେ ଆମ ମାତୃଭାଷା ସହିତ ପରିଚିତ। କିନ୍ତୁ ଛାତ୍ରଛାତ୍ରୀଙ୍କଠାରୁ ଆରମ୍ଭ କରି ସାମାଜିକ ଚାଲିଚଳଣିରେ ଭାଷାଗତ ଜ୍ଞାନର ଅଭାବ ପରିଲକ୍ଷିତ। ଛାତ୍ରଛାତ୍ରୀଙ୍କ ମଧ୍ୟରେ ଭାଷା ଜ୍ଞାନ, ବନାନ ଶୁଦ୍ଧତାର ଲେଶମାତ୍ର ଚିହ୍ନନାହିଁ। କାରଣ ପିଲାଟି ଦିନରୁ ଛାତ୍ରଛାତ୍ରୀଙ୍କର ଶ୍ରୁତଲିଖନ, ସଂଶୋଧନ, ବର୍ଣ୍ଣବୋଧ ପାଠ, ପୁସ୍ତକ ପଠନ, ହସ୍ତାକ୍ଷର ମଧ୍ୟରେ ସୁନ୍ଦର ଅକ୍ଷର ଲିଖନ, ଉଚ୍ଚାରଣ ଆଦିର ଘୋର ଅଭାବ ରହିଛି। ଉଚ୍ଚାରଣରେ ଭାଷାର ଶୁଦ୍ଧତା ନାହିଁ। ବ୍ୟାକରଣ ଶୁଦ୍ଧତା ଆଦୌ ନାହିଁ କହିଲେ ଚଳେ। ଧୀରେ ଧୀରେ ଓଡ଼ିଆ ଭାଷାର ଶାଳୀନତା ହ୍ରାସ ପାଉଛି। ଭାଷାର ବର୍ଣ୍ଣ ଶୁଦ୍ଧି/ଅଶୁଦ୍ଧି ବି ଦେଖାଯାଉ ନାହିଁ।

ବର୍ଣ୍ଣବୋଧ ପଢ଼ିଥିବା ଏବଂ ସ୍ୱରବର୍ଣ୍ଣ ବ୍ୟଞ୍ଜନବର୍ଣ୍ଣ ସହିତ ମାତ୍ରା, ଫଳାକୁ ଯେ ସଠିକ ଭାବରେ ହାସଲ କରିଛି ସେ କେବେ ମାତୃଭାଷାରେ ଦୁର୍ବଳ ନୁହଁ। ଯେ ଲେଖିବାର ଅଭ୍ୟାସ ବଳବତ୍ତର ରଖିଛି, ଖବରକାଗଜଠାରୁ ଆରମ୍ଭ କରି ଉପନ୍ୟାସ, ଗଳ୍ପ, କାହାଣୀ, ପତ୍ରପ୍ରତ୍ରିକା ପଠନରେ ମନୋନିବେଶ କରିଛି ସେ ନିଶ୍ଚିତ ଭାଷାର ବ୍ୟବହାର ଜାଣିଛି। ବିଦ୍ୟାଳୟରେ ଶିକ୍ଷାଦାନ କରୁଥିବା ଶିକ୍ଷକ/ଶିକ୍ଷୟତ୍ରୀ ଯଦି ମୂଳରୁ ପିଲାମାନଙ୍କୁ ବର୍ଣ୍ଣବୋଧର ବର୍ଣ୍ଣକୁ ସଠିକ ଭାବରେ ଶିକ୍ଷା ଦେଇଥିବେ, ହସ୍ତାକ୍ଷର ଠାରୁ ଆରମ୍ଭ କରି ସଂଶୋଧନ କାର୍ଯ୍ୟ କରିଥିବେ, ତେବେ ଭାଷାରେ ଛାତ୍ରଛାତ୍ରୀ ଦୁର୍ବଳ ହେବେ କାହିଁକି? କିନ୍ତୁ ଯଦି ମୂଳରୁ 'ମାନେବହି'ର ସାହାରା ଏକମାତ୍ର ଲକ୍ଷ୍ୟ ହୁଏ, ତେବେ ଭାଷାର ବିକାଶ ହେବ କେମିତି! ଘରର ମୂଳଦୂଆ ଯେଉଁଠି ଦୁର୍ବଳ, ତା' ଉପରେ କୋଠାଘରର ସ୍ୱପ୍ନ କଳ୍ପନା କରିବା ଅବାସ୍ତବ। ପ୍ରାଥମିକ ସ୍ତରରୁ ହିଁ ଏହି ଦୁର୍ବଳତା ଏବର ପିଢ଼ିଙ୍କୁ କବଳିତ କରିରଖିଛି।

ସ୍ମରଣ ରଖିବା ଉଚିତ ଯେ ଜାତିର ପରିଚୟ ହିଁ ତା'ର ଭାଷା। ଭାଷା ନାହିଁ ତ ମଣିଷ ନାହିଁ। ଭାଷା ମରିଗଲେ ମଣିଷ ବଞ୍ଚିବା କଷ୍ଟକର ହୋଇପଡ଼ିବ। ପ୍ରାୟ ଦଶହଜାର ବର୍ଷ ତଳର ଓଡ଼ିଆ ଭାଷା ଲିଖିତ ଭାବରେ ଦୁଇ ହଜାର ପାଞ୍ଚଶହ ବର୍ଷ ତଳର। ଯେତେବେଳେ ଲିଖିତ ଭାଷା ନ ଥିଲା, ଅର୍ଥାତ୍ ଯେ ନିରକ୍ଷର ଥିଲା, ସେ ବି ଭାଷା ଜାଣିଥିଲା। ଓଡ଼ିଆ ଭାଗବତ ହେଉ କି ପୁରାଣ, ରାମାୟଣ ହେଉ କି ମହାଭାରତ ଶୁଣି ଶୁଣି ମନେ ରଖୁଥିଲା। ଭାବକୁ ପରିବ୍ୟାପ୍ତ କରି ନିଜର ଆବଶ୍ୟକତାକୁ ପରିପ୍ରକାଶ କରିବା ଥିଲା ମୂଳଲକ୍ଷ୍ୟ। ଓଡ଼ିଆ ଭାଷାର ପ୍ରକୃତ ବିକାଶ ଗଙ୍ଗବଂଶୀ ରାଜାମାନଙ୍କ ସମୟରେ ଘଟିଥିବାର ଜଣାଯାଏ। ଚୋଡ଼ଗଙ୍ଗଙ୍କ ସମୟରେ ମାଦଳା ପାଞ୍ଜିକୁ ବି ଓଡ଼ିଆ ଭାଷା ବିକାଶର ବାହକ ଭାବରେ ଗ୍ରହଣ କରାଯାଏ। ଏହାସହିତ ବିଭିନ୍ନ ସ୍ଥାନରେ ରହିଥିବା ଲୋକଗୀତ, ଲୋକନୃତ୍ୟରେ ବୋଲା ଯାଉଥିବା ସଙ୍ଗୀତ ଭାଷାର ବିକାଶରେ ସହାୟକ ହୋଇଥିଲା। ଖନା ବଚନ କୃଷି ଏବଂ ଜ୍ୟୋତିଷ ଶାସ୍ତ୍ର ସମ୍ପର୍କରେ ବିସ୍ତୃତ ଭାବରେ ଲିଖିତ ହୋଇଥିବା ବେଳେ ଏହା ଥିଲା ଓଡ଼ିଆ ଭାଷା ବିକାଶର ଅନ୍ୟ ଏକ ସାହାରା। ଓଡ଼ିଆ ଭାଷାର ପ୍ରକୃତ ଉତ୍ପତ୍ତି ସାରଳା ଦାସଙ୍କ ଲିଖିତ ମହାଭାରତଙ୍କୁ ହିଁ ଅୟମାରମ୍ଭ ବୋଲି କୁହାଯାଏ। ବିଲଙ୍କା ରାମାୟଣ, ଅଠର ଖଣ୍ଡ ମହାଭାରତ ଏବଂ ଚଣ୍ଡିପୁରାଣ ଓଡ଼ିଆ ଭାଷାର ବିକାଶ ସମ୍ପର୍କରେ ଉଲ୍ଲେଖ କରିଥାଏ। ଜଗନ୍ନାଥ ଦାସଙ୍କ 'ଓଡ଼ିଆ ଭାଗବତ' ଏବଂ ବତ୍ସଦାଶଙ୍କ 'କଳସ ଚଉତିଶା', ମାର୍କଣ୍ଡଦାସଙ୍କ 'କେଶବ କୋଇଲି', ନାରାୟଣ ନନ୍ଦ ଅବଧୂତ ସ୍ୱାମୀଙ୍କର 'ରୁଦ୍ରସୁଧାନିଧି' ବି ଓଡ଼ିଆ ଭାଷାର ବିକାଶର ସହାୟକ। ସବୁଠାରୁ ଅଧିକ ଲୋକପ୍ରିୟ ଏବଂ ପ୍ରସାର-ପ୍ରଚାର କରିବାରେ ସହାୟକ ହୋଇଥିଲା ଆଞ୍ଚଳିକ ଭିତ୍ତିରେ ଅନୁଷ୍ଠିତ ସାଂସ୍କୃତିକ ଓ ପାରମ୍ପରିକ କଥାକୁ ନେଇ ପ୍ରଚଳିତ ଲୋକଗୀତ, ବୋଲି, ଲୋକନୃତ୍ୟ, ଦଣ୍ଡ, ବଣ୍ଠି, ଘୋଡ଼ା ନାଚ, ଦାସକାଠିଆ ପ୍ରଭୃତି। ସବୁକିଛି ଏବେ ସ୍ୱପ୍ନ ପାଲଟି ଯାଇଛି।

ଓଡ଼ିଶା ମାଟିରେ ଓଡ଼ିଆ ଭାଷା କ୍ରମଶଃ ଲୁକ୍କାୟିତ ହେବାରେ ଲାଗିଛି। ମାତୃଭାଷା ଦୁର୍ବଳ ହେବାରେ ଲାଗିଛି। ପ୍ରଶ୍ନ ସବଳ ହେବ କିପରି? କୁମ୍ଭକାର କର୍ମ ଯଦି ତ୍ରୁଟିପୂର୍ଣ୍ଣ ହୁଏ, ମାଟିପାତ୍ର ଭାଙ୍ଗିବା ସାର। ମାଟିରେ ଗୋଡ଼ି କିମ୍ବା ଅଦରକାରୀ ପଦାର୍ଥ ମିଶିଲେ ପାତ୍ରରେ ପାଣି ଗଳିବା ସାର। ମାଟିପାତ୍ର ଭଲରେ ପୋଡ଼ା ନଗଲେ ଭାଙ୍ଗିବା ସାର। ଏଠି ଦୋଷ କାହାର? ମାଟିର ନା କୁମ୍ଭାରର? ମୂର୍ତ୍ତି ଗଢ଼ିବାର ମଣିଷଟି ମାଟିର ପାତ୍ରଟି ଗଢ଼ିବା ପୂର୍ବରୁ ବାରମ୍ବାର ମାଟିକୁ ଚକଟି ପ୍ରସ୍ତୁତ କରିବା ଦରକାର। ନଚେତ ମାଟିର ପାତ୍ରରେ ପାଣିଗଳିବା ସାର। ହୁଏତ ଷ୍ଟିଲ ପାତ୍ର ବ୍ୟବହାର କରାଯାଇପାରେ। କିନ୍ତୁ ଷ୍ଟିଲପାତ୍ରରେ 'ପଣ୍ଡା' ନୁହଁ କେବଳ ଅନୁସାର ଦେଇ 'ପଂଡା' ଲେଖିହେବ। ସେତେବେଳେ ଓଡ଼ିଆ ଭାଷା ବିନ୍ୟାସ କେବଳ ପୋଥିରେ ରହିବା ସାର। ତେଣୁ ଏବେଠୁ ସଚେତନ ହେବା ଦରକାର। ●

ଢେଙ୍କାନାଳ, ମୋ: ୯୪୩୭୨୯୦୧୮୧

## ପଦ୍ମସମ୍ଭବଙ୍କ ତିବ୍ବତ ଯାତ୍ରା

ପ୍ରବୀର କୁମାର ପଟ୍ଟନାୟକ

(ପୂର୍ବପ୍ରକାଶିତ ଉତ୍ତାରୁ...)

ଶାନ୍ତରକ୍ଷିତ ରାଜାଙ୍କ ନିମନ୍ତ୍ରଣ ରକ୍ଷା କରି ତିବ୍ବତ ଯାଇ ବୌଦ୍ଧ ଧର୍ମର ପ୍ରଚାର ପ୍ରସାର କାର୍ଯ୍ୟ ଆରମ୍ଭ କରିଥିଲେ। ସେ ମହାଯାନ ଶାଖାର ମାଧ୍ୟମିକ ସମ୍ପ୍ରଦାୟର ଆଚାର୍ଯ୍ୟ ଥିବାରୁ ସମ୍ଭବତଃ ଅତ୍ୟନ୍ତ କଠିନ ଶୂନ୍ୟବାଦୀ ବୌଦ୍ଧଧର୍ମର ବାଣୀ ତଥା ରୀତିନୀତିର ପ୍ରଚାର କରିବାରୁ ତାହା ଲୋକମାନଙ୍କୁ ଆକର୍ଷିତ କରିପାରିଲା ନାହିଁ। ଏଣେ ସେ ସମୟକୁ ତିବ୍ବତ ଏକ ପ୍ରାକୃତିକ ଦୁର୍ବିପାକରେ ସମ୍ମୁଖୀନ ହେଲା। ଏହି ସବୁ ନକାରାତ୍ମକ ପରିବେଶରେ ଶାନ୍ତରକ୍ଷିତଙ୍କ ଉଦ୍ୟମ ବିଫଳ ହେଲା। ଅନ୍ୟପକ୍ଷରେ ଶାନ୍ତରକ୍ଷିତ ରାଜାଙ୍କୁ ତାନ୍ତ୍ରିକ ବୌଦ୍ଧଧର୍ମ ବଜ୍ରଯାନର ବିଚକ୍ଷଣ ଆଚାର୍ଯ୍ୟ ତଥା ତାଙ୍କର ଶ୍ୟାଳକ ପଦ୍ମସମ୍ଭବଙ୍କୁ ଏହି ଧର୍ମପ୍ରଚାର କାର୍ଯ୍ୟ ପାଇଁ ନିମନ୍ତ୍ରଣ ଜଣାଇବାକୁ ପରାମର୍ଶ ଦେଲେ। ରାଜା ଏହି ପରାମର୍ଶ ଗ୍ରହଣ କରି ପଦ୍ମସମ୍ଭବଙ୍କୁ ନିମନ୍ତ୍ରଣ କରିବା ନିମନ୍ତେ ତିନିଜଣିଆ ପ୍ରତିନିଧି ଦଳକୁ ବିନୀତ ନିବେଦନ ସହ ପଦ୍ମସମ୍ଭବଙ୍କ ନିକଟକୁ ପଠାଇଲେ। ସେତେବେଳେ ପଦ୍ମସମ୍ଭବ ନାଳନ୍ଦା ବିଶ୍ୱବିଦ୍ୟାଳୟରେ ତନ୍ତ୍ର ବିଭାଗର ଆଚାର୍ଯ୍ୟ ଭାବେ ଅଧିଷ୍ଠିତ ଥିଲେ। ସେ ଅତ୍ୟନ୍ତ ଆଦରର ସହ ନିମନ୍ତ୍ରଣକୁ ସ୍ୱୀକାର କଲେ।



ଦ୍ୱିତୀୟ-ବୁଦ୍ଧ କଥା

ତିବ୍ବତୀୟ ପଞ୍ଜିକା ଅନୁଯାୟୀ ପୁରୁଷ-ବ୍ୟାଘ୍ର ବର୍ଷର ଏକାଦଶ ମାସର ପଞ୍ଚଦଶ ଦିବସରେ ପଦ୍ମସମ୍ଭବ ତିବ୍ବତ ଯାତ୍ରାରମ୍ଭ କଲେ। ଏହାଥିଲା ଖ୍ରୀ୭୪୬ର ଘଟଣାକ୍ରମ। ସେହି ମାସର ତ୍ରୟୋଦଶ ଦିବସରେ ସେ ନେପାଳରେ ପହଞ୍ଚିଲେ ଏବଂ ସେଠାକାର ରାଜା ବସୁଧରଙ୍କ ଆତିଥ୍ୟରେ ସେଠାରେ ତିନିମାସ ରହିଲେ। ଏହି ସମୟରେ ତାଙ୍କ ସହିତ ଯାଇଥିବା ପ୍ରତିନିଧି ଦଳଙ୍କୁ ରକ୍ଷାକବଚସୂଚକ ଆଶୀର୍ବାଦ ସହ ଆଗୁଆ ତିବ୍ବତ ପଠାଇଦେଲେ। ନେପାଳରେ ରହଣି ସମୟରେ ବିଭିନ୍ନ ବୌଦ୍ଧବିହାର ପରିଦର୍ଶନ ସହ ବୌଦ୍ଧଧର୍ମର ପ୍ରଚାର ପ୍ରସାର କଲେ। ଏହାପରେ ସେ ତିବ୍ବତ ଯାତ୍ରା ଆରମ୍ଭ କଲେ।

ତାଙ୍କର ପ୍ରଥମ ବିଶ୍ରାମସ୍ଥଳ ଥିଲା ଲାସାଠାରୁ ବାର ମାଇଲ ଦୂର ତୋଡ୍-ଲୁଙ୍ଗ ନାମକ ସ୍ଥାନ। ତିବ୍ବତ ରାଜା ସେଠାରୁ ପାଞ୍ଚଶହ ଘୋଡ଼ା ସବାର ସହ ଦୁଇଜଣ ମନ୍ତ୍ରୀଙ୍କୁ ପଦ୍ମସମ୍ଭବଙ୍କୁ ସ୍ୱାଗତ ଜଣାଇବା ପାଇଁ ଆବଶ୍ୟକ ସ୍ୱାଗତପତ୍ର ଓ ଉପହାର ସହ ସେଠାକୁ ପଠାଇଥିଲେ। ରାଜା ପଦ୍ମସମ୍ଭବଙ୍କୁ ତୋଡ୍-ଲୁଙ୍ଗ ଠାରୁ ଲାସା ନେବା ପାଇଁ ସାଜସଜା ସହକାରେ ନିଜର ଅଶ୍ୱକୁ ମଧ୍ୟ ପଠାଇଥିଲେ। ସେହିସ୍ଥାନରେ ପାନୀୟ ଜଳ ଉପଲବ୍ଧ ନଥିବାରୁ ସ୍ୱାଗତକାରୀ ଦଳ ବହୁ ଅସୁବିଧାର ସମ୍ମୁଖୀନ ହୋଇଥିଲେ। କୁହାଯାଏ ପଦ୍ମସମ୍ଭବ ଗୋଟିଏ ବାଡ଼ି ଉଠାଇ ପଥରଟିଏକୁ ଠୁକି ଦେବାରୁ ସଙ୍ଗେସଙ୍ଗେ ସେଠାରୁ ସ୍ୱଚ୍ଛ ଜଳର ଉତ୍ସଟିଏ ସୃଷ୍ଟି ହୋଇ ସମସ୍ତଙ୍କର ତୃଷା ମେଣ୍ଟାଇଥିଲା।

ରାଜା ନିଜେ ପଦ୍ମସମ୍ଭବଙ୍କୁ ସ୍ୱାଗତ ଜଣାଇବା ନିମନ୍ତେ ଲାସାଠାରୁ ସାତ/ଆଠ ମାଇଲ ଦୂରସ୍ଥ ହାଓପୋରି ଗିରସଙ୍କଟ ସନ୍ନିକଟ ଜୁଙ୍ଗ-କର ନାମକ ସ୍ଥାନ ନିକଟକୁ ଆସିଥିଲେ। ସେଠାରେ ସ୍ଥାନୀୟ ଅଧିବାସୀମାନେ ମଧ୍ୟ ଆଚାର୍ଯ୍ୟଙ୍କୁ ସ୍ୱାଗତ ସମ୍ମାନ ଜଣାଇବା ସକାଶେ ବହୁସଂଖ୍ୟାରେ ରୁଣ୍ଡ ହୋଇଥିôଲେ। ଆଚାର୍ଯ୍ୟ ପଦ୍ମସମ୍ଭବଙ୍କୁ ସେଠାରେ ରାଜା-ମନ୍ତ୍ରୀ-ପ୍ରଜା ସମସ୍ତେ ଉଚ୍ଛ୍ୱସିତ ସମ୍ବର୍ଦ୍ଧନା ଜଣାଇବା ସହ ଏକ ବିଶାଳ ତଥା ଆଡ଼ମ୍ବରପୂର୍ଣ୍ଣ ଶୋଭାଯାତ୍ରାରେ ଲାସାକୁ ନିଆଯାଇଥିଲା। ଏହିଭଳି ଭାବେ ପଦ୍ମସମ୍ଭବ ତିବ୍ବତରେ ଖ୍ରୀ୭୪୭ ବସନ୍ତ ଋତୁ ଆରମ୍ଭ ବେଳକୁ ପହଞ୍ଚିଥିଲେ।(କ୍ରମଶଃ...) ●

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦

ସକାଳ THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପ୍ରକାଶ ପାଇଲା ମାତୃତ୍ୱ ଛୁଟି ବିଜ୍ଞପ୍ତି

**ଭୁବନେଶ୍ୱର,୩୦।୫(ସମିସ):** ଜଣେ ମହିଳା ସରକାରୀ କର୍ମଚାରୀ ଦୁଇଟିରୁ କମ୍ ଜୀବିତ ପିଲାଙ୍କ ପାଇଁ, ମାତୃତ୍ୱ ସମୟରେ ୧୮୦ ଦିନ ପର୍ଯ୍ୟନ୍ତ ଛୁଟି ପାଇବାର ନିୟମ ରହିଥିବା ବେଳେ ଏହାର ଅବଧି, ଜଣେ ମହିଳା ସରକାରୀ କର୍ମଚାରୀ ଶିଶୁ ଜନ୍ମ ସମୟରେ ସରକାରୀ ସେବାରେ ନ ଥାଇ ପରବର୍ତ୍ତୀ ସମୟରେ ମାତୃତ୍ୱ ଛୁଟି ନେଇପାରିବେ କି ନାହିଁ ସେ ବିଷୟରେ ରହିଥିବା ଦ୍ୱନ୍ଦ୍ୱକୁ ଦୂର କରିଛନ୍ତି ରାଜ୍ୟ ସରକାର। ମାତୃତ୍ୱ ଛୁଟି ସମ୍ପର୍କିତ ନୂତନ ପ୍ରାବଧାନ ଆଣିବା ପାଇଁ ସରକାର ସ୍ପଷ୍ଟୀକରଣ ଓ ମାର୍ଗଦର୍ଶିକା ଜାରୀ କରିଛନ୍ତି। ଏହି ମାର୍ଗଦର୍ଶିକା ଅନୁସାରେ, ଜଣେ ମହିଳା କର୍ମଚାରୀ ପ୍ରସବ ତାରିଖର ତିନି ମାସ ପୂର୍ବରୁ ଏବଂ ପ୍ରସବ ତାରିଖର ଛଅମାସ ମଧ୍ୟରେ ୧୮୦ଦିନର ମାତୃତ୍ୱ ଛୁଟି ନେଇପାରିବେ। କିନ୍ତୁ ଜଣେ ସରକାରୀ କର୍ମଚାରୀ ଯଦି ଶିଶୁ ଜନ୍ମ ହେବା ସମୟରେ ସରକାରୀ ସେବାରେ ନ ଥିବେ, ତେବେ ସେବାରେ ଯୋଗଦେବା ପରେ ଶିଶୁଟିକୁ ଛଅ ମାସ ହେବା ପର୍ଯ୍ୟନ୍ତ ମାତୃତ୍ୱ ଛୁଟି ନେଇପାରିବେ। ତେଣୁ ଏକ୍ଷେତ୍ରରେ ଛୁଟିର ଅବଧି ୧୮୦ ଦିନରୁ କମ୍ ରହିବ। ସେହିପରି ମାତୃତ୍ୱ ଛୁଟିରେ ଥିବା ସମୟରେ ଯଦି ଗର୍ଭପାତ କିମ୍ବା ଜନ୍ମିତ ଶିଶୁର ମୃତ୍ୟୁ (ଜନ୍ମର ୨୮ ଦିନ ମଧ୍ୟରେ) ହୁଏ କିମ୍ବା ମୃତ ଶିଶୁ ଜନ୍ମ ହୁଏ, ତେବେ ତାଙ୍କର ମାତୃତ୍ୱ ଛୁଟିର ଅବଧି ସେହି ଦୁର୍ଘଟଣା ଦିନଠାରୁ ୪୨ଦିନ ପର୍ଯ୍ୟନ୍ତ ରହିବ। ଯଦି ଶିଶୁର ମୃତ୍ୟୁ ଜନ୍ମର ୨୯ ଦିନରୁ ୧୨୦ ଦିନ ମଧ୍ୟରେ ହୁଏ, ତେବେ ସେହି ଦିନଠାରୁ ୧୪ଦିନ ପର୍ଯ୍ୟନ୍ତ ଛୁଟି ରହିବ। ଯଦି ମାତୃତ୍ୱ ଛୁଟି ଅବଧି ଶେଷ ହୋଇଯାଇଥିବ, ତେବେ ସେ ଅଧିକ ୧୪ ଦିନର ଛୁଟି ପାଇବେ କିମ୍ବା ମାତୃତ୍ୱ ଛୁଟିର ଅବଧି ଦୁର୍ଘଟଣା ଦିନଠାରୁ ୧୪ ଦିନ ଭିତରେ ଶେଷ ହୋଇଯାଇଥିବ, ତେବେ ୧୪ ଦିନରୁ ବଳକା ରହିଥିବା ଦିନର ଅଧିକ ମାତୃତ୍ୱ ଛୁଟି ପାଇବେ। ପୂର୍ବରୁ ଯେତେଥର ମାତୃତ୍ୱ ଛୁଟି ନେଇଥିଲେ ବି ଜଣେ ମହିଳା ସରକାରୀ କର୍ମଚାରୀ ତାଙ୍କର ଦ୍ୱିତୀୟ ଜୀବିତ ସନ୍ତାନ ରଖିବା ପାଇଁ ବାରମ୍ବାର ଛୁଟି ନେଇପାରିବେ। ଏହାସହ ମାତୃତ୍ୱ ଛୁଟି ସମୟରେ ଉଚ୍ଚ ପଦବୀକୁ ପଦୋନ୍ନତି ଦିଆଯାଏ, ତେବେ ସେ ଉଚ୍ଚ ପଦବୀରେ ଯୋଗଦେଲେ ବୋଲି ସଂପୃକ୍ତ ବିଭାଗୀୟ ଉଚ୍ଚ କର୍ତ୍ତୃପକ୍ଷଙ୍କୁ ଚିଠି ମାଧ୍ୟମରେ ଜଣାଇବେ। ଅର୍ଥାତ୍ ସେହିଦିନରୁ ସେ ଉଚ୍ଚ ପଦବୀରେ ଯୋଗଦେଲେ ବୋଲି ଧରାଯିବ। ଏହାସହ ତାଙ୍କର ମାତୃତ୍ୱ ଛୁଟିର ଅବଶିଷ୍ଟ ଅବଧି ନିରବଚ୍ଛିନ୍ନ ଭାବେ ନେଇପାରିବେ ଏବଂ ମାତୃତ୍ୱ ଛୁଟି ଏକକାଳୀନ ଅବା ବିଭିନ୍ନ ପର୍ଯ୍ୟାୟରେ ନେଇପାରିବେ। ତେବେ ମାତୃତ୍ୱ ଛୁଟି ଲାଭ କରିବା ପାଇଁ ସନ୍ତାନ ପ୍ରସବ ଯେକୌଣସି ସରକାରୀ ସ୍ୱୀକୃତିପ୍ରାପ୍ତ ଚିକିତ୍ସାଳୟରେ ହେବା ଆବଶ୍ୟକ ବୋଲି ମାର୍ଗଦର୍ଶିକାରେ ଉଲ୍ଲେଖ କରାଯାଇଛି।

## ବଜ୍ରପାତରେ ଯୁବକ ମୃତ

**ଲୋଇସିଂହା, ୩୦।୫(ସମିସ):** ବଜ୍ରପାତରେ ବଲାଙ୍ଗିର ଜିଲ୍ଲା ଆଗଲପୁର ଥାନା ଡୁଡୁକା ଗ୍ରାମର ସଂଜିତ୍ ନାଏକ(୨୩)ଙ୍କ ମୃତ୍ୟୁ ଘଟିଛି। ଗୁରବାର ଅପରାହ୍ଣରେ ସଞ୍ଜିତ ଗାଇ ଚରାଇବାକୁ ଯାଇଥିବା ବେଳେ ହଠାତ୍ ବର୍ଷା ପବନ ସହ ବ୍ରଜପାତ ହୋଇଥିଲା। ଏଥିରେ ସଞ୍ଜିତ ଟଳିପଡ଼ିଥିଲେ। ସଞ୍ଜିତ ସନ୍ଧ୍ୟା ସୁଦ୍ଧା ଘରକୁ ନ ଆସିବାରୁ ପରିବାରଲୋକେ ଖୋଜାଖୋଜି କରିଥିଲେ। ବିଳମ୍ବିତ ରାତିରେ ଗାଁ ଠାରୁ ୧ କିମି ଦୂର ଏକ ଚାଷ ଜମିରେ ସଞ୍ଜିତଙ୍କ ମୃତଦେହ ପଡ଼ିଥିବା ଦେଖିବାକୁ ପାଇଥିଲେ।

# ବିପଦ ବଢ଼ାଇବ ମୌସୁମୀ ବ୍ରେକ୍

### ରାଜ୍ୟରେ ହେବ ଭୀଷଣ ବଜ୍ରପାତ ● ଚାଷୀଙ୍କୁ ସୁରକ୍ଷିତ ରହିବାକୁ ସତର୍କ ସୂଚନା

**ଭୁବନେଶ୍ୱର, ୩୦।୫(ସମିସ):** ଅଟକିଗଲା ମୌସୁମୀ। ଯେଉଁ ଗତିରେ ଓଡ଼ିଶାକୁ ମାଡ଼ି ମାଡ଼ି ଆସିଥିଲା, ସେଥିରେ ଏବେ ବ୍ରେକ୍ ଲାଗିଛି। ଆଉ ଆଗକୁ ବଢ଼ୁନି। ପ୍ରାୟ ଦୁଇ ସପ୍ତାହ ଧରି ଏମିତି ସ୍ଥାଣୁ ହୋଇ ରହିବ ମୌସୁମୀ। ଫଳରେ, ଆଗକୁ ରାଜ୍ୟରେ ବର୍ଷା କମିବ ଓ ପାଗ ଶୁଖିଲା ରହିବ। ଗଲା କିଛି ବର୍ଷ ହେବ, ମୌସୁମୀ ଓଡ଼ିଶା ଛୁଇଁବାର ମାସେରୁ ଦେଢ଼ମାସ ପରେ ଏପରି ସ୍ଥିତି ଅର୍ଥାତ୍ 'ମୌସୁମୀ ବ୍ରେକ୍' ହେଉଥିବା ବେଳେ ଚଳିତ ବର୍ଷ ଆରମ୍ଭରୁ ଏଭଳି ସ୍ଥିତି ସୃଷ୍ଟି ହେବା ରାଜ୍ୟ ପାଇଁ ଶୁଭଙ୍କର ନୁହେଁ ବୋଲି ପାଣିପାଗ ବିଜ୍ଞାନୀମାନେ ଚେତାଇ ଦେଲେଣି।

ସେମାନଙ୍କ କହିବା କଥା, ମୌସୁମୀ ବିରତି ସମୟରେ ବିଜୁଳି ଘଡ଼ିଘଡ଼ି ପାଇଁ ସ୍ଥିତି ଅନୁକୂଳ ରହିଥାଏ ଓ ଏହାର ମାତ୍ରା ବୃଦ୍ଧି ପାଏ। ମୌସୁମୀ ଦୁର୍ବଳ ଯୋଗୁଁ ବର୍ଷାର ପରିମାଣ କମିଥାଏ ଓ ତାପମାତ୍ରା ବୃଦ୍ଧି ହୁଏ। ଏହି ସମୟରେ ବଙ୍ଗୋପସାଗରରୁ ରାଜ୍ୟକୁ ଆସୁଥିବା ଜଳୀୟବାଷ୍ପପୂର୍ଣ୍ଣ ବାୟୁ ଉତ୍ତପ୍ତ ବାୟୁମଣ୍ଡଳ ସଂସ୍ପର୍ଶରେ ଆସି ବଜ୍ରପାତ ସୃଷ୍ଟି କରିଥାଏ। ଯେହେତୁ ରାଜ୍ୟରେ ଗଲା କିଛି ଦିନ ମଧ୍ୟରେ ଭଲ ବର୍ଷା ହୋଇଛି, ତେଣୁ ଚାଷ କାମ ପାଇଁ ଚାଷୀମାନେ କ୍ଷେତରେ ରହିବାର ସମ୍ଭାବନା ରହିଛି। ତେଣୁ ଏହି ସମୟରେ ଚାଷୀଙ୍କ ପାଇଁ ବଜ୍ରପାତର ଅଧିକ ବିପଦ ଆଶଙ୍କା ସୃଷ୍ଟି ହୋଇଛି। ଏହାକୁ ଦୃଷ୍ଟିରେ ରଖି ଚାଷୀମାନଙ୍କୁ ଯଥେଷ୍ଟ ସତର୍କତାମୂଳକ ପଦକ୍ଷେପ ନେବାକୁ ପରାମର୍ଶ ଦିଆଯାଇଛି।

ସାଧାରଣତଃ ମୌସୁମୀ ସହ ଜଡ଼ିତ ନିମ୍ନଚାପରେଖା ଉତ୍ତରମୁହାଁ ହେଲେ ଓଡ଼ିଶା ସମେତ କେନ୍ଦ୍ରୀୟ ଭାରତରେ ବର୍ଷା କମିଥାଏ। ନିମ୍ନଚାପ ରେଖା ଏହି ସମୟରେ ଉତ୍ତରମୁହାଁ ହୋଇ ହିମାଳୟ ପାଦଦେଶରେ ସକ୍ରିୟ ରହିବା ସହ ସେଠାରେ ବର୍ଷା କରାଏ। ସେହିପରି ମୌସୁମୀ ବିରତି ସମୟରେ ପଶ୍ଚିମାଝଡ଼ର ପ୍ରଭାବ ରହିଲେ, ଏହି ବିରତି ଅବଧି ବୃଦ୍ଧି ହେବାକୁ ସହାୟକ ହୋଇଥାଏ। ତେବେ ଚଳିତ ବର୍ଷ ସାରା ଦେଶକୁ ମୌସୁମୀ ଅଗ୍ରସର ହୋଇ ନ ଥିବା ସତ୍ତ୍ୱେ ମୌସୁମୀ ବିରତି ଆରମ୍ଭ ହୋଇଯାଇଛି। ମୁଖ୍ୟତଃ ଆରବସାଗର ଓ ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଦୁଇଟି ଲଘୁଚାପ ସ୍ୱାଭାବିକଠୁ ଯଥେଷ୍ଟ ଆଗରୁ ମୌସୁମୀକୁ ଟାଣି ଆଣିଥିଲେ ମଧ୍ୟ ଏହାର କ୍ରମାଗତ ପ୍ରଭାବ ଜାରି ରହିବାରେ ଆହ୍ୱାନ ସୃଷ୍ଟି ହୋଇଛି। ଚଳିତ ବର୍ଷ ଉତ୍ତର ଆଫଗାନିସ୍ତାନରେ ପଶ୍ଚିମା ଝଡ଼ ଓ ଏହା ପଛକୁ ସୃଷ୍ଟି ହେବାକୁ ଥିବା ଆଉ ଏକ ପଶ୍ଚିମା ଝଡ଼ ମୌସୁମୀକୁ ଆଗରେ ପ୍ରତିବନ୍ଧକ ହୋଇଛି। ଏହି ସ୍ଥିତି ଯୋଗୁଁ ମୌସୁମୀ ଆଗକୁ ଅଗ୍ରସର ହୋଇପାରୁ ନଥିବାରୁ ରାଜ୍ୟ ତଥା ଦେଶର ପ୍ରମୁଖ ସ୍ଥାନମାନଙ୍କରେ ପାଗ ଶୁଖିଲା ରହିବ ବୋଲି ପାଣିପାଗ ବିଭାଗ ଆକଳନ କରିଛି। ତେଣୁ ଶନିବାରଠାରୁ ରାଜ୍ୟର ଆଉ କୌଣସି ଜିଲ୍ଲା ପାଇଁ ବର୍ଷା ଜନିତ ସତର୍କ ସୂଚନା ଜାରି କରାଯାଇନାହିଁ।

ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ, ୩୦ତାରିଖ ସୁଦ୍ଧା ରାଜ୍ୟରେ ୨୨୧.୫ମିମି ବର୍ଷା ହୋଇସାରିଛି। କିଛି ଜିଲ୍ଲାରେ ସ୍ୱାଭାବିକଠୁ ଯଥେଷ୍ଟ ଅଧିକ ହୋଇଥିବା ବେଳେ କିଛିରେ ସ୍ୱାଭାବିକଠୁ ଅଧିକ ଓ ବାକି ଜିଲ୍ଲାରେ ସ୍ୱାଭାବିକ ବର୍ଷା ରହିଛି। ବର୍ଷା ୪୭୬.୮ ମିମି ତୁଳନାରେ ୨ ପ୍ରତିଶତ ଅଧିକ ରହିଛି। ଅନ୍ୟପଟେ, ଶନିବାରଠାରୁ ରାଜ୍ୟର ପ୍ରାୟ ସବୁ ଅଞ୍ଚଳରେ ବିଜୁଳି ଘଡ଼ଘଡ଼ିଜନିତ ସ୍ଥିତି ନେଇ ସତର୍କ ରହିବା ପାଇଁ ପାଣିପାଗ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଦିଆଯାଇଛି।

## ଅବଶିଷ୍ଟାଂଶ

### ସମ୍ପର୍କ ଛିନ୍ନ ପରେ...

ଏହା ପୂର୍ବରୁ ବମ୍ବେ ହାଇକୋର୍ଟ ତାଙ୍କ ବିରୋଧରେ ରୁଜୁ ମାମଲାକୁ ରଦ୍ଦ କରିବାକୁ ମନା କରି ଦେଇଥିଲେ। ପରେ ସେ ଏହା ବିରୋଧରେ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଏବେ ହାଇକୋର୍ଟଙ୍କ ନିଷ୍ପତ୍ତିକୁ ପଲଟାଇ ସର୍ବୋଚ୍ଚ ନ୍ୟାୟାଳୟ ଆପରାଧିକ କାର୍ଯ୍ୟାନୁଷ୍ଠାନକୁ ବନ୍ଦ କରିଦେଇଛନ୍ତି। ଶୁଣାଣି ସମୟରେ ସୁପ୍ରିମକୋର୍ଟ ଅନୁଧ୍ୟାନ କରିଥିଲେ ଯେ ମାମଲାର ଏତଲା ୧୩ ମାସ ପରେ ରୁଜୁ ହୋଇଥିଲା। ଏତେ ବିଳମ୍ବରେ ରୁଜୁ ଏତଲାର ସତ୍ୟତା ଉପରେ ସନ୍ଦେହ ସୃଷ୍ଟି ହେଉଛି। ମହିଳାଙ୍କ ମେଡିକାଲ ରିପୋର୍ଟରେ ମଧ୍ୟ ଜୋର ଜବରଦସ୍ତି ଯୌନ ସମ୍ବନ୍ଧ କିମ୍ବା ଅପ୍ରାକୃତିକ ସମ୍ବନ୍ଧର ପ୍ରମାଣ ମିଳିନାହିଁ। ଅଭିଯୁକ୍ତ ଏବଂ ପୀଡ଼ିତା ବର୍ଷେରୁ ଅଧିକ ସମୟ ପର୍ଯ୍ୟନ୍ତ ସମ୍ବନ୍ଧରେ ଥିଲେ। ମହିଳା ତାଙ୍କ ସହ ଦୁଇ ଥର ଲଜ୍‌କୁ ମଧ୍ୟ ଯାଇଥିଲେ।

### ଗୋଟିଏ ସିଫ୍ଟରେ...

ଏକ୍ସାମିନେସନ (ଏନବିଇ)କୁ ପର୍ଯ୍ୟାପ୍ତ କେନ୍ଦ୍ର ମିଳି ନାହିଁ କହିବା ଅନୁଚିତ। ଏହି ତର୍କକୁ ଗ୍ରହଣ କରାଯିବ ନାହିଁ। ୨ଟି ପ୍ରଶ୍ନପତ୍ରର ଜଟିଳତା ସ୍ତର ମଧ୍ୟ ସମାନ ହୋଇପାରିବ ନାହିଁ। କେବଳ ଜଟିଳ ମାମଲାରେ ନର୍ମାଲାଇଜେସନକୁ ବ୍ୟବହାର କରାଯିବା ଉଚିତ। ନିୟମିତ ପରୀକ୍ଷାରେ ଏହାକୁ ବ୍ୟବହାର କରା ନ ଯିବା ଆବଶ୍ୟକ। ସୂଚନାଯୋଗ୍ୟ ଯେ ଚଳିତ ବର୍ଷ ନିଟ୍-ପିଜି ପରୀକ୍ଷା ଜୁନ୍ ୧୫ରେ ହେବ। ଏବେ ବି ପରୀକ୍ଷା କେନ୍ଦ୍ର ଆଦି ଚୟନ କରିବା ପାଇଁ ୨ ସପ୍ତାହରୁ ଅଧିକ ସମୟ ରହିଛି। ଏହା ସତ୍ତ୍ୱେ ଯଦି ଅଧିକ ସମୟ ଦରକାର ତେବେ ଆବେଦନ କରିବାକୁ ସୁପ୍ରିମକୋର୍ଟ କହିଛନ୍ତି।

### ଜେଲ୍ ଗଲେ ଇଡି...

ଜାଣିବାକୁ ପାଇଲେ ତାଙ୍କ ନାମରେ ଏକ କେସ୍ ପଞ୍ଜିକୃତ ହୋଇଛି। ଏପରିକି ୨୦୨୫ ଜାନୁଆରୀ ୮ ତାରିଖରେ ତାଙ୍କ ଅଫିସରେ ମଧ୍ୟ ଇଡି ଚଢ଼ଉ କରିଥିଲା। ଏହି ମାମଲାରେ ଗତ ମାର୍ଚ୍ଚ ମାସରେ ସମନ୍ ପାଇ ସେ ଇଡି କାର୍ଯ୍ୟାଳୟରେ ହାଜର ହୋଇଥିଲେ। ସେ ଡେପୁଟି ଡାଇରେକ୍ଟରଙ୍କ ଚାମ୍ବରରେ ପହଞ୍ଚିବା ପରେ ତାଙ୍କୁ ମଧ୍ୟ ପଚରାଉଚରା କରାଯାଇଥିଲା। ପରେ ତାଙ୍କୁ ଇଡି କାର୍ଯ୍ୟାଳୟରେ ଭକ୍ତି ବେହେରାଙ୍କ ସହ ପରିଚିତ କରାଯାଇଥିଲା। ଭକ୍ତିଙ୍କ ସହ ଘଟଣା ସମ୍ପର୍କରେ ଯୋଗାଯୋଗରେ ରହିବାକୁ ତାଙ୍କୁ କୁହାଯାଇଥିଲା। ସେବେଠୁ ସେହି ତୃତୀୟ ବ୍ୟକ୍ତିଙ୍କ ଜରିଆରେ ଗତ ମେ ମାସ ୨୬ ତାରିଖରେ ସେ ଏକ ହୋଟେଲରେ ଭେଟଘାଟ ହୋଇଥିଲେ। କେସ୍‌ରୁ ମୁକାଳିବା ଓ ଅଯଥା ସମନ୍‌ରୁ ବର୍ତ୍ତିବାକୁ ତାଙ୍କୁ ଇଡି ଅଧିକାରୀ ଜଣକ ୫ କୋଟି ଟଙ୍କାର ଲାଞ୍ଚ ମାଗିଥିଲେ ବୋଲି ରତିକାନ୍ତ ତାଙ୍କ ଅଭିଯୋଗରେ ଦର୍ଶାଇଛନ୍ତି। ଫୋନ ଯୋଗେ ସେହି ତୃତୀୟ ବ୍ୟକ୍ତି ଚିନ୍ତନ ରଘୁବଂଶୀଙ୍କ ସହ କଥା କରାଇଥିଲେ। ପରେ ୨ କୋଟି ଦେବା ପାଇଁ ସେ ରାଜି ହୋଇଥିଲେ। ଅଗ୍ରୀମ ଭାବେ ୫୦ ଲକ୍ଷ ଟଙ୍କା ଓ ପରେ ଦେବା ପାଇଁ ବିଲ୍ ଅନୁସାରେ କଥା ଛିଡ଼ିଥିଲା। ଗତ ୨୮ ମେ'ରେ ତାଙ୍କୁ ଲାଞ୍ଚ ଟଙ୍କା ଦେବା ପାଇଁ କୁହାଯାଇଥିଲା। ଯାହାକୁ ଆଧାର କରି ସେ ସିବିଆଇକୁ ଜଣାଇବା ପରେ ସିବିଆଇ ପଦକ୍ଷେପ ନେଇଥିଲା। ଭୁବନେଶ୍ୱରରେ ସିବିଆଇର ଜଣେ ଅଫିସରଙ୍କ ନେତୃତ୍ୱରେ ଏପରି ଲାଞ୍ଚ କାରବାର ଧରପଗଡ଼ ପାଇଁ ପୂର୍ବରୁ ଯୋଜନା ହୋଇଥିଲା। ଯୋଜନା ମୁତାବକ ରତିକାନ୍ତ ଗତକାଲି ରଙ୍ଗବୋଲା ଟଙ୍କା ନେଇ ଭୁବନେଶ୍ୱର ନୟାପଲ୍ଲୀ ଇଡି ଅଫିସରେ ଉପନିର୍ଦ୍ଦେଶକଙ୍କୁ ଦେବା ପାଇଁ ଯାଇଥିବା ବେଳେ ସିବିଆଇ ଟିମ୍ ଜଗି ରହିଥିଲେ। ସେଠାରେ ଲାଞ୍ଚ ଟଙ୍କା ନେବା ସମୟରେ ସିବିଆଇ ଅଧିକାରୀ ମାଡ଼ି ବସିଥିଲେ। ଉପନିର୍ଦ୍ଦେଶକ ରଘୁବଂଶୀ ଏବଂ ମଧ୍ୟସ୍ଥି ଭକ୍ତିଙ୍କ ଘର ସମେତ ଅଫିସ ଓ ଅନେକ ସ୍ଥାନରେ ମଧ୍ୟ ସିବିଆଇ ପକ୍ଷରୁ ଚଢ଼ଉ କରାଯାଇଛି।

### ସିକିମ୍‌ରେ ନଦୀକୁ...

ଗାଡ଼ିରେ ଆଗପଛ ହୋଇ ଫେରୁଥିଲେ। ପଛ ଗାଡ଼ିଟି ରାତ୍ରିରେ ଘାଟିରୁ ତଳକୁ ଖସିବା ସମୟରେ ଭାରସାମ୍ୟ ହରାଇ ଖାଇକୁ ଖସି ତିସ୍ତା ନଦୀରେ ପଡ଼ିଥିଲା। ଅନ୍ୟ ଗାଡ଼ିଟି ଆଉ ୫ଜଣଙ୍କୁ ନେଇ ଆଗକୁ ଚାଲିଯାଇଥିବାରୁ ଦୁର୍ଘଟଣାରୁ ବର୍ତ୍ତି ଯାଇଥିଲା। ଏହି ପର୍ଯ୍ୟଟକ ଦଳରେ ପଶ୍ଚିମବଙ୍ଗର ମଧ୍ୟ କିଛି ଯାତ୍ରୀ ଥିବା ସୂଚନା ମିଳିଛି।

ଦୁର୍ଘଟଣାର ସୂଚନା ପାଇବା ପରେ ଭାରତୀୟ ସେନା, ଆଇଟିବିପି, ସିକିମ ପୁଲିସ ଏବଂ ସ୍ଥାନୀୟ ପ୍ରଶାସନ ଘଟଣାସ୍ଥଳରେ ପହଞ୍ଚି ରାତାରାତି ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲା। ବୁଡାଳି ଏବଂ ଦକ୍ଷ ଉଦ୍ଧାରକାରୀ ଦଳକୁ ମଧ୍ୟ ମୁତୟନ କରାଯାଇଛି। ଦୁର୍ଘଟଣାଗ୍ରସ୍ତ ଅଞ୍ଚଳକୁ କର୍ଡନ କରି ଦିଆଯାଇଛି। ପରବର୍ତ୍ତୀ ନିର୍ଦ୍ଦେଶ ପର୍ଯ୍ୟନ୍ତ ଲାଚେନ-ଲାଚୁଙ୍ଗ ମାର୍ଗରେ ନଆସିବା ପାଇଁ ଯାତ୍ରୀଙ୍କୁ ପରାମର୍ଶ ଦିଆଯାଇଛି।

ଓଡ଼ିଶା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏକ ସ୍ୱତନ୍ତ୍ର ଟିମ୍‌କୁ ଘଟଣାସ୍ଥଳକୁ ଯିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ସେ ସିକିମ ମୁଖ୍ୟମନ୍ତ୍ରୀ ପ୍ରେମସିଂହ ତମାଙ୍ଗ ସହ ମଧ୍ୟ କଥା ହୋଇଛନ୍ତି। ଓଡ଼ିଶା ଯାତ୍ରୀଙ୍କ ବିଷୟରେ ପଚାରି ବୁଝିଛନ୍ତି। ଶ୍ରୀ ମାଝୀ ଯାତ୍ରୀଙ୍କ ସୁରକ୍ଷା ଏବଂ ଚିକିତ୍ସାକୁ ଗୁରୁତ୍ୱ ଦେଇଛନ୍ତି। ସିକିମ ଯାତ୍ରୀ କରିଥିବା ଓଡ଼ିଶା ପର୍ଯ୍ୟଟକଙ୍କ ସୁରକ୍ଷିତ ପ୍ରତ୍ୟାବର୍ତ୍ତନ ପାଇଁ ବ୍ୟବସ୍ଥା କରିବାକୁ ଶ୍ରୀ ମାଝୀ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

### ଆର୍‌ଡି ମୁଖ୍ୟଯନ୍ତ୍ରୀଙ୍କ...

ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ବୈକୁଣ୍ଠଙ୍କ ଅନୁଗୋଳ ଜିଲ୍ଲାରେ ଥିବା ଘର ସମେତ ଭୁବନେଶ୍ୱର, ପୁରୀର ୭ଟି ସ୍ଥାନରେ ଏକକାଳୀନ ଚଢ଼ାଉ କରାଯାଇଛି। ଅନୁଗୋଳ କାରଡ଼ାଗାଡ଼ିଆ ସ୍ଥିତ ବାସଭବନ, ଲୋକେଇପଶି ପୈତୃକ ବାସ ଭବନ, ମାଟିଆସାହି ଓ ଶିକ୍ଷକପଡ଼ାରେ ଥିବା ସମ୍ପର୍କୀୟଙ୍କ ଘରେ ଭିଜିଲାନ୍ସ ଚଢ଼ଉ କରିଛି। ଏହା ସହ ଭୁବନେଶ୍ୱରରେ ଥିବା ଅଫିସ, ଡୁମୁଡୁମାରେ ଥିବା ଫ୍ଲାଟ୍ ସମେତ ପୁରୀ ଜିଲ୍ଲା ପିପିଲିର ଶିଉଳାରେ ଫ୍ଲାଟରେ ଚଢ଼ାଉ କରାଯାଇଛି। ଅନୁଗୁଳ କରଡ଼ାଗାଡ଼ିଆ ଘରୁ ନଗଦ ୧କୋଟି ୩୪ଲକ୍ଷ ୩୪ ହଜାର ଟଙ୍କା ଜବତ କରାଯାଇଥିବା ବେଳେ ଭୁବନେଶ୍ୱର ଡୁମୁଡୁମା ଫ୍ଲାଟରୁ ୧କୋଟି ୨୧ଲକ୍ଷ ୯୫ ହଜାର ଟଙ୍କା ଜବତ କରାଯାଇଛି।

ତାଙ୍କ ନାମରେ କାରଡ଼ାଗାଡ଼ିଆରେ ଦୁଇ ତାଲା କୋଠା ରହିଥିବା ବେଳେ ଅନୁଗୁଳ ମାଟିଆସାହିରେ ଅନ୍ୟ ଏକ ଦୁଇ ତାଲା କୋଠା ରହିଛି। ସେହିପରି ଡୁମୁଡୁମା ଓ ସିଉଳାରେ ଫ୍ଲାଟ, ଭୁବନେଶ୍ୱର ଏବଂ ଅନୁଗୋଳରେ ୭ଟି ଦାମୀ ପ୍ଲଟ ରହିଛି। ୩ଟି ପ୍ଲଟ ଅନୁଗୋଳରେ ଥିବା ବେଳେ ୪ଟି ପ୍ଲଟ ପିପିଲିରେ ଅଛି। ଏହା ସହିତ ଘରୁ୧.୧କେଜିର ସୁନା ଗହଣା ଠାବ କରାଯାଇଥିବା ବେଳେ ବାବୁ ସେୟାର ମାର୍କେଟ ଏବଂ ଏମ୍‌ଏଫରେ ୨.୭୦କୋଟି ଟଙ୍କା ଲଗାଇଛନ୍ତି। ଏଥିସହ ବ୍ୟାଙ୍କ୍ ଆକାଉଣ୍ଟ ଏବଂ ଇନ୍ସ୍ୟୁରାନ୍ସରେ ୧.୫କୋଟି ଟଙ୍କା ଜମା ରହିଥିବା ବେଳେ କୋଟିଏ ଚାରି ଚକିଆ ଯାନ ଏବଂ ଗୋଟିଏ ଦୁଇ ଚକିଆ ଏବଂ ୧୫.୪୪ଲକ୍ଷର ଘରର ଆସବାବପତ୍ର ରହିଛି। ବଡ଼ କଥା ହେଲା ବାବୁ ଦାମୀ ଘଣ୍ଟା ପିନ୍ଧିବାକୁ ଭଲ ପାଉଥିଲେ। ତାଙ୍କ ଘରୁ ୧୫ଟି ଦାମୀ ଘଣ୍ଟାକୁ ଜବତ କରାଯାଇଛି। ବୈକୁଣ୍ଠନାଥ ଷଡ଼ଙ୍ଗୀଙ୍କ ପତ୍ନୀଙ୍କ ନାଁରେ ଅନୁଗୋଳ ସ୍ଥିତ ଆକ୍ସିସ୍ ବ୍ୟାଙ୍କରେ ଗୋଟିଏ ଲକର ଅଛି।

ବୈକୁଣ୍ଠନାଥ ମୁଖ୍ୟଯନ୍ତ୍ରୀ ଭାବେ ୧୯୯୧ ସେପ୍ଟେମ୍ବର ୩୦ ତାରିଖରେ ସରକାରୀ ଚାକିରି ଆରମ୍ଭ କରିଥିଲେ। କଣିହା ବ୍ଲକରେ ପଞ୍ଚାୟତରାଜ ବିଭାଗରେ ଷ୍ଟାଇପେଣ୍ଡାରୀ ଯନ୍ତ୍ରୀ ଥିଲେ। ସେତବେଳେ ସେ ୨ହଜାର ପ୍ରତି ମାସରେ ଦରମା ପାଉଥିଲେ।୧୯୯୯ ଅକ୍ଟୋବର ୧୫ ପର୍ଯ୍ୟନ୍ତ ବିଭିନ୍ନ ବ୍ଲକ୍‌ରେ ସେ ଯନ୍ତ୍ରୀ ଭାବେ କାମ କରିଥିଲେ। ପରେ ସୁନ୍ଦରଗଡ଼ ପିଡବ୍ଲ୍ୟୁଡି ଡିଭିଜନରେ ସହକାରୀ ଯନ୍ତ୍ରୀ(ନିୟମିତ) କାର୍ଯ୍ୟ କରିଥିଲେ। ୨୦୧୨ରେ ତାଳଚେର ଏବଂ ଅନୁଗୁଳରେ କାମ କରିଥିଲେ। ୨୦୧୬ରେ ଆଠମଲ୍ଲିକରେ ସହାକାରୀ କାର୍ଯ୍ୟନିର୍ବାହୀ ଯନ୍ତ୍ରୀ ଭାବେ ଆରଡି ଡିଭିଜନରେ କାମ କରୁଥିଲେ। ୨୦୨୩ରେ ଅତିରିକ୍ତ ମୁଖ୍ୟଯନ୍ତ୍ରୀ ଭାବେ ପଦୋନ୍ନତି ପାଇଥିଲେ। ଏ ସମ୍ପର୍କରେ ଭିଜିଲାନ୍ସ ନିର୍ଦ୍ଦେଶକ ଯଶବନ୍ତ ସିଂ ଜେଠୱା କହିଛନ୍ତି ଯେ, ଦୁର୍ନୀତି କରି ଅବସର ନେଇଗଲେ ଭିଜିଲାନ୍ସ ନଜର ପଡ଼ିବନି। ଅବସର ନେଲେ ବି ଭିଜିଲାନ୍ସ ଗୋଡାଇ ଧରିବ। ତେଣୁ ସେଭଳି କିଛି ସୀମା ଭିଜିଲାନ୍ସର ନାହିଁ। ଦୁର୍ନୀତି କଲେ ଭିଜିଲାନ୍ସ ଛାଡ଼ିବ ନାହିଁ। ବୈକୁଣ୍ଠ ଚାକିରି କାଳରେ ଏହି କଳାଧନ ଅର୍ଜନ କରିଥିବା ଜଣାପଡ଼ିଛି। ତେଣୁ ସବୁ ଦିନକୁ ନେଇ ତଦନ୍ତ କରାଯାଉଛି ବୋଲି ସେ କହିଛନ୍ତି।

### ସରଣ୍ଡାରୁ ମିଳିଲା...

ସହଯୋଗୀମାନେ ସରେଣ୍ଡା ଜଙ୍ଗଲ ଅନ୍ତର୍ଗତ କୋଲେହାନ ଅଞ୍ଚଳରେ ବଡ଼ଧରଣର ମାଓ ହିଂସା କରିବା ପାଇଁ ସେମାନଙ୍କର ଗତିବିଧି ରଖିଥିବାରୁ ଝାଡ଼ଖଣ୍ଡର ଚାଇଁବାସା ପୁଲିସ, କୋବ୍ରା ୨୦୩ ବାଟାଲିୟନ ପୁଲିସ, ୨୦୯ ବାଟାଲିୟନ ଜାଗୁଆର ପୁଲିସ, ସିଆରପିଏଫର ୨୬, ୬୦, ୧୩୪, ୧୭୪, ୧୯୩, ୧୯୭ ବାଟାଲିଅନ୍ ପକ୍ଷରୁ ନିୟମିତ ଭାବେ କମ୍ବିଂ ଅପରେସନ ଜାରି ରହି ଆସିଛି। ଗତ ମାର୍ଚ୍ଚ ୩ରେ ଛୋଟାନାଗରା ଏବଂ ଜରେଇକେଲା ଥାନା ସୀମାବର୍ତ୍ତୀ ଇଲାକାଗୁଡ଼ିକରେ ଏକ ବଡ଼ଧରଣର ଅପରେସନ ମଧ୍ୟ କରାଯାଇଥିଲା। ତେବେ ଓଡ଼ିଶାର ସୁନ୍ଦରଗଡ଼ ଜିଲ୍ଲା ଅଧୀନ ବାଙ୍କୋ ନିକଟରୁ ୫ ଟନ୍ ବିସ୍ଫୋରକ ସାମଗ୍ରୀ ଲୁଟ ପରେ ଶୁକ୍ରବାର ମଧ୍ୟାହ୍ନରେ ସୀମାନ୍ତବର୍ତ୍ତୀ ଜରେଇକେଲା ଥାନା ଅଧୀନ ତିରିଲପୋଷିର ଜଙ୍ଗଲ ଭିତରେ ଥିବା ଏକ ମାଓ କ୍ୟାମ୍ପ ଉପରେ ଝାଡ଼ଖଣ୍ଡ ପୁଲିସ, ସିଆରପିଏଫ, ଜାଗୁଆର ପୁଲିସ ଓ କୋବ୍ରା ପୁଲିସ ପକ୍ଷରୁ ମିଳିତ ଭାବେ ଚଢ଼ଉ କରାଯାଇ ଥିଲା। ଏହାପରେ ପୁଲିସ ଓ ମାଓବାଦୀଙ୍କ ମଧ୍ୟରେ ଗୁଳି ବିନିମୟ ହୋଇଥିଲା।

ଏହାପରେ ପୁଲିସକୁ ମିଳିଥିଲା ଏକ ବଡ଼ ସଫଳତା। ସେଠାରେ ଚାଲୁଥିବା ମାଓକ୍ୟାମ୍ପରୁ ବିପୁଳ ପରିମାଣର ବିସ୍ଫୋରକ ସାମଗ୍ରୀ, ଜିଲେଟିନ ଷ୍ଟିକ୍ ସମେତ ମାଓବାଦୀଙ୍କ ନିତ୍ୟବ୍ୟବହାର୍ଯ୍ୟ ସାମଗ୍ରୀ, ମାଓ ପୋଷାକ ଆଦି ଜବତ କରାଯାଇଥିଲା। ତେବେ ମାଓକ୍ୟାମ୍ପରୁ ଜବତ ବିସ୍ଫୋରକ ଗତ ୨୭ ତାରିଖ ଦିନ ବାଙ୍କୋରୁ ଲୁଟ ବିସ୍ଫୋରକ କି ନାହିଁ, ସେନେଇ ଓଡ଼ିଶା କି ଝାଡ଼ଖଣ୍ଡ ପୁଲିସ ସ୍ପଷ୍ଟ କରିନାହାନ୍ତି। ଏତଦ୍‌ବ୍ୟତୀତ ପୁଲିସର ମିଳିତ ଅପରେସନ ବେଳେ ତିରିଲପୋଷିର ଜଙ୍ଗଲିଆ ରାସ୍ତାରେ ଏକ ଭୟଙ୍କର ଆଇଇଡି ବିସ୍ଫୋରଣ ଘଟିଥିଲା। ଯାହାକୁ କି ପୂର୍ବରୁ ମାଓବାଦୀମାନେ ପୁଲିସ ଯବାନମାନଙ୍କ ପ୍ରାଣହାନୀ ନିମନ୍ତେ ଖଞ୍ଜି ଥିଲେ। ଏହି ବିସ୍ଫୋରଣରେ କୋବ୍ରା ୨୦୯ ବାଟାଲିୟନର ଜଣେ ଯବାନ ଅମିତ କୁମାର ଗୁରୁତର ଭାବେ ଆହତ ହୋଇଥିବା ସୂଚନା ମିଳିଛି।

ରାଉରକେଲା ଏସ୍‌ପି ନିତେଶ ୱାଧୱାନୀ ଏକ ପ୍ରେସ୍ ବିଜ୍ଞପ୍ତିରେ କହିଛନ୍ତି ଯେ ଗତ ୨୭ ତାରିଖ ଦିନ ରାତି ସାଢ଼େ ୮ଟାରେ ବାଙ୍କୋଷ୍ଟୋନ କ୍ୱାରି ନିକଟରେ ୨୦୦ ପ୍ୟାକେଟ ବିସ୍ଫୋରକ ସାମଗ୍ରୀ ଅନଲୋଡିଂ ବେଳେ ମାଓବାଦୀମାନେ ଲୁଟି ନେଇଥିଲେ। ୨୭ ତାରିଖ ରାତିରୁ ଆଜି ପର୍ଯ୍ୟନ୍ତ ସରଣ୍ଡା ଜଙ୍ଗଲରେ ମିଳିତ ଏସଓଜି, ସିଆରପିଏଫ, କୋବ୍ରା, ଜାଗୁଆର ପକ୍ଷରୁ କମ୍ବିଂ ଅପରେସନ ଜାରି ରହିଥିବା ବେଳେ ଆଜି ତିରିଲପୋଷି ଜଙ୍ଗଲ ଭିତରେ ସୁରକ୍ଷା କର୍ମୀ ଓ ମାଓବାଦୀଙ୍କ ମଧ୍ୟରେ ଗୁଳିବିନିମୟ ହୋଇଥିଲା। ଏହି ସମୟରେ ସୁରକ୍ଷା କର୍ମୀମାନେ ବିପୁଳ ମାତ୍ରାରେ ବିସ୍ଫୋରକ ସାମଗ୍ରୀ ଜବତ କରିଛନ୍ତି।

## ପୋଖରୀରୁ ମିଳିଲା ନିଖୋଜ ଯୁବକଙ୍କ ମୁଣ୍ଡ

**ପୂର୍ବରୁ ଗଣ୍ଡି ମିଳିଥିଲା**

**କଳମପୁର,୩୦।୫(ସମିସ):** କଳାହାଣ୍ଡି ଜିଲ୍ଲା କଳମପୁର ଥାନା ଅଧୀନ ଦେପୁର ଗ୍ରାମର ଅନ୍ତରୁ ମାଝି ଓରଫ ରୂପସିଂ ନିଖୋଜ ଓ ହତ୍ୟା ମାମଲାରୁ ପରଦା ହଟାଇବା ପାଇଁ ପୁଲିସ ପ୍ରାଣମୂର୍ଚ୍ଛା ଉଦ୍ୟମ ଚଳାଇଛି। ଗତ ବୁଧବାର ଗାଁ ପୋଖରୀରୁ ଗଣ୍ଡି ମିଳିଥିଲା। ସେତେବେଳକୁ ୧୦ଦିନ ବିତି ଯାଇଥିଲା। ଏବେ ମୁଣ୍ଡ ମିଳିଛି। ପରିବାରଲୋକଙ୍କ ଅଭିଯୋଗକୁ ଆଧାର କରି ପୁଲିସ ଅଗ୍ନିଶମ ବାହିନୀକୁ ନେଇ ଏକାଧିକଥର ପୋଖରୀରେ ଶବ ଖୋଜିଥିଲା। ହତ୍ୟାକାରୀ ଲିଙ୍ଗରାଜ ମାଝି ମଧ୍ୟ ଏହା ଭିତରେ ଗୋଆରୁ ଗିରଫ ହୋଇଛି। ସେ ଗିରଫ ହେବା ପରେ ହିଁ କେଉଁଠି ଶବ ଫିଙ୍ଗିଥିଲା ତାହା ଦେଖାଇଥିଲା। ଏହାପରେ ଅଗ୍ନିଶମ ବାହିନୀ, ଓଡ୍ରାଫ୍ ମିଶି ଶବ ଖୋଜିଥିଲା। ଦୀର୍ଘ ସମୟ ପରେ ମୁଣ୍ଡବିହୀନ ଶବ ଉଦ୍ଧାର ହୋଇଥିଲା। ବଲାଙ୍ଗିରରୁ ଆସିଥିବା ଓଡ୍ରାଫ୍ ଟିମ୍ ୩ ଦିନ ଧରି ପୋଖରୀ ଭିତରେ ମୁଣ୍ଡ ଖୋଜାଖୋଜି ଚଳାଇଥିଲେ। ଶୁକ୍ରବାର ସେମାନଙ୍କୁ ସଫଳତା ମିଳିଛି।

# ମଝିରୁ ଛିଣ୍ଡିଲା ରେଳ ଧାରଣା

**କେସିଙ୍ଗା, ୩୦।୫(ସମିସ):** ସମ୍ବଲପୁର ରେଳ ଡିଭିଜନ ଅଧୀନ କଳାହାଣ୍ଡି ଜିଲ୍ଲା କେସିଙ୍ଗା ରେଳ ଷ୍ଟେସନ ୧ ନମ୍ବର ପ୍ଲାଟଫର୍ମରେ ଏକ ଭୟଙ୍କର ଘଟଣା ଘଟିଛି। ଏକ ମାଲବାହୀ ଟ୍ରେନ୍ ଯିବା ବେଳେ ହଠାତ୍ ମଝିରୁ ରେଳଧାରଣା ଛିଣ୍ଡି ଯାଇଛି। ତେବେ ଏଥିରେ କୌଣସି କିଛି କ୍ଷୟକ୍ଷତି ହୋଇନାହିଁ। ଗୁରୁବାର ବିଳମ୍ବିତ ରାତିରେ ମାଲବାହୀ ଟ୍ରେନ୍‌ଟି ୧ ନମ୍ବର ପ୍ଲାଟଫର୍ମରେ ଟିଟଲାଗଡ଼ ପଟୁ ରାୟଗଡ଼ା ଅଭିମୁଖେ ଅତିକ୍ରମ କରୁଥିଲା। ଏହି ସମୟରେ ଟ୍ରେନ୍‌ଟି ବହୁତ ଦୋହଲୁଥିବା ଜଣାପଡ଼ିଥିଲା। କର୍ମଚାରୀଜଣଙ୍କ ଟ୍ରେନ୍ ଅଟକାଇ ଯାଞ୍ଚ କରିବା ବେଳେ ଧାରଣା ଛିଡି ଯାଇଥିବା ତାଙ୍କ ନଜରକୁ ଆସିଥିଲା। ସେତେବେଳକୁ ଗାଡି ସେହି ପଏଣ୍ଟ ପାର୍ କରି ସାରିଥିଲା। ଏ ନେଇ ସେ ଦାୟିତ୍ୱରେ ଥିବା ଷ୍ଟେସନ ମାଷ୍ଟରଙ୍କୁ ଖବର ଦେଇଥିଲେ। ଷ୍ଟେସନ ମାଷ୍ଟରଙ୍କଠାରୁ ଖବର ପାଇ ଟିଟଲାଗଡରୁ ମରାମତି ଦଳ ପହଞ୍ଚି ଥିଲେ। ମରାମତି ପରେ ଟ୍ରେନ ଚଳାଚଳ ସ୍ୱାଭାବିକ ହୋଇଥିଲା।


E-132

OFFICE OF THE DEAN & PRINCIPAL
PANDIT RAGHUNATH MURMU MEDICAL COLLEGE & HOSPITAL, BARIPADA, MAYURBHANJ
AT-RANGAMATIA, PO-LAXMIPOSI, PIN-757 107, MAYURBHANJ, ODISHA
Ph. No.: 06792 240401, E-mail: prmmchbaripada@gmail.com / officeprmmch@gmail.com

NOTICE INVITING TENDER
Reference No. 2919 / I-33-PRMMCH-2025 / Dated. 29-05-2025

Sealed tender are invited in the prescribed format from interested reputed Contractors / Caterers and firms having experience of running a mess or a canteen of more than 100 persons in renowned institution or public places, which must confirm to the terms and conditions for running the staff canteen in PRMMCH, Rangamatia, Baripada. The Tender can be downloaded from the PRM medical college official website (www.dmetodisha.gov.in & www.prmmch.nic.in ) from dt.02-06-2025. The last date of submission of bid documents is dt.23-06-2025 by 5.30 PM.

Sd/-
Dean & Principal, PRMMCH, Baripada

OIPR - 10120/11/0019/2526

SISHU SEVA ASHRAM
ADVERTISEMENT

Applications are invited from eligible candidates for filling of following vacant posts for Children's Home of SISHU SEVA ASHRAM. The posts are purely contractual and co-terminus with the project. Bio-data along with educational qualification certificates and marksheet should be sent via speed post/ registered post to the Secretary, Sishu Seva Ashram, At-Balijori, Po-Kiakachhar, Ps- Sadar, Dist- Sundargarh(Odisha) Pin-770020 on or beforedt. 15.06.2025 positively. The candidate applying for different posts should apply separately for each category of post. No other mode of application will be accepted.

Indicative Qualification of Human Resources for Sishu Seva Ashram(CCI) under Mission Vatshalya

| Sl.No. | Name of the Post | Qualification | Age Limit | No. of vacant post | Remuneration per month |
|---|---|---|---|---|---|
| 1. | Paramedical Staff | Compounder/Pharmacist/having Diploma in Ayurvedic Homeopathic/ Unani from institutions recognized by Govt. of India. | Lower Age Limit 21 years Upper Age Limit 45 years as on dt. 01-04-2025 | One (Male) | Rs.11,916/- |
| 2. | Housefather | Arts and Science Graduate from a recognized University | | One (Male) | Rs. 14,564/- |
| 3. | Cook | Under Matric (8th-10th) | | One (Male) | Rs.9,930/- |
| 4. | Helper-Cum-Night Watchman | Under Matric (8th-10th) | | One (Male) | Rs.7,944/- |
| 5. | Housekeeper | Under Matric (8th-10th) | | One (Female) | Rs.7,944/- |

Sd/- Secretary
Sishu Seva Ashram, Balijori

ବ୍ୟାଙ୍କ ଅଫ୍ ଇଣ୍ଡିଆ Bank of India BOI
ବ୍ୟାଙ୍କ ଅଫ୍ ଇଣ୍ଡିଆ
ଆଞ୍ଚଳିକ କାର୍ଯ୍ୟାଳୟ: ଭୁବନେଶ୍ୱର ଅଞ୍ଚଳ, ୧/୧ଡ଼ି, ଷ୍ଟାର ହାଉସ୍, ଜୟଦେବ ବିହାର, ନୟାପଲ୍ଲୀ, ଭୁବନେଶ୍ୱର-୭୫୧୦୧୫, ଫୋନ୍-୦୬୭୪-୨୩୬୨୨୪୯
ସୁନା ନିଲାମ ବିଜ୍ଞପ୍ତି

ଏତଦ୍‌ଦ୍ୱାରା ନିମ୍ନଲିଖିତ ସୁନା ଋଣଗ୍ରହୀତା, ସେମାନଙ୍କର ଆଇନଗତ ଉତ୍ତରାଧିକାରୀ ଓ ସୁନା ଅଳଙ୍କାର ବ୍ୟବସାୟରେ ଜଡିତ ଥିବା ବ୍ୟକ୍ତି ଏବଂ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଅଛିକି, ବ୍ୟାଙ୍କ ବାରମ୍ବାର ନୋଟିସ୍ ଦେବା ସତ୍ତ୍ୱେ ନିମ୍ନଲିଖିତ ଋଣଗ୍ରହୀତାମାନେ ସେମାନଙ୍କର ବକେୟା ଦେୟ ପଇଠ କରୁନାହାଁନ୍ତି। ଏହି ନୋଟିସ୍ ପ୍ରକାଶନ ମାଧ୍ୟମରେ ଜଣାଇ ଦିଆଯାଉଅଛିକି, ଯଦି ସେମାନେ ସେମାନଙ୍କର ସମ୍ପୃକ୍ତ ସୁନା ଋଣ ଆକାଉଣ୍ଟ ବାବଦ ବକେୟା ଦେୟ (ଅଦ୍ୟାବଧି ସମସ୍ତ ସୁଧ ଏବଂ ଦେୟ/ଆଇନଗତ ଖର୍ଚ୍ଚ ଅନ୍ତର୍ଭୁକ୍ତ କରି) **ତା.୧୭.୦୬.୨୦୨୫ରିଖ** ସୁଦ୍ଧା ପଇଠ କରିବାରେ ବିଫଳ ହୁଅନ୍ତି ତେବେ ବ୍ୟାଙ୍କରେ ବନ୍ଧକ ଥିବା ସେମାନଙ୍କର ସୁନା ଅଳଙ୍କାରଗୁଡ଼ିକୁ **ତା.୧୮.୦୬.୨୦୨୫ରିଖ ପୂର୍ବାହ୍ନ ୧୧.୦୦ ଘଟିକା** ସମୟରେ ବ୍ୟାଙ୍କରେ ବନ୍ଧକ ଥିବା ସେମାନଙ୍କର ସୁନା ଅଳଙ୍କାରଗୁଡ଼ିକୁ ନିମ୍ନରେ ଦର୍ଶାଯାଇଥିବା **ସମ୍ପୃକ୍ତ ଶାଖା ପରିସରରେ** ସର୍ବସାଧାରଣରେ ନିଲାମ କରାଯିବ। ବ୍ୟାଙ୍କ ସମ୍ପୃକ୍ତ ଋଣଗ୍ରହୀତାମାନଙ୍କର କୌଣସି ଅସୁବିଧା କିମ୍ବା କ୍ଷତି ନିମନ୍ତେ ଦାୟୀ ହେବ ନାହିଁ ଏବଂ କୌଣସି ଋଣଗ୍ରହୀତାଙ୍କ ପକ୍ଷରୁ ଏ ବାବଦ କୌଣସି ଅଭିଯୋଗ କିମ୍ବା ପ୍ରତିନିଧିତ୍ୱକୁ ପ୍ରଶ୍ରୟ ଦେବ ନାହିଁ। ଯଦି ନିଲାମ ରାଶି ଅପର୍ଯ୍ୟାପ୍ତ କିମ୍ବା କମ୍ ହୋଇଥାଏ ତେବେ କୌଣସି କାରଣ ନଦର୍ଶାଇ ବ୍ୟାଙ୍କ ନିଲାମକୁ ରଦ୍ଦ କରିବାର ଅଧିକାର ସଂରକ୍ଷିତ ରଖିଅଛି। ପୁନଶ୍ଚ ଆବଶ୍ୟକସ୍ଥଳେ ବ୍ୟାଙ୍କ କୌଣସି କାରଣ ନଦର୍ଶାଇ ଉପରୋକ୍ତ ସ୍ଥିରିକୃତ ନିଲାମର ତାରିଖ, ସମୟ ଏବଂ ସ୍ଥାନକୁ ପରିବର୍ତ୍ତନ କିମ୍ବା ନିଲାମକୁ ରଦ୍ଦ କରିବାର ଅଧିକାର ସଂରକ୍ଷିତ ରଖିଅଛି। ସୁନା ଅଳଙ୍କାର / କଏନ୍ ଗୁଡିକର ଶୁଦ୍ଧତା ଓ ନେଟ୍ ଓଜନ ଏବଂ ସଂରକ୍ଷିତ ମୂଲ୍ୟ ଇତ୍ୟାଦି ଇଚ୍ଛୁକ ନିଲାମଧାରୀମାନଙ୍କ ନିମନ୍ତେ ନିଲାମ ତାରିଖ ଦିନ ଏବଂ ନିଲାମର ସାଇଟ୍ / ନିଲାମ ପୋର୍ଟାଲରେ ଉପଲବ୍ଧ ହେବ।

| କ୍ର. ନଂ. | ଆକାଉଣ୍ଟ ନଂ. | ଋଣଗ୍ରହୀତାମାନଙ୍କ ନାମ ଓ ଠିକଣା | ମୋଟ ଓଜନ (ଗ୍ରାମରେ) | ନେଟ୍ ଓଜନ (ଗ୍ରାମରେ) | ୩୦.୦୪.୨୦୨୫ ସୁଦ୍ଧା ମୋଟ ବକେୟା ଦେୟ (ଲାଗୁ ହୋଇନଥିବା ସୁଧ, ଖର୍ଚ୍ଚ ଓ ଦେୟ ଇତ୍ୟାଦି ବ୍ୟତିତ) |
|---|---|---|---|---|---|
| ବ୍ୟାଙ୍କ ଅଫ୍ ଇଣ୍ଡିଆ, ଚନ୍ଦନପୁର ଶାଖା, ଚନ୍ଦନପୁର ବଜାର, ଚନ୍ଦନପୁର, ପୁରୀ-୭୫୨୦୧୨, ମୋ.: ୭୦୨୦୭୭୧୨୭୧ | | | | | |
| ୧. | ୫୧୬୪୭୭୬୧୦୦୦୨୮୯୨ | ଜୟନ୍ତ କୁମାର ପ୍ରଧାନ, ସା: କୁରୁଣ୍ଡି, ପୋ: ହତୁକ, ଜିଲ୍ଲା: ପୁରୀ, ପିନ୍-୭୫୨୦୧୨ | ୭.୪୫୦ | ୪.୯୫୦ | ଟ.୨୫,୭୨୭.୦୦ |
| ବ୍ୟାଙ୍କ ଅଫ୍ ଇଣ୍ଡିଆ, ନିମପୁର ଶାଖା, ଆଇବି ରୋଡ୍, ଜେନାମଣୀ ମଣ୍ଡପ, ଜଗତପୁର, କଟକ-୭୫୪୦୨୧, ମୋ.: ୭୦୦୮୩୯୦୯୮୬ | | | | | |
| ୧. | ୫୧୧୭୭୭୬୧୦୦୦୦୬୨୬ | ରେଣୁକା ସାହୁ, ମାର୍ଫତ: ଅଶୋକ ସ୍ୱାଇଁ, ସା: ଶିକାରୀପୁର, ଜଗତପୁର, କଟକ-୭୫୪୦୨୧ | ୬.୧୯୦ | ୩.୮୦୦ | ଟ.୧୩,୪୮୨.୦୦ |

ସ୍ଥାନ: ଭୁବନେଶ୍ୱର, ତାରିଖ: ୩୦.୦୫.୨୦୨୫ — ଆଞ୍ଚଳିକ ପ୍ରବନ୍ଧକ, ବ୍ୟାଙ୍କ ଅଫ୍ ଇଣ୍ଡିଆ

AFFIDAVIT
By virtue of an affidavit sworn before Executive Magistrate, Jagatsinghpur, dated 30.05.2025, Sl. No.9464, I Samir Kumar Nayak, Address At- Manijang, Po- Tyandakura, Ps.-Kishannagar, Dist-Cuttack declare that I have changed the name of my son from **Asutosh Nayak** to **Ashutosh Nayak**. Henceforth, he shall be known as **Ashutosh Nayak** for all purposes.
Sd/- Samir Kumar Nayak

AFFIDAVIT
I, Smt. Kanchan Manjari Routray, W/o- Anjan Kumar Routray resident of Plot No. 56(P), Kanchan Nivas, Basundhara Lane, Bidanasi, Cuttack, Pin- 753014, Dist.-Cuttack declare by this affidavit no.124(A) dt.13.3.25 that, now onwards I shall be known as **Smt. Kanchan Manjari Jena** for all future purposes.

AFFIDAVIT
By Virtue of an affidavit SL. No: 2595, Dtd 29.05.2025 before the Notary Public, Umerkote, Dist: Nabarangpur, I, Dahana Santa have changed my name from Dahana Paraja to Dahana Santa. Henceforth I shall be Known as Dahana Santa for all Purpose.
Sd/- Dahana Santa

AFFIDAVIT
By virtue of an affidavit sworn before the Executive Magistrate, Tangi, Dist- Khordha on dated 22/05/2025, I NIRANJAN MAJHI, S/o Maguni Majhi resident of Village At-Bhagabatipada, Po/Ps-Nirakarpur, Dist- Khordha, Odisha declare that I have changed my name from NIRANJANA MAJHI to NIRANJAN MAJHI. Henceforth, I shall be known as NIRANJAN MAJHI for all future purposes.
Sd- NIRANJAN MAJHI

AFFIDAVIT
By virture of an affidavit before The Executive Magistrate, Padampur. I, **Prashant Sahu,** S/o- Ujal Sahu, resident of Gourenmunda, PO-Gourenmunda, Dist- Bargarh, Odisha that my son actual name is **Santosh Sahu** as per her Aadhaar Card (No-373750795370), her name has been wrongly mentioned as **Kirttichandra Sahu.** Santosh Sahu and Kirttichandra Sahu are same and one Person, Henceforth, he will be known as **Santosh Sahu** in all future purpose.
**Prashant Sahu**

AFFIDAVIT
I, Sk sahajad s/o sk kasim, resident of at/po-poda astia, Ps- Baripada town, Dist-Mayurbhanj, Pin-757049, Odisha, declare by this dtd. 28/05/2025 affidavit no.3438 that now onwards his minor son **sk md sahid raza** shall be known as **sk sahid raza** for all future purposes.

AFFIDAVIT
By Virtue of an affidavit No: 44, Dtd 30.05.2025 in the court of Executive magistrate, Nandapur, Dist: Koraput, I, Samaru muduli have changed my Minor Son's name from Sonu Muduli to Ajit Muduli. Henceforth he will be known as Ajit Muduli instead of Sonu Muduli for all purpose .
Sd/- Samaru Muduli

LOST
ମୁଁ ଶ୍ରୀ ସମର ବିଶ୍ୱାଳ ପିତା- ସ୍ୱ [illegible] ବିଶ୍ୱାଳ, ଗ୍ରାମ/ପୋଷ୍ଟ- [illegible], ଥାନା- [illegible], ଜିଲ୍ଲା- ପୁରୀ ମୋର ଏକ [illegible] [illegible]

SALE
Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.
Contact
GADHWAL GROUP
Mob.: 9437015112

### ବରପାଲି ସାଇଡିଂରେ କୋଇଲା ପରିବହନକୁ ବିରୋଧ

# ବିଧାୟକଙ୍କ ସମେତ ୭୦ଜଣଙ୍କୁ ଉଠାଇ ନେଲା ପୁଲିସ

ସୁନ୍ଦରଗଡ଼,୩୦।୫(ସମିସ)



ହେମଗିର ବ୍ଲକ୍‌ର ବରପାଲି ନୂତନ କୋଇଲା ସାଇଡିଂରେ ପରିବହନକୁ ବିରୋଧ କରୁଥିବା ସୁନ୍ଦରଗଡ଼ ବିଧାୟକ ଯୋଗେଶ କୁମାର ସିଂହଙ୍କ ସମେତ ୭୦ ଜଣଙ୍କୁ ପୁଲିସ ଉଠାଇ ନେଇଛି। ବିଧାୟକଙ୍କ ସମେତ ୨୬ ଜଣ ମହିଳା ଓ ୪୪ ଜଣ ପୁରୁଷଙ୍କୁ ଉଠାଇ ନେଇ ସୁନ୍ଦରଗଡ଼ ରିଜର୍ଭ ଲାଇନରେ ଅଟକ ରଖିଛି। ଆନ୍ଦୋଳନକାରୀମାନେ ଦାବି କରିଛନ୍ତି ଯେ ଆମକୁ ଗିରଫ କର ନ ହେଲେ ବ୍ୟକ୍ତିଗତ ମୁଚାଲିକାରେ ଛାଡିଲେ ପରବର୍ତ୍ତି ଶୁଣାଣି ଜୁନ୍ ୨୫ ତାରିଖ ଯାଏ ପରିବହନ ବନ୍ଦ କରାଯାଉ। ସୂଚନା ଅନୁସାରେ ଗତ ୩ ତାରିଖରେ ୯୫ ଜଣ ଆନ୍ଦୋଳନକାରୀଙ୍କୁ ପୁଲିସ ଉଠାଇ ନେଇ ରାତିଅଧରେ ବ୍ୟକ୍ତିଗତ ମୁଚାଲିକାରେ ଛାଡ଼ିଥିଲା। ଏହା ପରେ ସେମାନେ ସାଇଡିଂରେ ପୂର୍ବବତ ଧାରଣା ଦେଇଥିବା ବେଳେ ଆଜି ପୁଲିସ ପୁଣି ଥରେ ଉଠାଇ ନେଇଛି। ଗତ ଘଟଣା ପରେ ଉକ୍ତ ନୂତନ କୋଇଲା ସାଇଡିଂରେ ପରିହନ ସମ୍ପୂର୍ଣ୍ଣ ବନ୍ଦ ରହିଥିଲା। ତେବେ ଗତ ୨୩ ତାରିଖରେ ପୁଣି ପରିବହନ ପାଇଁ ମସୁଧା କରା ଯାଇଥିଲା। ୩୦ଟି ଭାରୀଯାନରେ କୋଇଲା ଡମ୍ପିଂ ପାଇଁ ଅଣାଯାଇଥିଲା। ବିଧାୟକଙ୍କ ସହ ଧାରଣାରତ ଗ୍ରାମବାସୀ ଏହାର ବିରୋଧ କରିଥିଲେ। ଏ ନେଇ ପରିବହନ ସଂସ୍ଥା ଏବଂ ଗ୍ରାମବାସୀଙ୍କ ପକ୍ଷରୁ ପରସ୍ପର ବିରୋଧରେ ୨ଟି ପୃଥକ ମାମଲାରେ ବିଧାୟକଙ୍କ ସମେତ ମୋଟ ୧୩୬ ଜଣଙ୍କ ବିରୋଧରେ ହେମଗିରି ଥାନାରେ ମାମଲା ରୁଜୁ ହୋଇଥିଲା। ତେବେ ଆଜି ପୁଣି ପରିବହନକାରୀ ସଂସ୍ଥା ପକ୍ଷରୁ ପୁଲିସ ବଳ ପ୍ରୟୋଗ କରି ପରିବହନ ଆରମ୍ଭ କରିବାକୁ ଉଦ୍ୟମ କରା ଯାଇଥିଲା। ଏହା ଦେଖି ଆନ୍ଦୋଳନକାରୀମାନେ ରାସ୍ତା ଅବରୋଧ କରିଥିଲେ। ଅପରାହ୍ନ ପ୍ରାୟ ୫ଟା ସମୟରେ ପୁଲିସ ବିଧାୟକଙ୍କ ସମେତ ୭୦ ଜଣ ମହିଳା ପୁରୁଷଙ୍କ ଉଠାଇ ଆଣି ଅଟକ ରଖିଛି। ଏହି ଅବସରରେ ଘଟଣାସ୍ଥଳରେ ସଦର ଉପଜିଲ୍ଲାପାଳ ଦାଶରଥି ସରାବୁ, ହେମଗିରି ତହସିଲଦାର ସାରିକାରାଣୀ ଧମେଲ, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଶାନ୍ତା ନୂତନ ସାମଦ, ଉପ ଆରକ୍ଷୀ ଅଧୀକ୍ଷକ ଦୌପଦୀ ଦାଶ, କାଦମ୍ବିନୀ ସାମଲ, ତପନ ମହାନନ୍ଦିଆ ଓ ସୁନ୍ଦରଗଡ ସଦର ଏସଡିପିଓ ନିର୍ମଳ କୁମାର ମହାପାତ୍ର ଉପସ୍ଥିତ ଥିବା ବେଳେ ୬ ଜଣ ଇନ୍ସପେକ୍ଟର ଓ ୫ ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ ଥିଲେ। ସୂଚନାଯୋଗ୍ୟ, ନୂତନ ସାଇଡିଂ ଖୋଲା ଯାଇଥିବା ବରପାଲିରେ ବଲିଙ୍ଗା, ବାଙ୍କିବାହାଲ, ଗର୍ଜନବାହାଲ, ବାଙ୍ଗୁରକେଲା, କର୍ଲିକଛାର ଆଦି ଗ୍ରାମର ଏସିଏଲ ବିସ୍ଥାପିତଙ୍କୁ ଥଇଥାନ କରା ଯାଇଛି। ସେହିପରି ଏହି ଗ୍ରାମକୁ ଏକ ଆଦର୍ଶ ଗ୍ରାମର ମାନ୍ୟତା ଦେଇ ବିଭିନ୍ନ ଜନ କଲ୍ୟାଣମୂଳକ କାର୍ଯ୍ୟକ୍ରମ ଚାଲିଛି। କୌଣସି ଗ୍ରାମସଭା କିମ୍ବା ଜନଶୁଣାଣି କରା ନ ଯାଇ ସାଇଡିଂ ଖୋଲା ଯାଇଥିବା ଦର୍ଶାଇ ଏହାକୁ ଗ୍ରାମବାସୀ ତୀବ୍ର ବିରୋଧ କରୁଛନ୍ତି। ଏଠାରେ କୋଇଲା ସାଇଡିଂ ହେବାଦ୍ୱାରା ଶହଶହ ହେକ୍ଟର ଉର୍ବର ଚାଷଜମି କ୍ଷତିଗ୍ରସ୍ତ ହେବ। ପାଣି ପବନ ପରିବେଶ ପ୍ରଦୂଷିତ ହେବ ବୋଲି ଅଭିଯୋଗ କରୁଛନ୍ତି। ସାଇଡିଂ ଠାରୁ ମାତ୍ର ତିନି ଶହ ମିଟର ଦୂରତାରେ ବିଦ୍ୟାଳୟ ଥିବାରୁ ଏହାକୁ ବନ୍ଦ କରିବାକୁ ଦାବି କରି ଆସୁଛନ୍ତି। ତଥାପି ପ୍ରଶାସନ ବଳ ପୂର୍ବକ ସାଇଡିଂରେ ପରିବହନ ଆରମ୍ଭ କରିବାକୁ ଉଦ୍ୟମ କରି ଆସୁଥିବାରୁ ଘଟଣାସ୍ଥଳରେ ଗ୍ରାମବାସୀ ପ୍ରାୟ ୪ ମାସ ତଳୁ ଧାରଣା ଦେଇଛନ୍ତି। ଗ୍ରାମବାସୀଙ୍କ ରିଟ୍ ପିଟିସନ ଉଚ୍ଚ ନ୍ୟାୟାଳୟରେ ବିଚାରାଧୀନ ରହିଥିବାରୁ ଉଚ୍ଚ ନ୍ୟାୟାଳୟର ରାୟ ଆସିବା ଯାଏ ପରିହନ ବନ୍ଦ ରଖିବାକୁ ବିଧାୟକ ଦାବି କରି ଆସୁଛନ୍ତି। ତେବେ ତାଙ୍କ କଥାକୁ ପ୍ରଶାସନ କର୍ଣ୍ଣପାତ ନ କରି ସାଇଡିଂରେ ପରିବହନ ଉପରେ ଉଚ୍ଚ ନ୍ୟାୟାଳୟ ରୋକ ଲଗାଇ ନ ଥିବା କହୁଛି। ଏବେ ପୁଲିସ ଗୋଟିଏ ପଟେ ଆନ୍ଦୋଳନକାରୀଙ୍କୁ ଅଟକ ରଖିଥିବା ବେଳେ ଅନ୍ୟ ପଟେ ପରିବହନ ଚାଲିଛି।

## ଧାନର ମୂଲ୍ୟ ବୃଦ୍ଧିକୁ ସ୍ୱାଗତ



**ସୁନ୍ଦରଗଡ଼,୩୦।୫(ସମିସ):** ସରକାର ଧାନ କ୍ୱିଣ୍ଟାଲ ପ୍ରତି ୩୧ ଶହ ଟଙ୍କା ଦେବା ସହ ସମସ୍ତ ପଞ୍ଜିକୃତ ଚାଷୀଙ୍କ ଠାରୁ ଧାନ କିଣି ୪୮ ଘଣ୍ଟା ମଧ୍ୟରେ ପ୍ରାପ୍ୟ ପୈଠ କରିଥିବାରୁ ସମଗ୍ର ରାଜ୍ୟରେ ବିଜେପି କୃଷକ ମୋର୍ଚ୍ଚା ପକ୍ଷରୁ ଏକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇ ଯାଇଛି । ଏ କ୍ରମରେ ଜିଲ୍ଲା କୃଷକ ମୋର୍ଚ୍ଚା ସଭାପତି ରବି ଚନ୍ଦ୍ର ପଟେଲଙ୍କ ଅଧ୍ୟକ୍ଷତାରେ ଏକ ଧନ୍ୟବାଦ ସଭାର ଆୟୋଜନ କରାଯାଇଛି। ଏଥିରେ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଥିଲେ। ସମ୍ମାନିତ ଅତିଥି ଭାବେ ରଘୁନାଥପାଲି ବିଧାୟକ ଦୁର୍ଗା ତନ୍ତୀ, ପୂର୍ବତନ ସଦର ସୁନ୍ଦରଗଡ ବିଧାୟିକା କୁସୁମ ଟେଟେ, ସୁନ୍ଦରଗଡ଼ ପୌରପାଳିକା ଅଧ୍ୟକ୍ଷା ତନୟା ମିଶ୍ର , ରାଜ୍ୟ କୃଷକ ମୋର୍ଚ୍ଚା ସଭାପତି ମହେଶ୍ୱର ସାହୁ , ଜିଲ୍ଲା ସଭାପତି ଗିରିଶ ଚନ୍ଦ୍ର ସାହୁ, ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ନରସିଂହ ମିଞ୍ଜ, ରାଜ୍ୟ କୃଷକମୋର୍ଚ୍ଚା ଉପସଭାପତି ପୁଲିନ ପ୍ରକାଶ ପୂହାଣ, ହଳପାଣି ମାଝୀ, ରାଜ୍ୟ କୃଷକ ମୋର୍ଚ୍ଚା ସମ୍ପାଦକ ବିକ୍ରମ କେଶରୀ ରାଉତ ରାଏ ପ୍ରମୁଖ ମଞ୍ଚାସୀନ ଥିଲେ। ରଞ୍ଜନ ପଟେଲ, ବଟ କିଶୋର ମିଶ୍ର, ଯଶବନ୍ତ ନାଏକ, ସୁରେନ୍ଦ୍ର ଦେହୁରୀ ସମେତ ଶତାଧିକ ବିଜେପି କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।

## ଜୁନ୍ ୪ରେ ବ୍ରହ୍ମାକୁମାରୀଙ୍କ ଖୁସି ଓ ରାଜଯୋଗ ଶିବିର

**ସୁନ୍ଦରଗଡ଼,୩୦।୫(ସମିସ):** ସୁନ୍ଦରଗଡ଼ ପ୍ରଜାପିତା ବ୍ରହ୍ମା କୁମାରୀ ଈଶ୍ୱରୀୟ ବିଶ୍ୱ ବିଦ୍ୟାଳୟ ଦ୍ୱାରା ଖୁସି ଆପଣଙ୍କ ଦ୍ୱାରରେ ତଥା ୫ ଦିବସୀୟ ଖୁସି ଏବଂ ରାଜଯୋଗ ଶିବିର ପାଇଁ ଏକ କାର୍ଯ୍ୟକ୍ରମ ଆଜି ଅନୁଷ୍ଠିତ ହୋଇଯାଇଛି । ଏଥିରେ ସଂସ୍ଥାର କେନ୍ଦ୍ର ସଞ୍ଚାଳିକା ରାଜଯୋଗିନୀ ବ୍ରହ୍ମାକୁମାରୀ ଜ୍ୟୋତ୍ସ୍ନା ସୂଚନା ଦେଇ କହିଥିଲେ ଯେ, ଖ୍ୟାତି ସମ୍ପନ୍ନ ପ୍ରବକ୍ତା ପ୍ରଫେସର୍ ବ୍ରହ୍ମା କୁମାର ଓଁକାର ଚାନ୍ଦ ମାଉଣ୍ଟଆବୁରୁ ଆସି ଆସନ୍ତା ଜୁନ୍ ୪ରେ ଉଦ୍‌ଘାଟନ କରିବେ। ଏହି ପଞ୍ଚ ଦିବସୀୟ ଖୁସି ଓ ରାଜଯୋଗ ଶିବିର ପ୍ରତିଦିନ ମ୍ୟୁଜିକାଲ ଏକ୍ସରସାଇଜ ସହିତ ସର୍ବଦା ଖୁସିରେ ରହିବା ପାଇଁ ବିଭିନ୍ନ ଦିନରେ ବିଷୟ ବସ୍ତୁ ତଥା ସମ୍ପୂର୍ଣ୍ଣ ଚିନ୍ତାରୁ ମୁକ୍ତି ସମ୍ବନ୍ଧରେ ମଧୁରତା ଆତ୍ମଜ୍ଞାନ ଓ ଆତ୍ମା ଅନୁଭୂତି ପରମାତ୍ମାଙ୍କ ପରିଚୟ ଓ ତାଙ୍କ ସହିତ ମିଳନ ଏବଂ ରାଜଯୋଗ ଧ୍ୟାନର ସହଜ ବିଧି ଉପରେ ଆଲୋକପାତ କରିବେ । ଏହି କାର୍ଯ୍ୟକ୍ରମ ସ୍ଥାନୀୟ ଏକତା ନଗରର ରାଜଯୋଗ ଶିକ୍ଷାକେନ୍ଦ୍ର ପ୍ରଭୁ ଉପହାର ଭବନରେ ଆୟୋଜିତ ହେବ। ଏହି କାର୍ଯ୍ୟକ୍ରମରେ ସମସ୍ତ ଜନସାଧାରଣ ନିଶୁଳ୍କ ଭାବେ ଯୋଗଦେଇ ପାରିବେ ବୋଲି ବ୍ରହ୍ମା କୁମାରୀ ଜ୍ୟୋତ୍ସ୍ନା ଭଉଣୀ ନିବେଦନ କରିଛନ୍ତି । ସୂଚନାଯୋଗ୍ୟ, ପ୍ରଫେସର୍ ଓଁକାର ଚାନ୍ଦ ଜଣେ କୁଶଳ ଇଞ୍ଜିନିୟର, ଲେଖକ ଓ ସମ୍ପାଦକ ହୋଇଥିବା ବେଳେ ୭୦୦ ରୁ ଅଧିକ ବିଭିନ୍ନ ଶିକ୍ଷାନୁଷ୍ଠାନ, କମ୍ପାନୀରେ ଖୁସି ଓ ରାଜଯୋଗ ଶିବିର କରାଇଛନ୍ତି । ବ୍ରହ୍ମା କୁମାରୀ ସଂସ୍ଥାର ସଚିବ ବ୍ରହ୍ମା କୁମାର ବାଣେଶ୍ୱର ସୁବୁଦ୍ଧି କାର୍ଯ୍ୟକ୍ରମ ସଞ୍ଚାଳନ କରିଥିଲେ।



# ନୂତନ ହିତାଧିକାରୀଙ୍କୁ ରାସନ୍ କାର୍ଡ ବଣ୍ଟନ

**ସୁନ୍ଦରଗଡ଼,୩୦।୫(ସମିସ):** ଓଡ଼ିଶା ସରକାରଙ୍କ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ଏବଂ ବିଜ୍ଞାନ ଓ ପ୍ରଯୁକ୍ତି ବିଦ୍ୟା ବିଭାଗ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଆଜି ସୁନ୍ଦରଗଡ଼ ଗସ୍ତରେ ଆସିଛନ୍ତି । ଏହି ଅବସରରେ ମନ୍ତ୍ରୀ ନୂତନ ଭାବେ ଅନ୍ତର୍ଭୁକ୍ତ ହୋଇଥିବା ହିତାଧିକାରୀମାନଙ୍କୁ ରାସନ୍ କାର୍ଡ ବଣ୍ଟନ କରିଛନ୍ତି। ସ୍ଥାନୀୟ ସଦ୍‌ଭାବନା ଭବନ ଠାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଜିଲ୍ଲାପାଳ ମନୋଜ ସତ୍ୟବାନ ମହାଜନ ଜିଲ୍ଲାରେ ହିତାଧିକାରୀମାନଙ୍କୁ ରାସନ୍ ବଣ୍ଟନର ସ୍ଥିତି ଉପରେ ଆଲୋଚନା କରି ସମସ୍ତ ଯୋଗ୍ୟ ହିତାଧିକାରୀଙ୍କୁ ଏହି ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଥିବା ଏବଂ ଏହି ପ୍ରକ୍ରିୟା ଜାରି ରହିଥିବା ସୂଚନା ଦେଇଥିଲେ । ସମସ୍ତ ଯୋଗ୍ୟ ହିତାଧିକାରୀ ମାନେ ରାସନ୍ କାର୍ଡ ଠପାଇଁ ଆବେଦନ କରିବାକୁ କହିଥିଲେ।



କୌଣସି ଯୋଗ୍ୟ ହିତାଧିକାରୀ ଯେପରି ରାସନ୍ କାର୍ଡ ପାଇବାରୁ ବଞ୍ଚିତ ନ ହୁଅନ୍ତି, ସେଥିପ୍ରତି ବିଭାଗୀୟ ଅଧିକାରୀ ବିଶେଷ ଯତ୍ନବାନ ହେବାକୁ ପରାମର୍ଶ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ବିଧାନସଭା ଉପବାଚସ୍ପତି ଭବାନୀ ଶଙ୍କର ଭୋଇ, ସୁନ୍ଦରଗଡ଼ ପୌରପାଳିକା ଅଧ୍ୟକ୍ଷା ତନୟା ମିଶ୍ର , ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଅଭିମନ୍ୟୁ ମାଝୀ, ଆଇଏଏସ୍ ଶିକ୍ଷାନବିସ ଫାବି ରସିଦ, ପୂର୍ବତନ ସଦର ବିଧାୟିକା କୁସୁମ ଟେଟେ ଉପସ୍ଥିତ ଥିଲେ। ମୁଖ୍ୟ ବେସାମରିକ ଯୋଗାଣ ଅଧିକାରୀ ଅଜୟ କୁମାର ରଥ, ସହାୟକ ଯୋଗାଣ ଅଧିକାରୀ ଲକ୍ଷ୍ମଣ ମାଝୀଙ୍କ ସମେତ ସମସ୍ତ ବ୍ଲକ୍ ଯୋଗାଣ ନିରୀକ୍ଷକ ଏବଂ ବହୁ ସଂଖ୍ୟାରେ ହିତାଧିକାରୀ ଉପସ୍ଥିତ ଥିଲେ।

## ସଚେତନତା ଅଭାବରୁ କ୍ୱାକ୍ ଭରଷାରେ ରୋଗୀ

**ବାଲିଶଙ୍କରା,୩୦।୫(ସମିସ):** ସୁନ୍ଦରଗଡ଼ ଜିଲ୍ଲାର ସୀମାନ୍ତ ଅଞ୍ଚଳ ହେଉଛି ବାଲିଶଙ୍କରା ବ୍ଲକ୍। ଏହି ବ୍ଲକ୍ ଅଞ୍ଚଳରେ କିଞ୍ଜିରକେଲା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ଶିକାଯୋର ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର, ବାଲିଶଙ୍କରା ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର, ତଲସରା ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର, ବନଡେଗା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ଅଛି। ଏହିସବୁ ଡାକ୍ତରଖାନାରେ ଡାକ୍ତର ଅଛନ୍ତି ସତ, ହେଲେ ପ୍ରାୟ ସମୟରେ ଅନୁପସ୍ଥିତ ରହୁଛନ୍ତି। ଏହାର ସୁଯୋଗ ନେଇ କ୍ୱାକ୍‌ମାନେ ତଳସରା, ଶାଗବାହାଲ, ଲୁଲକିଡିହି, ବେହେରାଡିହି, ବାଲିଶଙ୍କରା, ତିଲେଇକାନୀ, କିଞ୍ଜିର୍‌କେଲା ଅଞ୍ଚଳରେ ଦୋକାନ ଖୋଲି ରୋଗୀଙ୍କୁ ଲୁଟିବାରେ ଲାଗିଛନ୍ତି। ଅନ୍ୟପକ୍ଷରେ ଗମନାଗମନର ସୁବିଧା ନ ଥିବା ଯୋଗୁ ବହୁ ଅଞ୍ଚଳରେ କ୍ୱାକ୍‌ଙ୍କ ଉପରେ ରୋଗୀ ନିର୍ଭର କରି ମୃତ୍ୟୁ ମୁଖରେ ପଡୁଛନ୍ତି। ସବୁଠାରୁ ସମ୍ବେଦନଶୀଳ ବିଷୟ ହେଲା କ୍ୱାକ୍‌ମାନେ କିଛି ଅନାମଧେୟ କମ୍ପାନୀର ଔଷଧ ଆଣି ରୋଗୀଙ୍କୁ ଦେଉଛନ୍ତି। ସେହି ଔଷଧ ସଂକ୍ରାନ୍ତରେ ପ୍ରଶାସନିକ ତଦନ୍ତର ଆବଶ୍ୟକତା ରହିଛି। ଏପରିସ୍ଥଳେ କ୍ୱାକମାନେ ଉକ୍ତ ଅଞ୍ଚଳରେ ମିନି ଡାକ୍ତରଖାନା ଖୋଲି ରୋଗୀଙ୍କୁ ଔଷଧ ସହ ସାଲାଇନ ମଧ୍ୟ ଦେଉଥିବା ଅଭିଯୋଗ ହେଉଛି। ତୁରନ୍ତ ଏଦିଗରେ ଉଚ୍ଚ କର୍ତ୍ତୃପକ୍ଷ ଧ୍ୟାନ ଦେଇ କ୍ୱାକମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ଦାବି ହେଉଛି।

## ବାଇକ୍ ଚୋରି ଘଟଣାରେ ୩ ଗିରଫ

**ଶଗଡ଼ା, ୩୦।୫( ସମିସ):** ଘଣ୍ଟାପଡ଼ା ପୁଲିସ ବାଇକ୍ ଚୋରି ଘଟଣାରେ ୩ ଜଣକୁ ଗିରଫ କରିଛି। ଏମାନେ ହେଲେ ବଲାଙ୍ଗୀର ଜିଲ୍ଲା ଦେଓଗାଁ ଥାନା ଅଞ୍ଚଳର ନିଳାମ୍ବର ଭୋଇ (୨୭), ଆକାଶ ଭୁଏ (୨୨) ଓ ଯୋଗେଶ ସାହୁ (୨୦)। ବୌଦ୍ଧ ଜିଲ୍ଲା ଘଣ୍ଟାପଡ଼ା ଥାନା ମସିଣାଗୋରା ଗ୍ରାମର ଦେବଦତ୍ତ ଭୋଇଙ୍କ ଏକ ବାଇକ୍ ଚୋରି ହୋଇଥିବା ସେ ଥାନାରେ ଅଭିଯୋଗ କରିଥିଲେ। ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଥିଲା। ଏହି ଘଟଣାର ତଦନ୍ତ କରି ପୁଲିସ ୩ ଡକାୟତକୁ ଗିରଫ କରିଛି। ସେମାନଙ୍କଠାରୁ ଏକ ଟାଙ୍ଗି, ଖଣ୍ଡା ସହ ରଡ୍ ଆଦି ମାରଣାସ୍ତ୍ର ଜବତ ହୋଇଛି। ତେବେ ବାଇକ୍ ଜବତ ହୋଇପାରିନି।

## ଜିଲ୍ଲା ଜଳ ଓ ପରିମଳ ମିଶନର କାର୍ଯ୍ୟକାରୀ କମିଟି ବୈଠକ



**ବୌଦ୍ଧ, ୩୦।୫(ସମିସ):** ବୌଦ୍ଧ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସଦଭାବନା ସଭାଗୃହରେ ଜିଲ୍ଲା ଜଳ ଓ ପରିମଳ ମିଶନର କାର୍ଯ୍ୟକାରୀ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ସୁବ୍ରତ ପଣ୍ଡା ଏଥିରେ ଅଧ୍ୟକ୍ଷତା କରିଥିଲେ। ପାନୀୟ ଜଳ ଯୋଗାଣ ଓ ପରିମଳ ବ୍ୟବସ୍ଥାରେ ସୁଧାର ପାଇଁ ବୈଠକରେ ବିଭାଗୀୟ ଅଧିକାରୀମାନଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ। ପାଇପ୍ ପୋତିବା ଯୋଗୁଁ ରାସ୍ତାଘାଟରେ ହେଉଥିବା ନଷ୍ଟ ଓ ମରାମତି ଉପରେ ଜିଲ୍ଲାପାଳ ଗୁରୁତ୍ୱ ଦେଇଥିଲେ। ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପ୍ରଧାନ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରଭାସ ଚନ୍ଦ୍ର ଦଣ୍ଡସନା, ବୌଦ୍ଧ ବିଡ଼ିଓ ଯୁଧିଷ୍ଠିର ମେହେର, ହରଭଙ୍ଗା ବିଡ଼ିଓ ଶରତ ସେଠୀ ପ୍ରମୁଖ ଉପସ୍ଥିତ ଥିଲେ ।

## ଜିଲ୍ଲାସ୍ତରୀୟ ବିକାଶ ମେଳା ଓ ପାରମ୍ପରିକ ଖାଦ୍ୟ ଉତ୍ସବ ପାଇଁ ପ୍ରସ୍ତୁତି

**ବୌଦ୍ଧ, ୩୦।୫(ସମିସ):** ବୌଦ୍ଧ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ବିକାଶ ମେଳା ଓ ପାରମ୍ପରିକ ଖାଦ୍ୟ ଉତ୍ସବ ଆୟୋଜନ ପାଇଁ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ସୁବ୍ରତ ପଣ୍ଡା ଏଥିରେ ଅଧ୍ୟକ୍ଷତା କରିଥିଲେ। କଚେରୀ ପଡ଼ିଆରେ ଜୁନ୍ ୧୧ରୁ ୨୦ ତାରିଖ ପର୍ଯ୍ୟନ୍ତ ଏହି ଉତ୍ସବ ଆୟୋଜନ ପାଇଁ ନିଷ୍ପତ୍ତି ଗ୍ରହଣ କରାଯାଇଛି। ବିକାଶ ମେଳା ପାଇଁ ଷ୍ଟଲ ନିର୍ମାଣ, ଜୁନ ୯ ତାରିଖ ପୂର୍ବରୁ କଚେରୀ ପଡ଼ିଆ ସଫେଇ, ପାର୍କିଂ ବ୍ୟବସ୍ଥା, ଦିନ ସମୟରେ ବିଭିନ୍ନ ସଚେତନତା ସଭା ଓ ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ, ମେଳା ସମୟରେ ଶାନ୍ତି ଶୃଙ୍ଖଳା ରକ୍ଷା, ବିଦ୍ୟୁତ୍ କାଟ୍ ନ କରିବା, ଆମ୍ବୁଲାନ୍ସ, ଫାଷ୍ଟଏଡ଼ ବ୍ୟବସ୍ଥା, ଅଗ୍ନିଶମ ବ୍ୟବସ୍ଥା, ମିଡ଼ିଆ କଭରେଜ, ପାନୀୟ ଜଳ ପାଇଁ ଟ୍ୟାଙ୍କର ବ୍ୟବସ୍ଥା, ପିଇବା ପାଣି ବ୍ୟବସ୍ଥା, ସମସ୍ତ ବିଭାଗର ଏକ ବର୍ଷର ବିଭିନ୍ନ ପ୍ରୋଜେକ୍ଟ ଡେମୋନଷ୍ଟ୍ରେସନ ନେଇ ଆଲୋଚନା ହୋଇଥିଲା। ଏହି ଉପଲକ୍ଷେ ୩ଟି ସଚେତନତା ରଥ ବାହାରିବ। ଓର୍‌ମାସ୍ ପକ୍ଷରୁ ଶିବାଶିଷ ଦାଶ ବୈଠକ ପରିଚାଳନା କରିଥିଲେ। ମିଶନ ଶକ୍ତି ପକ୍ଷରୁ ରଶ୍ମିରଞ୍ଜନ ସେଠୀ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ। ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପଧାନ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ ପ୍ରଭାସ ଚନ୍ଦ୍ର ଦଣ୍ଡସନା, ଉପ ଜିଲ୍ଲାପାଳ ପ୍ରବୀଣ ବାଣୁଆ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ରୀତାକାନ୍ତି ବଳିୟାର ସିଂହ ପ୍ରମୁଖ ଉପସ୍ଥିତ ଥିଲେ।




### ନାଳରେ ବୁଡ଼ି ବୃଦ୍ଧ ମୃତ

ସୁନ୍ଦରଗଡ଼,୩୦।୫(ସମିସ): ସୁନ୍ଦରଗଡ଼ ସଦର ଥାନା ଅଧୀନ କଟ୍ରା ଗ୍ରାମର ଜଣେ ବୃଦ୍ଧଙ୍କ ଆଜି ସ୍ଥାନୀୟ ତମଗାଁ ନାଳକୁ ଗୋଧୋଇବାକୁ ଯାଇ ମୃତ୍ୟୁ ଘଟିଛି। ତାଙ୍କ ନାମ ଶଙ୍କର ଖର୍ସେଲ (୬୦) ବୋଲି ଜଣାପଡ଼ିଛି। ଶୁକ୍ରବାର ଅପରାହ୍ଣରେ ଶଙ୍କର ତମଗାଁ ନାଳକୁ ଗୋଧୋଇବାକୁ ଯାଇଥିଲେ। ସେଠାରେ ପାଣିରେ ତାଙ୍କ ଗୋଡ଼ ଖସି ଯିବାରୁ ବୁଡ଼ି ଯାଇ ମୃତ୍ୟୁ ଘଟିଥିଲା। ପୁଲିସ ମୃତଦେହ ଜବତ କରି ସୁନ୍ଦରଗଡ଼ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ବ୍ୟବଚ୍ଛେଦ କରାଇବା ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି। ଏ ନେଇ ଥାନାରେ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଛି।

## ଅଖିଳଭାରତ ଯୁବସଂଘ ପକ୍ଷରୁ ଏମ୍‌ସିଏଲ୍ କର୍ତ୍ତୃପକ୍ଷଙ୍କୁ ଦାବିପତ୍ର

**ସୁନ୍ଦରଗଡ଼,୩୦।୫(ସମିସ):** ଅଖିଳ ଭାରତ ଯୁବସଂଘ ସୁନ୍ଦରଗଡ଼ ଜିଲ୍ଲା କମିଟି ତରଫରୁ ଆଜି ଏମ୍‌ସିଏଲ୍ ବସୁନ୍ଧରାର ସାଧାରଣ ପରିଚାଳକଙ୍କୁ ଏକ ୩ ଦଫା ସମ୍ମିଳିତ ଦାବିପତ୍ର ପ୍ରଦାନ କରାଯାଇଛି। ଏଥିରେ ଖଣି ପ୍ରଭାବିତ ଅଞ୍ଚଳର ତଥା ଜିଲ୍ଲାର ଯୁବକମାନଙ୍କୁ କୁଶଳୀ କରିବାପାଇଁ ଏହି ଅଞ୍ଚଳରେ ଖଣି ସମ୍ବନ୍ଧୀୟ ସ୍ଥାୟୀ ଦକ୍ଷତା ବିକାଶ କେନ୍ଦ୍ର ସ୍ଥାପନ, ଏମ୍‌ସିଏଲ୍ ତଥା ଏମ୍‌ସିଏଲ୍ ଅଧୀନସ୍ଥ ସମସ୍ତ ଖଣିମାନଙ୍କରେ ଖାଲି ପଡ଼ିଥିବା ପଦପୂରଣ ଓ ଏହି ପଦପୂରଣ ସମୟରେ ଏହି ଜିଲ୍ଲା ର ଯୁବକ ଯୁବତୀମାନଙ୍କୁ ଅଗ୍ରାଧିକାର ହେବା। ଏମ୍‌ସିଏଲ୍ ଅଧୀନସ୍ଥ ବେସରକାରୀ ସଂସ୍ଥା ମାନଙ୍କରେ କାର୍ଯ୍ୟରତ କର୍ମଚାରୀ ମାନଙ୍କୁ ପରିଚୟ ପତ୍ର ପ୍ରଦାନ ଆଦି ଦାବି ରହିଛି। ସଂଗଠନ ପକ୍ଷରୁ ସମ୍ପାଦକ ରମେଶ ଜୟପୁରିଆ, ପ୍ରଦୀପ ମହାନନ୍ଦିଆ, ଜିଲ୍ଲା କାର୍ଯ୍ୟକାରୀ ସଭ୍ୟ ପ୍ରଶାନ୍ତ ପଧାନ, ଦୀପକ ଗର୍ଡ଼ିଆ, ସହଦେବ ଜୟପୁରିଆ ପ୍ରମୁଖ ଏମ୍‌ସିଏଲ ସାଧାରଣ ପରିଚାଳକଙ୍କ ଅନୁପସ୍ଥିତିରେ ତାଙ୍କ ବ୍ୟକ୍ତିଗତ ସଚିବଙ୍କୁ ଉକ୍ତ ଦାବିପତ୍ର ପ୍ରଦାନ କରିଥିଲେ ।



# ନାକାଡେରା ଗ୍ରାମର ଟ୍ରାନ୍ସଫର୍ମର ଅଚଳ

### ଗ୍ରାମବାସୀ ହନ୍ତସନ୍ତ

ସୁନ୍ଦରଗଡ଼,୩୦।୫(ସମିସ)

ହେମଗିରି ବ୍ଲକ୍ ଅଧୀନ ନାକାଡେରା ଗ୍ରାମର ଟ୍ରାନ୍ସଫର୍ମର ଅଚଳ ହୋଇପଡ଼ିଛି। ଫଳରେ ଗ୍ରାମବାସୀ ହନ୍ତସନ୍ତ ହେଉଥିବାଅଭିଯୋଗ ହେଉଛି। ନାକାଡେରା ଗ୍ରାମରେ ୭୦ଟି ପରିବାରରେ ୩୦୦ରୁ ଅଧିକ ଲୋକେ ବସବାସ କରୁଛନ୍ତି। ଟିପିଡିଓଡବ୍ଲୁ ପକ୍ଷରୁ ଏହି ଗ୍ରାମବାସୀଙ୍କ ପାଇଁ ଏକ ୨୫ କେଭି ବିଶିଷ୍ଟ ଟ୍ରାନ୍ସଫର୍ମର ସ୍ଥାପନ କରାଯାଇଛି। ଏହି ୭୦ଟି ପରିବାର ମଧ୍ୟରୁ ୪୫ଟି ପରିବାର ବିଦ୍ୟୁତ ସଂଯୋଗ ନେଇଛନ୍ତି। ତେବେ ଗତ୨୫ ତାରିଖରେ ବଜ୍ରପାତରେ ଏହି ଟ୍ରାନ୍ସଫର୍ମରଟି ଅଚଳ ହୋଇପଡ଼ିଛି। ଏ ନେଇ ଗ୍ରାମବାସୀ ବିଭାଗୀୟ ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ କରିବା ପରେ ସେ ଆସି ଟ୍ରାନ୍ସଫର୍ମକୁ ଖୋଲି ଥିଲେ। ତେବେ ଉକ୍ତ ଅଚଳ ଟ୍ରାନ୍ସଫର୍ମରକୁ ଅଦ୍ୟାବଧି ସଜଡ଼ା ଯାଇ ନାହିଁ, କି ନୂତନ ଟ୍ରାନ୍ସଫର୍ମର ଯୋଗାଇ ଦିଆ ଯାଇନାହିଁ। ଫଳରେ ଗ୍ରାମବାସୀ ରାତିରେ ଅନ୍ଧାରରେ କାଳ କାଟୁଛନ୍ତି। ସ୍କୁଲପିଲା ଘରେ ପାଠ ପଢି ପାରୁନାହାନ୍ତି। ବିଦ୍ୟୁତ ବିନା ପଙ୍ଖା, କୁଲର ଆଦି ଚାଲୁ ନ ଥିବାରୁ ଲୋକେ ଅସହ୍ୟ ତାତି ଓ ପ୍ରବଳ ଗୁଳୁଗୁଳିରେ ଛଟପଟ ହେଉଛନ୍ତି। ମୋବାଇଲ ଚାର୍ଯ୍ୟ କରି ପାରୁ ନ ନଥିବାରୁ ସମସ୍ୟା ଭୋଗୁଛନ୍ତି। ଅନ୍ଧାରରେ ସାପ, ବିଛା ଆଦିରେ ଭୟ ଘାରିଛି। ଏଥିପ୍ରତି ବିଭାଗୀୟ କର୍ତ୍ତୃପକ୍ଷ ଦୃଷ୍ଟିଦେଇ ତୁରନ୍ତ ପ୍ରତିକାର ବ୍ୟବସ୍ଥା କରିବାକୁ ଦାବି ହେଉଛି।



## କାଦୋ ପଚ୍‌ପଚ୍ ମୀନା ବଜାର୍

ବଲାଙ୍ଗିର, ୩୦।୫(ସମିସ): ବଲାଙ୍ଗିରେ ଇହାଦେ ଷଷ୍ଠୀର୍ ସମିଆ। ବଡା ଜାକ୍‌ଜମକ୍ ଧରିଛେ। କଳାମଣ୍ଡଳ ପଡ଼ିଆ ଥି ମୀନା ବଜାର୍ ଲାଗିଛେ। ତାର୍ ସାଙ୍ଗେ ଅଛେ ରକମ୍ ରକମ୍ ଦୁକାନ୍। ବେଲ୍ ବୁଡଲେ ଲୋକ୍ ବୁଲିବୁଲା ଆଉଛନ୍। ହେଲେ ପଡ଼ିଆ ଭିତରେ କାଦୋ ଦେଖିଦେଲେ ମୁହଁ ମାରିକରି ପଲଉଛନ୍। ଭଲ୍ କରି ମାଏଟ୍ ପକା ନେଇଁ ହେଇ। ଯେନ୍ ଥିର୍ ଲାଗି ପଡ଼ିଆ ଭିତରେ ପାଏନ୍ ରହେବାର୍ ସାଙ୍ଗେ କାଦୋ ଚିକଲ୍ ହେଇ ବସଲା ନ। ହେଥିର୍ ଲାଗି ଲୋକ୍ ଭିଡ ଯହ ନେଇହେବାର୍ ବଲି ଲୁକର୍ ବାଟ ଦେଖି ବସିଛନ୍ ବେପାରୀ। ଇ ସମିଆ ଥି ଝଡେର୍ ଟେ ଅଛେ ବଲି ସୁନବାର୍ କେ ମିଲୁଛେ। ସତେ ଯଦି ପାଏନ୍ ବର୍ଷିବା ବେଲେ ଷଷ୍ଠୀ ସମିଆ ଥି ମୀନା ବାଜାର ମାନ୍ଦା ହେଇପାରେ ବଲି ବେପାରୀ ମାନେ ଚିନ୍ତାରେ ପଡ଼ିଛନ୍।

# କଣ୍ଟାବାଞ୍ଜି ଷ୍ଟେସନ ନିଶା କାରବାର ପେଣ୍ଠସ୍ଥଳ ପାଲଟିଛି

## ଗଞ୍ଜେଇ ଜବତ, ଜଣେ ଗିରଫ



**କଣ୍ଟାବାଞ୍ଜି, ୩୦।୫(ସମିସ):** ବଲାଙ୍ଗିର ଜିଲ୍ଲାର କଣ୍ଟାବାଞ୍ଜି ରେଳ ଷ୍ଟେସନ ବେଆଇନ ନିଶା କାରବାର ପେଣ୍ଠସ୍ଥଳ ପାଲଟିଛି। ଏହି ଷ୍ଟେସନରୁ ଟ୍ରେନ ଯୋଗେ ବିଭିନ୍ନ ପ୍ରକାର ନିଶା ସାମଗ୍ରୀ ରାଜ୍ୟ ବାହାରକୁ ଚାଲାଣ ହେଉଛି। ଏହି ସବୁ ନିୟନ୍ତ୍ରଣ କରିବାରେ କଣ୍ଟାବାଞ୍ଜି ଆରପିଏଫ୍ ଓ ଜିଆରପି ପୁଲିସ ଫେଲ ମାରିଛି। କଣ୍ଟାବାଞ୍ଜି ଜିଆରପି ଓ ଆରପିଏଫ୍ କର୍ମଚାରୀ ଏହି ବେଆଇନ ନିଶା କାରବାର ଚାଲାଣ କରିବାରେ ଲିପ୍ତ ଥିବା ଅଭିଯୋଗ ହେଉଛି। ପ୍ରତ୍ୟେକ ଦିନ ଟ୍ରେନ ଯୋଗେ କଣ୍ଟାବାଞ୍ଜିରୁ ବିଭିନ୍ନ ଅଞ୍ଚଳ ଗଞ୍ଜେଇ ଚାଲାଣ ହେଉଥିବା ନଜର ହୋଇଛି। କାଁ ଭାଁ ଲୋକ ଦେଖାଣିଆ ଭାବେ ଆରପିଏଫ୍ ଓ ଜିଆରପି ପୁଲିସ ଚଢ଼ଉ କରି ସାମ୍ବାଦିକ ସମ୍ମିଳନୀ ପ୍ରଶଂଶା ସାଉଟିବାକୁ ଉଦ୍ୟମ କରିଥିବା ଅଭିଯୋଗ ହେଉଛି। ସେପଟେ ଗୁରୁବାର ମଧ୍ୟରାତ୍ରିରେ ବେଆଇନ ଗଞ୍ଜେଇ ଚାଲାଣ କରୁଥିବା ଜଣେ ବ୍ୟକ୍ତିଙ୍କୁ କଣ୍ଟାବାଞ୍ଜି ଅବକାରୀ ପୁଲିସ କଣ୍ଟାବାଞ୍ଜି ରେଳ ଷ୍ଟେସନରୁ ଗିରଫ କରି ଗଞ୍ଜେଇ ଜବତ କରିବା ଜଣାପଡ଼ିଛି। ସୂଚନା ଅନୁସାରରେ ମଧ୍ୟପ୍ରଦେଶର ବଚନ ଲାଲ ନାମକ ଜଣେ ବ୍ୟକ୍ତି ଏକ ବ୍ୟାକରେ ଗଞ୍ଜେଇ ଧରି କଣ୍ଟାବାଞ୍ଜି ରେଳ ଷ୍ଟେସନ ଥିବା ବେଳେ କଣ୍ଟାବାଞ୍ଜି ଅବକାରୀ ପୁଲିସ ଖବର ପାଇ ଅବକାରୀ ଅଧିକାର ସଚିନ ବେହେରାଙ୍କ ନେତୃତ୍ୱରେ ଚଢ଼ଉ କରାଯାଇଥିଲା। ଉକ୍ତ ବ୍ୟକ୍ତି ଠାରୁ ୪କେଜି ୭୦୦ ଗ୍ରାମ ଗଞ୍ଜେଇ ଜବତ କରି ସମ୍ପୃକ୍ତ ବ୍ୟକ୍ତିଙ୍କୁ କଣ୍ଟାବାଞ୍ଜି ଏଡିଜେ କୋର୍ଟ ଅବକାରୀ ବିଭାଗ ଚାଲାଣ କରିବା ସୂଚନା ମିଳିଛି। ଷ୍ଟେସନ ଅଞ୍ଚଳରେ ନିଶା କାରବାରକୁ ନିୟନ୍ତ୍ରଣ କରିବାକୁ ଆରପିଏଫ୍ ଓ ଜିଆରପି ପୁଲିସ କର୍ମଚାରୀ ନିୟୋଜିତ ହୋଇ ସରକାରୀ ରାଜକୋଷ ହଜାର ହଜାର ଟଙ୍କା ମାସିକ ଦରମା ହେଉଛନ୍ତି। ହେଲେ ନିଶାକାରବାର ନିୟନ୍ତ୍ରଣ କରିବାରେ ବିଫଳ ହୋଇଛନ୍ତି। ଯାହାଫଳରେ ଷ୍ଟେସନ ଅଞ୍ଚଳକୁ ଅବକାରୀ ପୁଲିସ ଆସି ଚଢ଼ଉ କରିବାକୁ ପଡୁଛି।

# ଟିକ୍ରାପଡ଼ାରେ ଶ୍ରୀଗୁଣ୍ଡିଚା ଯାତ୍ରା ପ୍ରସ୍ତୁତି ବୈଠକ



**ବଲାଙ୍ଗିର, ୩୦।୫(ସମିସ):** ବଲାଙ୍ଗିର ସହରର ଟିକ୍ରାପଡ଼ା ପୂଜାମଣ୍ଡପ ଗାନ୍ଧୀ ପାଠାଗାରରେ ଗୁଣ୍ଡିଚା ଯାତ୍ରାର ୫୦ତମ ବର୍ଷ ପାଳନକୁ ନେଇ ପାଠାଗାର ସଭାପତି ପ୍ରକାଶ କୁମାର ନେପାକଙ୍କ ଅଧ୍ୟକ୍ଷତାରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଉପଦେଷ୍ଟା ତଥା ପଚାଶ ବର୍ଷ ଧରି ଗୁଣ୍ଡିଚା ଯାତ ଆୟୋଜନର ପୁରୋଧା ବିକ୍ରମାନନ୍ଦ ବହିଦାର ଚଳିତ ବର୍ଷ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ସହ ଦଶ ଦିନ ଧରି ଭୋଗ ବଣ୍ଟନ ସହ ପୂଜା ମଣ୍ଡପକୁ ସାଜସଜ୍ଜା କରାଯିବାର ପ୍ରସ୍ତାବ ଦେଇଥିଲେ।ପାଠାଗାରର ସମ୍ପାଦକ ପ୍ରଦୀପ ସାହୁ ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜନ କରାଯିବାର ରୂପରେଖ ଉପସ୍ଥାପନ କରିଥିଲେ। ଉପସଭାପତି ସନ୍ତକ ବହିଦାର ପ୍ରତ୍ୟେକ ଦିନ ଭୋଗ ବଣ୍ଟନ, ସାଂସ୍କୃତିକ କାର୍ଯ୍ୟକ୍ରମ, ଭଜନ ସମାରୋହ ସହ ଆଧାତ୍ମିକ ବ୍ୟକ୍ତି ବିଶେଷଙ୍କୁ ଆମନ୍ତ୍ରଣ କରାଯିବାକୁ ପ୍ରସ୍ତାବ ଦେଇଥିଲେ। ବୈଠକରେ ବରିଷ୍ଠ ସଭ୍ୟ ଭଗବାନ ବଗର୍ତ୍ତି, ନୀଳମଣି ମିଶ୍ର, ରବିନାରାୟଣ ବହିଦାର, ସୂର୍ଯ୍ୟ ପୁରୋହିତ, ମଧୁସୁଦନ ନାୟକ, ସତ୍ୟନାରାୟଣ ବେହେରା, ବୈଷ୍ଣବ ସାହୁ, ପୀତବାସ ପଣ୍ଡା, ଯଶବୀର ସିଂହ, ପୂର୍ଣ୍ଣଚନ୍ଦ୍ର ପାଣି, ରାଜେନ୍ଦ୍ର ମିଶ୍ର ପ୍ରମୁଖ ବିଭିନ୍ନ ପ୍ରସ୍ତାବମାନ ଦେଇଥିଲେ। ବିଭିନ୍ନ କମିଟିମାନ ଗଠନ କରାଯାଇ ସଭ୍ୟ ଭାବେ ଚିତ୍ତ ରଞ୍ଜନ ସାହୁ, ଜିତେନ୍ଦ୍ର ନାଗ, ରାଜେନ୍ଦ୍ର ପାଣି, ଦାଶରଥି ସାହୁ, ସଞ୍ଜୟ ଗଡ଼ତ୍ୟା, ସୁରୁ ସାହୁ, ପ୍ରମୋଦ ସାହୁ, ଅଜିତ ପଣ୍ଡା, ବାବୁ ଶ୍ରୀଚନ୍ଦନ, ଆକବର ଖାନ, ସଂଗ୍ରାମ ବହିଦାର, ଜିତୁ ମଟାରୀ, ଅମରଦୀପ ପାଣିଗ୍ରାହୀଙ୍କୁ ମନୋନୀତ କରାଯାଇଥିଲା। ପାଠାଗାରର ସଭ୍ୟ ବିଧୂଭୂଷଣ ତ୍ରିପାଠି, ମହେନ୍ଦ୍ର ବାଗ, ଅବଦୁଲ ରଜାକ, ଆନିଶ ସାହୁ, ଅନିଲ ସାହୁ, ପ୍ରମୋଦ ପ୍ରଧାନ, ଦୁର୍ଯ୍ୟ ଗଡ଼ତ୍ୟା, ଦ୍ୱିଜରାଜ ମିଶ୍ର ଆଲୋଚନାରେ ଅଂଶଗ୍ରହଣ କରିଥିଲେ।

## ବଲାଙ୍ଗିରରେ ଶୀତଳ ଷଷ୍ଠୀ

# ଶିବ ପାର୍ବତୀଙ୍କ ବିବାହ ପ୍ରକ୍ରିୟା ଆରମ୍ଭ



**ବଲାଙ୍ଗିର, ୩୦।୫(ସମିସ):** ବଲାଙ୍ଗିର ସହରରେ ଶୀତଳ ଷଷ୍ଠୀ ପାଇଁ ଭକ୍ତିମୟ ପରିବେଶ ସୃଷ୍ଟି ହୋଇଛି। ଦେବଦେବ ମହାଦେବ ଓ ମାତା ପାର୍ବତୀଙ୍କ ବିବାହ ପ୍ରକ୍ରିୟା ଆରମ୍ଭ ହୋଇଛି। ଲୋକାଚାର ପିତାମାତାଙ୍କ ଗୃହକୁ ହରପାର୍ବତୀ ପ୍ରବେଶ କରିଥିବା ବେଳେ ବାହାଘର ପ୍ରସ୍ତୁତି ଆରମ୍ଭ ହୋଇଥିବା ଦେଖିବାକୁ ମିଳିଛି। ବଲାଙ୍ଗିର ସହରରେ ବସନ୍ତବିଳାସ ସାହିତ୍ୟ ସମିତି, ଅବସର ବିନୋଦନ ସାହିତ୍ୟ ସମିତି, ରାଧାରାଣୀ ପଡ଼ା, ସାଗରପଡ଼ା, ପେଲେସ ଲାଇନ, ବ୍ରାହ୍ମଣ ପଡ଼ା, ଗାନ୍ଧୀନଗର ପଡ଼ା, ସୁଦପଡ଼ା, ଆଦି ସ୍ଥାନରେ ଶୀତଳ ଷଷ୍ଠୀ ପର୍ବ ପାଳନ କରାଯାଉଛି। ନୀତି ନିର୍ଘଣ୍ଟ ଅନୁସାରେ ଗତ ଶୁକ୍ରବାର ଦିନ ଶିବ ପାର୍ବତୀଙ୍କୁ ମନ୍ଦିରରୁ ଲୋକାଚାର ପିତାମାତାଙ୍କ ଘରକୁ ଅଣାଯାଇଥିଲା। ଘଣ୍ଟ, ଶଙ୍ଖ ବାଦ୍ୟର ତାଳେ ତାଳେ ଶୋଭାଯାତ୍ରା କରି ଗୃହ ପ୍ରବେଶ କରାଯାଇଥିଲା। ଶୁକ୍ରବାର ସକାଳେ ତାଙ୍କର ବିବାହ ନୀତି ଆରମ୍ଭ କରାଯାଇଥିଲା। ଝିଅ ଘରେ ପିନ୍ଧାନୀ କାର୍ଯ୍ୟ ସାରିବା ପରେ ପୁଅ ଘରେ ମାଟିପକା କାର୍ଯ୍ୟକ୍ରମ କରାଯାଇଥିଲା। ଆସନ୍ତାକାଲି ହଳଦୀ ଓ ଦେବଗଣସନ କାର୍ଯ୍ୟକ୍ରମ ରହିଥିବା ସୂଚନା ରହିଛି। ଶୀତଳ ଷଷ୍ଠୀ ପାଇଁ ବଲାଙ୍ଗିର ସହର ଚଳଚଞ୍ଚଳ ରହିଥିବା ବେଳେ ବିଭିନ୍ନ ସ୍ଥାନରେ ସାଂସ୍କୃତିକ କାର୍ଯ୍ୟକ୍ରମ ମାନର ଆୟୋଜନ କରାଯାଉଥିବା ଦେଖିବାକୁ ମିଳିଛି।

# ବୈଷୟିକ ପାଠ୍ୟକ୍ରମର ପରାମର୍ଶ ଶିବିର




**ବଲାଙ୍ଗିର, ୩୦।୫(ସମିସ):** ଲର୍କିପାଲିସ୍ଥିତ ସରକାରୀ ପଲିଟେକନିକ୍ କଲେଜ ସଭାଗୃହରେ ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍, ସରକାରୀ ପଲିଟେକନିକ୍ କଲେଜ ଓ ଅଗ୍ରଣୀ ସ୍ୱେଚ୍ଛାସେବୀ ଅନୁଷ୍ଠାନ ଅରୁଣାର ଆୟୋଜନକ୍ରମେ କରୋନା ସମୟରେ ପିତୃ ମାତୃକୁ ହରାଇଥିବା ଶିଶୁଙ୍କୁ ଆଶୀର୍ବାଦ ଯୋଜନାରେ ଅନ୍ତର୍ଭୁକ୍ତ ଥିବା ଶିଶୁ, ପୃଷ୍ଠପୋଷକତା ରାଶି ପାଉଥିବା ଶିଶୁ, ସ୍ୱତନ୍ତ୍ର ସୁରକ୍ଷାରେ ଥିବା ଦଶମ ଶ୍ରେଣୀରେ ଉତ୍ତୀର୍ଣ୍ଣ ହୋଇଥିବା, ଦ୍ୱାଦଶରେ ଉତ୍ତୀର୍ଣ୍ଣ ହୋଇଥିବା ଥିବା ଶିଶୁଙ୍କ ପାଇଁ ବୈଷୟିକ ଶିକ୍ଷାର ଉପକାରିତା ଓ ନିଯୁକ୍ତି ଭିତ୍ତିକ ପାଠ୍ୟକ୍ରମ ଉପରେ ବୃତ୍ତି ଭିତ୍ତିକ ପରାମର୍ଶ ଅନୁଷ୍ଠିତ ହୋଇଯାଇଛି।ଏହି ଅବସରରେ ପଲିଟେକନିକ୍ କଲେଜରେ ଅଧ୍ୟକ୍ଷ ଶ୍ରଦ୍ଧାନନ୍ଦ ବେହୁରା ଉପସ୍ଥିତ ରହି ବୈଷୟିକ ଶିକ୍ଷା ଏକ ନିଯୁକ୍ତି ଭିତ୍ତିକ ଶିକ୍ଷା ଏହି ପାଠ୍ୟକ୍ରମରେ ନିଜର କ୍ୟାରିଅର୍‌କୁ ସୁଦୃଢ କରିପାରିବେ ବୋଲି ମତାମତ ପ୍ରଦାନ କରିବା ସହ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍‌ରେ ଅବସ୍ଥାପିତ ଥିବା ଅରୁଣାର ଜିଲ୍ଲା ପରାମର୍ଶଦାତା ପ୍ରମୋଦ ବଗର୍ତ୍ତି ଉପସ୍ଥିତ ରହି ଗ୍ରୀନ ପାସେଜ୍ ସାର୍ଟିଫିକେଟର ଉପକାରିତା ଉପରେ ଜଣାଇବା ସହ ମାତୃପିତୃକୁ ହରାଇଥିବା ଶିଶୁଙ୍କୁ ଯଶୋଦା ଯୋଜନାରେ ସଂଶ୍ଲିଷ୍ଟ କରାଯାଇପାରିବ ବୋଲି ଜଣାଇଥିଲେ। ପଲିଟେକ୍‌ନିକ କଲେଜର ହିମାଦ୍ରି କୁମାର ବଳ, ବିଭୁ ପ୍ରସାଦ ଦାସ, ଲୋକେଶ ପଟ୍ଟନାୟକ, ଅନିଲା ଶୁଭଦର୍ଶୀ, ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍‌ର ସୁଦନ ଖମାରୀ, ବସନ୍ତ ହରପାଲ ଶୁଭମ୍ ଜେନା, ସୁନ୍ଦର ଉପସ୍ଥିତ ଥିଲେ। ଶେଷରେ ସାମାଜିକ କର୍ମୀ ହରିବନ୍ଧୁ ରାଉତ ଧନ୍ୟବାଦ୍ ଜଣାଇଥିଲେ।

# ବ୍ଲକ୍‌ସ୍ତରୀୟ କୃଷକ ପ୍ରଶିକ୍ଷଣ କାର୍ଯ୍ୟକ୍ରମ



**ସଇଁତଲା, ୩୦।୫(ସମିସ):** ସଇଁତଲା ବ୍ଲକ ଟିକ୍ରାପଡ଼ାରେ କୃଷକ ଉତ୍ପାଦକ ସଂଘ ଆନୁକୂଲ୍ୟରେ ବ୍ଲକସ୍ତରୀୟ କୃଷକ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ପର୍ଶୁରାମ ବଗର୍ତ୍ତାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ରାଜ୍ୟ ନିଗମ ସମ୍ପାଦକ ସୁରେଶ ତ୍ରିପାଠୀ, ରାଜ୍ୟ ସଂଯୋଜକ ଘନଶ୍ୟାମ ନାଏକ, ଜିଲ୍ଲା ସଂଯୋଜକ ବିଚିତ୍ରାନନ୍ଦ ସ୍ୱାଇଁ, ନବ ଦାଶ ତାଲିମ ଦେଇଥିଲେ।ଅଧିକରୁ ଅଧିକ କୃଷକ ସଂଘର ସଦସ୍ୟ ହେଲେ ଅଂଶଧନ ବୃଦ୍ଧି ସହ କୃଷକଙ୍କ ହିତସାଧନ ସମ୍ଭବ ହୋଇପାରିବ ବୋଲି ଅତିଥିମାନେ ମତ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଭାରତୀୟ କିସାନ ସଂଘ ରାଜ୍ୟ ସମ୍ପାଦକ ମୋହନ ନାୟକ, ସାମାଜିକ କର୍ମୀ ଅନ୍ତର୍ଯ୍ୟାମୀ ରାଜପଲିଆ ପ୍ରମୁଖ ଉପସ୍ଥିତ ରହିଥିଲେ।ପ୍ରମଦା ରାଜପଲିଆ, ଅଜନ୍ତା ରାଜପଲିଆ, ଜାନକୀ ବିଶି, ଦିବ୍ୟ ଭୋଇ, ଘନଶ୍ୟାମ ମୁଦୁଲି, ବିଦୁର କରନ, ଦୟାନିଧି ବାଗ, ସୁଦାମ ବଗର୍ତ୍ତୀ, ଘନଶ୍ୟାମ ଦେଓ, ରଥ ବୁଢ଼େକ ପ୍ରମୁଖଙ୍କ ସମେତ ବହୁ ଚାଷୀ କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ସମ୍ପାଦକ ଉଗ୍ରେସନ କୁମ୍ଭାର ଅତିଥି ପରିଚୟ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ସୁଦାମ ଦନ୍ତା ଧନ୍ୟବାଦ ଅର୍ପଣ କରିଥିଲେ।

● ସାମ୍ବାଦିକଙ୍କୁ ଆକ୍ରମଣ ଘଟଣା

## ନିଜଆଡୁ ମାମଲା ରୁଜୁ କଲା ଏନଏଚ୍‌ଆର୍‌ସି

ବଲାଙ୍ଗିର, ୩୦।୫(ସମିସ):ବଲାଙ୍ଗିର ଜିଲ୍ଲା ପୁଇଁତଲା ଥାନା ଅନ୍ତର୍ଗତ କୁଲଥିପାଲି ଗ୍ରାମରେ ସାମ୍ବାଦିକଙ୍କୁ ଆକ୍ରମଣ କରିବା ଘଟଣାକୁ ଗୁରୁତର ସହିତ ନେଇଛି ଜାତୀୟ ମାନବ ଅଧିକାର କମିଶନ। ନିଜ ଆଡୁ ମାମଲା ରୁଜୁ କରି ଘଟଣା ଉପରେ ଦୁଇ ଦିନ ଭିତରେ ଉତ୍ତର ରଖିବାକୁ ପୁଲିସ୍ ଡିଜିଙ୍କୁ ଚିଠି ଲେଖିଥିବା ଜଣାପଡ଼ିଛି। ପ୍ରକାଶ ଯେ ଦୁର୍ନୀତି ସମ୍ପର୍କିତ ଖବର ପ୍ରସାରଣ କରିବାକୁ କୁଲଥିପାଲି ଗ୍ରାମକୁ ଯାଇ ସାମ୍ବାଦିକ ବିଜୟ ପ୍ରଧାନ ଠିକାଦାର ସହଯୋଗୀଙ୍କ ଆକ୍ରମଣର ଶିକାର ହୋଇଥିଲେ। ଏହି ଘଟଣା ରାଜ୍ୟବ୍ୟାପୀ ଆଲୋଡନ ସୃଷ୍ଟି କରିଥିଲା। ଏଥିରେ ସମ୍ପୃକ୍ତ ଥିବା ଠିକାଦାର ଓ ମାଡ଼ ମାରିଥିବା ଚାରି ଜଣ ସହଯୋଗୀଙ୍କୁ ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଥିଲା। ବର୍ତ୍ତମାନ ଏହି ମାମଲାକୁ ଏନଏଚ୍‌ଆର୍‌ସି ଗମ୍ଭୀରତାର ସହିତ ନେବା ପରେ ମାମଲା ଆହୁରି ସୁଦୃଢ ହେବ ବୋଲି କୁହାଯାଉଛି।

# କାଠ ବୋଝେଇ ଗାଡ଼ି ଜବତ, ଦୁଇ ଗିରଫ



**ବଲାଙ୍ଗିର, ୩୦।୫(ସମିସ):** ବଲାଙ୍ଗିର ବନ୍ ବିଭାଗ ପକ୍ଷରୁ ପୃଥକ୍ ଭାବେ ଦୁଇଟି ସ୍ଥାନରେ ଚଢ଼ଉ କରି ବେଆଇନ ଭାବେ ଚାଲାଣ ହେଉଥିବା ଗଛ ଧରିବା ସହ ଦୁଇ ଜଣ ଅଭିଯୁକ୍ତଙ୍କୁ ଗିରଫ କରିଥିବା ଜଣାପଡ଼ିଛି। ସୂଚନା ଅନୁସାରେ ଟିଟିଲାଗଡ଼ ଫରେଷ୍ଟ ରେଞ୍ଜ ଅଧିନସ୍ଥ ବର୍ନେଇ ଜଙ୍ଗଲରେ ବନ୍ ବିଭାଗ କର୍ମଚାରୀମାନେ ପାଟ୍ରୋଲିଂ କରୁଥିବା ବେଳେ ଟ୍ରାକ୍ଟରରେ କାଠ ଚାଲାଣ ହେଉଥିବା ବେଳେ ଚଢଉ କରିଥିଲେ। ଉକ୍ତ ଘଟଣାରେ ବନ ବିଭାଗ ଦୁଇ ଜଣଙ୍କୁ ଗିରଫ କରିଛି।ସେହିପରି ଲୋଇସିଂହା ବନ ବିଭାଗ ଭରସୁଜା ନିକଟରେ ଚଢ଼ଉ କରିଥିଲା। ପିକଅପ୍‌ରେ ବେଆଇନ ଭାବେ ଖଇର କାଠ ଚାଲାଣ ହେଉଥିବା ବେଳେ ୫କୁଇଣ୍ଟାଲ ଖଇର ସହ ପିକଅପ୍ ଜବତ କରିଥିବା ଜଣାପଡ଼ିଛି।

# ଗାଁକୁ ଫେରିପାରିଲାନି ଦାଦନଙ୍କ ଶବ

**ବଲାଙ୍ଗିର, ୩୦।୫(ସମିସ):** ବଲାଙ୍ଗିର ଜିଲ୍ଲା ବଙ୍ଗୋମୁଣ୍ଡା ବ୍ଲକରୁ ପୁଣି ଆସିଛି ଦାଦନ ଦୁଃଖର କରୁଣ କାହାଣୀ। ଅର୍ଥାଭାବ ଯୋଗୁଁ ତାମିଲନାଡୁରୁ ଶ୍ରମିକଙ୍କ ଶବ ଭିଟାମାଟିକୁ ଫେରିପାରିନି। ଶେଷରେ ପରିବାର ଲୋକେ ସେହିଠାରେ ହିଁ ଶେଷକୃତ୍ୟ କରିଛନ୍ତି। ଅଭିଯୋଗ ଅନୁସାରେ, ବଙ୍ଗୋମୁଣ୍ଡା ବ୍ଲକ କପିଳାଭଟା ପଞ୍ଚାୟତ ବରତୁଣ୍ଡା ଗାଁର ନାରାୟଣ ଜାନୀ (୩୦) ଗତ ପାଞ୍ଚ ମାସ ହେଲା ତାମିଲନାଡୁର ଇଟାଭାଟିକୁ ଦାଦନ ଶ୍ରମିକ ଭାବେ କାମ କରିବାକୁ ଯାଇଥିଲେ। ସାଙ୍ଗରେ ତାଙ୍କ ସାନଭାଇ ଓ ଅନ୍ୟ ସମ୍ପର୍କୀୟମାନେ ମଧ୍ୟ ଥିଲେ। ସେଠାକାର ଇଟାଭାଟିରେ ସମସ୍ତେ କାମ କରୁଥିଲେ। ଇଟାଭାଟି ମାଲିକଙ୍କ ନିର୍ଯାତନା ଓ ଅଧିକ ଖଟଣି ଯୋଗୁଁ ନାରାୟଣ ଅସୁସ୍ଥ ସାଙ୍ଗକୁ ଦୁର୍ବଳ ହୋଇପଡ଼ିଥିଲେ। କିଛିଦିନ ତଳେ ସେ ରାସନ୍ ସାମଗ୍ରୀ ଆଣିବାକୁ ବଜାର ଯାଇଥିଲେ।ସେଠାରେ ମୁଣ୍ଡ ବୁଲାଇବାରୁ ହଠାତ୍ ତଳେ ପଡ଼ିଯାଇଥିଲେ। ସାଙ୍ଗରେ ଯାଇଥିବା ସାନଭାଇ ଇଟାଭାଟିରେ ଥିବା ସମ୍ପର୍କୀୟଙ୍କୁ ଅବଗତ କରିଥିଲେ। ସମସ୍ତେ ମିଶି ତାଙ୍କୁ ଚିକିତ୍ସା ପାଇଁ ଡାକ୍ତରଖାନା ନେଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ଗାଁରେ ଥିବା ନାରାୟଣଙ୍କ ସ୍ତ୍ରୀ ମଞ୍ଜୁ ଜାନୀ (୨୬), ଦୁଇ ଝିଅ, ବାପା ବଘ ଜାନୀ (୭୦), ମା’ ଗୁନ ଜାନୀ (୬୫) ସମ୍ପର୍କୀୟମାନଙ୍କ ସହାୟତାରେ ତାମିଲନାଡୁରେ ପହଞ୍ଚିଥିଲେ। ସେଠାରେ ଇଟାଭାଟି ମାଲିକଙ୍କୁ ପରିବାର ବର୍ଗ ମରଶରୀରକୁ ନିଜ ଗାଁକୁ ନେବା ପାଇଁ ସହାୟତା କରିବାକୁ ନେହୁରା ହୋଇଥିଲେ। ହେଲେ ଏତେ ଟଙ୍କା ଗାଡ଼ିଭଡ଼ା ଦେବାକୁ ମାଲିକ ମନା କରିବା ସହ ସେହିଠାରେ ଶେଷକୃତ୍ୟ କରିବାକୁ ବାଧ କରିଥିବା ପରିବାର ଲୋକେ ଅଭିଯୋଗ କରିଛନ୍ତି। ତେବେ ଦାଦନ ନେଇଥିବା ସର୍ଦ୍ଦାର ଓ ଇଟାଭାଟି ମାଲିକ ଉଭୟ ୫୦ ହଜାର ଟଙ୍କା ଲେଖାଏଁ ମୋଟ ଏକ ଲକ୍ଷ ଟଙ୍କା ପରିବାର ଲୋକଙ୍କୁ ଦେଇଥିବା ଜଣାପଡ଼ିଛି। ରୋଜଗାରକ୍ଷମ ବ୍ୟକ୍ତିଙ୍କୁ ହରାଇ ପୂରା ପରିବାର ଏବେ ଅସହାୟ ହୋଇପଡ଼ିଛି। ତୁରନ୍ତ ଏହି ଗରିବ ପରିବାରକୁ ସରକାରୀ ସହାୟତା ଯୋଗାଇ ଦେବାକୁ ଗ୍ରାମବାସୀ ଅନୁରୋଧ କରିଛନ୍ତି।

# କଠିନ ବର୍ଜ୍ୟବସ୍ତୁ ପରିଚାଳନା

**ନୂଆପଡ଼ା, ୩୦।୫(ସମିସ):** ନୂଆପଡ଼ା ଜିଲ୍ଲା ଆଇନ ସେବା ପ୍ରାଧୀକରଣ ଏବଂ ଖରିଆର ରୋଡ ବିଜ୍ଞାପିତ ଅଞ୍ଚଳ ପରିଷଦର ମିଳିତ ଆନୁକୂଲ୍ୟରେ ଖରିଆରରୋଡ ସହରରେ କଠିନ ବର୍ଜ୍ୟବସ୍ତୁ ପରିଚାଳନା ପାଇଁ ଏକ ସଚେତନତା ଅଭିଯାନ ହୋଇଯାଇଛି। ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ ସଚିବ ନବନୀତା ଦାଶଙ୍କ ଆବାହକତ୍ୱରେ ଅନୁଷ୍ଠିତ ଏହି ସମାରୋହରେ ଜିଲ୍ଲାପାଳ ମଧୁସୂଦନ ଦାଶ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ସମ୍ମାନୀତ ଅତିଥି ଭାବେ ଏସ୍‌ପି ଜି.ଆର.ରାଘବେନ୍ଦ୍ର, ଖରିଆର ରୋଡ ବିଜ୍ଞାପିତ ଅଞ୍ଚଳ ପରିଷଦ ଅଧ୍ୟକ୍ଷା ସୋନିଆ ଜୈନ, ଉପାଧ୍ୟକ୍ଷ ନିଶାନ୍ତ ଡାଗା, କାର୍ଯ୍ୟ ନିର୍ବାହୀ ଅଧିକାରୀ କମଳାସନ ରଥ, ସରକାରୀ ଓକିଲ ତ୍ରିଲୋକଚାନ୍ଦ ସୋନୀ ପ୍ରମୁଖ ଯୋଗ ଦେଇଥିଲେ। ସମସ୍ତେ ମିଶି ସହରର ଆରଏମସି ପରିସର ସଫା କରିଥିଲେ। ଏଥିରେ ବିଭିନ୍ନ ସ୍ୱେଚ୍ଛାସେବୀ ଅନୁଷ୍ଠାନର କର୍ମକର୍ତ୍ତା, ପୁଲିସ ବାହିନୀ, ଏନ୍‌ଏସି କର୍ମଚାରୀ, ବ୍ୟବସାୟୀ ସଂଘ, ଉଠା ଦୋକାନୀ, ସଫେଇ କର୍ମଚାରୀ ଅଂଶ ଗ୍ରହଣ କରିଥିଲେ। ଏହାପରେ ସମସ୍ତେ ଏକ ଜନ ସଚେତନତା ଶୋଭାଯାତ୍ରାରେ ଟାଉନ ହଲ୍ ପର୍ଯ୍ୟନ୍ତ ଯାଇଥିଲେ। ପ୍ଲାଷ୍ଟିକ, ଜରି ଦ୍ୱାରା କିଭଳି ସହର କ୍ଷତିଗ୍ରସ୍ତ ହେଉଛି ତଥା ଏହାର ଅପକାରିତା ଏବଂ ଠିକ ପରିଚାଳନା ସମ୍ବନ୍ଧରେ ଜନସାଧାରଣଙ୍କୁ ଅବଗତ କରାଇଥିଲେ।

### ଆଦିବାସୀ ନାବାଳିକା ଦୁଷ୍କର୍ମ ମାମଲା

## ଜାତୀୟ ଏସ୍‌ଟି କମିଶନଙ୍କୁ ଭେଟିଲା ବିଜେଡି

**ନିରପେକ୍ଷ ତଦନ୍ତ ଦାବି କରି**

ଭୁବନେଶ୍ୱର, ୩୦।୫(ସମିସ): କୋରାପୁଟ ଜିଲ୍ଲାର ଜଣେ ଆଦିବାସୀ ନାବାଳିକାକୁ ଦୁଷ୍କର୍ମ ଓ ଏଥିଯୋଗୁଁ ନାବାଳିକାଜଣଙ୍କ ଗର୍ଭବତୀ ହେବା ଭଳି ଏକ ସ୍ପର୍ଶକାତର ଘଟଣାରେ ଜାତୀୟ ଏସ୍‌ଟି କମିସନ୍‌ଙ୍କ ହସ୍ତକ୍ଷେପ ଲୋଡ଼ିଛି ବିଜେଡି। ଶୁକ୍ରବାର ବିଜୁ ଜନତା ଦଳ ପକ୍ଷରୁ ଜାତୀୟ ଏସ୍‌ଟି କମିସନଙ୍କ ଉଦ୍ଦେଶ୍ୟରେ ଭୁବନେଶ୍ୱରସ୍ଥିତ ଆଞ୍ଚଳିକ କାର୍ଯ୍ୟାଳୟ ଜରିଆରେ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଛି।

ଉକ୍ତ ସ୍ମାରକପତ୍ରରେ ଦର୍ଶାଯାଇଛି ଯେ ଜୟପୁର ମହିଳା ଥାନାରେ ହୋଇଥିବା ଅଭିଯୋଗ ଅନୁଯାୟୀ, କୋରାପୁଟ ବୋରିଗୁମ୍ମା ବ୍ଲକ୍ ସାନପୁରିଆ ପଞ୍ଚାୟତର ସନିଗୁଡ଼ା ଗ୍ରାମର ରାଜେନ୍ଦ୍ର ଭତ୍ରା ଏହି ଜଘନ୍ୟ କାଣ୍ଡର ଅଭିଯୁକ୍ତ। ସେ ସ୍ଥାନୀୟ ବିଧାୟକଙ୍କ ପ୍ରତିନିଧିଙ୍କ ପୁଅ। ରାଜେନ୍ଦ୍ର ଏକ ବିବାହ ଭୋଜିରେ ନାବାଳିକାଙ୍କୁ ଭେଟିବା ପରେ ବିବାହର ମିଥ୍ୟା ପ୍ରଲୋଭନ ଦେଇ ଦୀର୍ଘ ୨ବର୍ଷ ଧରି ତାଙ୍କୁ ଦୁଷ୍କର୍ମ କରି ଆସୁଥିଲା। ତେବେ ଏଥିରେ ନାବାଳିକାଜଣଙ୍କ ପାଞ୍ଚ ମାସର ଗର୍ଭବତୀ ହୋଇଯିବାରୁ ଘଟଣା ଲୋକଲୋଚନକୁ ଆସିଥିଲା। କିନ୍ତୁ ଅଭିଯୁକ୍ତଙ୍କ ପିତା ଜଣେ ନିର୍ଦ୍ଦିଷ୍ଟ ରାଜନୈତିକ ଦଳର ବ୍ୟକ୍ତି ହୋଇଥିବାରୁ ଘଟଣାକୁ ଚାପିଦେବା ପାଇଁ ପ୍ରଶାସନିକସ୍ତରରେ ଚେଷ୍ଟା କରାଯାଉଛି। ଏଥିଯୋଗୁଁ ଜଣେ ଆଦିବାସୀ ନାବାଳିକା ନ୍ୟାୟ ପାଇବାରୁ ବଞ୍ଚିତ ହେବ ବୋଲି ବିଜେଡି ଅଭିଯୋଗରେ ଦର୍ଶାଇଛି। ତେଣୁ ପୀଡ଼ିତା ନାବାଳିକାଙ୍କୁ ଉପଯୁକ୍ତ ନ୍ୟାୟ ଦେବା ସହ ଅଭିଯୁକ୍ତକୁ ତୁରନ୍ତ ଗିରଫ କରିବାକୁ ଦାବି କରାଯାଇଛି। ନ୍ୟାୟ ନ ମିଳିବା ପର୍ଯ୍ୟନ୍ତ ବିଜେଡି ତା'ର ସଂଗ୍ରାମ ଜାରି ରଖିବ ବୋଲି ଦଳ ପକ୍ଷରୁ କୁହାଯାଇଛି।

ଏହି ପ୍ରତିନିଧିମଣ୍ଡଳୀରେ ବିଜେଡି ମିଡିଆ ସହ ସଂଯୋଜକ ତଥା ମୁଖପାତ୍ର ଡଃ ଲେନିନ୍ ମହାନ୍ତି, ଡଃ ପ୍ରିୟବ୍ରତ ମାଝୀ, ମୁଖପାତ୍ର ତୁମ୍ବନାଥ ପଣ୍ଡା, ମିହିର ରାୟ, ନାରାୟଣ ଜେନା, ଇପ୍ସିତା ସାହୁ, ବିଶ୍ୱପ୍ରତାପ ସାହୁ, ଅରୂପ ଶ୍ରୀଚନ୍ଦନ ଓ ସୋଫିଆ ଆଲାମ ପ୍ରମୁଖ ଉପସ୍ଥିତ ଥିଲେ।

### ସହଯୋଗୀର ଗୁଳିରେ ଶିକାରୀ ମୃତ

# ଜୁଇରୁ ଦରପୋଡ଼ା ଶବ ଉଠାଇଆଣିଲା ପୁଲିସ୍



**■ ୧୦ରୁ ଊର୍ଦ୍ଧ୍ୱ ଅଟକ; ୨ ଶିକାରୀ ଫେରାର୍**

**■ କଙ୍ଗାରୁକୋର୍ଟରେ ହତ୍ୟା ଘଟଣା ରଫାଦଫା**

ନୟାଗଡ଼/ଶରଣକୁଳ, ୩୦।୫ (ସମିସ): ଶିକାରୀ ଗୁଳିରେ ପ୍ରାଣ ହରାଇଥିବା ଜଣେ ଆଦିବାସୀ ଯୁବକଙ୍କୁ ଅତି ସନ୍ତର୍ପଣରେ ପୋଡ଼ିଦେବା ବେଳେ ଧରିଲା ପୁଲିସ୍। ନୟାଗଡ଼ ଜିଲ୍ଲା ଶରଣକୁଳ ଥାନା ଅଞ୍ଚଳରେ ଗୁରୁବାର ବିଳମ୍ବିତ ରାତିରେ ଘଟିଥିବା ଏହି ଘଟଣା ଆଜି ପଦାକୁ ଆସିବା ପରେ ଚର୍ଚ୍ଚାର ବିଷୟ ହୋଇଛି। ମୃତକ ହେଲେ, ନୟାଗଡ଼ ବନଖଣ୍ଡ ଅନ୍ତର୍ଗତ ପଞ୍ଚରିଡ଼ା ବନାଞ୍ଚଳ ଗୋଛା ଗ୍ରାମର ସୂର୍ଯ୍ୟମଣି ପ୍ରଧାନ ଓରଫ୍ ହୀନ। ପୁଲିସ୍ ତାଙ୍କ ଦରପୋଡ଼ା ଶବକୁ ଜୁଇରୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ଘଟଣାରେ ପୁଲିସ୍ ମୋଟ ୧୦ଜଣଙ୍କୁ ଅଟକ ରଖିଥିବା ବେଳେ ଅଭିଯୁକ୍ତ ଦୁଇ ଶିକାରୀ ଘଟଣାସ୍ଥଳରୁ ଫେରାର୍ ହୋଇଯାଇଛନ୍ତି। ପୁଲିସ୍ ସେମାନଙ୍କୁ ଧରିବା ପାଇଁ ବିଭିନ୍ନ ସ୍ଥାନରେ ଚଢ଼ଉ ଜାରି ରଖିଛି।

ପୁଲିସ୍ ସୂଚନାନୁଯାୟୀ, ଗୁରୁବାର ରାତିରେ ନିକଟସ୍ଥ ବଧିସାହି ଗ୍ରାମର ସନ୍ତୋଷ ସାହୁ ଓ ମିଟୁ ପ୍ରଧାନ ଗୋଛା ଗ୍ରାମର ହୀନଙ୍କୁ ଡାକି ଶିକାର ଉଦ୍ଦେଶ୍ୟରେ ଗୋଛା ସଂରକ୍ଷିତ ଜଙ୍ଗଲକୁ ଯାଇଥିଲେ। ଶିକାର ସମୟରେ ଅସାବଧାନତାରୁ ଗୋଟିଏ ଗୁଳି ହୀନଙ୍କ ମୁଣ୍ଡରେ ବାଜିବାରୁ ସେହିଠାରେ ହିଁ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ଶୁକ୍ରବାର ସକାଳୁ ଏହି ଖବର ପ୍ରଘଟ ହେବା ପରେ ଶିକାରୀମାନେ ଗୋଛା ଗ୍ରାମବାସୀଙ୍କୁ ପ୍ରଲୋଭିତ କରିଥିଲେ। ଗୋଛା ଗ୍ରାମବାସୀ ଗାଁରେ ଡକରା ଦେଇ କଙ୍ଗାରୁକୋର୍ଟ କରିଥିଲେ। ଏହି ଘଟଣାକୁ ଚପାଇ ଦେବାକୁ ଉଦ୍ୟମ କରାଯାଇଥିଲା। ହୀନଙ୍କ ପରିବାରଲୋକଙ୍କୁ ୪ଲକ୍ଷ ଟଙ୍କା ଓ ୩ମାଣ ଜମି ଦେଇ ତାଙ୍କୁ ମୁହଁ ବନ୍ଦ ରଖିବା ପାଇଁ କୁହାଯାଇଥିଲା। ଆପୋଷ ସମାଧାନରେ ସେମାନେ ସଫଳ ହେବା ପରେ ହୀନଙ୍କ ଶବକୁ ଜଙ୍ଗଲକୁ ନେଇ ନିଆଁ ଲଗାଇ ଦେଇଥିଲେ। କାଠ ସଂଗ୍ରହ କରି ଗ୍ରାମବାସୀ ଶବକୁ ନିଆଁ ଲଗାଇ ସାରିଥିଲେ।

ତେବେ କୌଣସି ସୂତ୍ରରୁ ଖବର ପାଇ ଶରଣକୁଳ ଏସ୍‌ଡିପିଓ ଦୀପ୍ତିକାନ୍ତ ପ୍ରଧାନ ଓ ଥାନା ଅଧିକାରୀ ପରମାନନ୍ଦ ଦଳେଇ ସଦଳବଳେ ଘଟଣାସ୍ଥଳରେ ପହଞ୍ଚି ବହୁ ଖୋଜାଖୋଜି କରିବା ପରେ ଜଙ୍ଗଲ ଭିତରୁ ଦରପୋଡ଼ା ଶବ ଜବତ କରିଥିଲେ। ନିଆଁ ଲିଭାଇ ଶବକୁ ଉଦ୍ଧାର କରିବା ପାଇଁ ପୁଲିସ୍ ଚେଷ୍ଟା କରିବା ବେଳେ ଗ୍ରାମବାସୀ ବିରୋଧ କରିଥିଲେ। ଶେଷରେ, ପୁଲିସ ଗ୍ରାମବାସୀଙ୍କୁ ବୁଝାସୁଝା କରି ଦରପୋଡ଼ା ଶବ ଜବତ କରିବାରେ ସଫଳ ହୋଇଥିଲା। ସାଇଣ୍ଟିଫିକ୍ ଟିମ୍ ଘଟଣାସ୍ଥଳରେ ଛାନ୍‌ଭିନ୍ କରିଛି। ଶବ ବ୍ୟବଚ୍ଛେଦ ପାଇଁ ନୟାଗଡ଼ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଯାଇଛି। ଏହି ଘଟଣାରେ ସମ୍ପୃକ୍ତ ତଥା ଶବ ପୋଡୁଥିବା ଗୋଛା ଗ୍ରାମର ୧୦ରୁ ଊର୍ଦ୍ଧ୍ୱ ଲୋକଙ୍କୁ ପୁଲିସ ଅଟକ ରଖିଛି। ଅପରପକ୍ଷେ, ଶିକାରୀ ଦୁଇଜଣ ବଧିସାହି ଗ୍ରାମର ସନ୍ତୋଷ ସାହୁ ଓ ମିଟୁ ପ୍ରଧାନ ଫେରାର୍ ହୋଇଯାଇଥିବା ସୂଚନା ମିଳିଛି। ଏହି ଘଟଣାରେ ଶରଣକୁଳ ଏସ୍‌ଡିପିଓ ଦୀପ୍ତିକାନ୍ତ ପ୍ରଧାନଙ୍କ ମତାମତ ନେବାରେ ଦରପୋଡ଼ା ଶବ ଜବତ ପରେ ବ୍ୟବଚ୍ଛେଦ ପାଇଁ ପଠାଯାଇଥିବା କହିଛନ୍ତି। ଘଟଣାର ଅନୁସନ୍ଧାନ ଚାଲିଛି, ତଦନ୍ତ ପରେ ପରବର୍ତ୍ତୀ ପଦକ୍ଷେପ ନିଆଯିବ ବୋଲି ସେ କହିଛନ୍ତି।

### ଓଏଏସ୍ ସ୍ତରରେ ଏକ ଛୋଟ ଅଦଳବଦଳ

## ବଦଳିରେ ବ୍ରହ୍ମପୁର ମହାନଗର ନିଗମ କମିସନର

ଭୁବନେଶ୍ୱର,୩୦।୫(ସମିସ): ଓଏଏସ୍ ସ୍ତରରେ ଏକ ଛୋଟ ଅଦଳ ବଦଳ ହୋଇଛି। ଏନେଇ ରାଜ୍ୟ ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ବିଜ୍ଞପ୍ତି ଜାରି ହୋଇଛି। ବିଭାଗ ପକ୍ଷରୁ ଜାରି ବିଜ୍ଞପ୍ତି ଅନୁଯାୟୀ ପର୍ଯ୍ୟଟନ ବିଭାଗ ସ୍ୱତନ୍ତ୍ର ସଚିବ ବାଳମୁକୁନ୍ଦ ଭୂୟାଁଙ୍କୁ ପ୍ରାଥମିକ ଶିକ୍ଷାର ନିର୍ଦ୍ଦେଶକ ଭାବେ ବଦଳି କରାଯାଇଛି। ଏହାସହିତ ମହିଳା ଓ ଶିଶୁ ବିକାଶ ବିଭାଗ ଅତିରିକ୍ତ ସଚିବ ସମ୍ବିତ କୁମାର ନାୟକଙ୍କୁ ପୁସ୍ତକ ପ୍ରକାଶନ ଓ ମାର୍କେଟିଂ ନିର୍ଦ୍ଦେଶକ ଭାବେ ବଦଳି ହୋଇଥିବା ବେଳେ ବ୍ରହ୍ମପୁର ମହାନଗର ନିଗମର କମିସନର ଭବାନୀ ପ୍ରଶାଦ ମିଶ୍ରଙ୍କୁ ପିଏମ୍ ପୋଷଣ ଓ ଏମ୍ଏମ୍ ପୋଷଣର ରାଜ୍ୟ ନୋଡାଲ୍ ଅଧିକାରୀ ଭାବେ ବଦଳି କରାଯାଇଛି। ଏହାସହିତ ଗତ ୨୩ ତାରିଖରେ ସୁରେନ୍ଦ୍ର କୁମାର ପଣ୍ଡାଙ୍କୁ ପିଏମ୍ ପୋଷଣ ଓ ଏମ୍ଏମ୍ ପୋଷଣର ନୋଡାଲ ଅଧିକାରୀ ଭାବେ ହୋଇଥିବା ବଦଳି ନିର୍ଦ୍ଦେଶକୁ ବାତିଲ କରାଯାଇଛି। ୩୧ ତାରିଖ ସୁଦ୍ଧା ଏହି ଅଧିକାରୀମାନଙ୍କୁ ରିଲିଭ ହେବା ସହ ନିଜର ନୂତନ କାର୍ଯ୍ୟସ୍ଥଳୀରେ ଯୋଗ ଦେବାକୁ ନିର୍ଦ୍ଦେଶ ଦିଆଯାଇଛି।

## ଉଚ୍ଚ ଶିକ୍ଷାନୁଷ୍ଠାନରେ ଅସୁରକ୍ଷିତ ଛାତ୍ରୀ

**ଅଧ୍ୟାପକଙ୍କ ବିରୋଧରେ ବଢୁଛି ନିର୍ଯାତନା ମାମଲା**

**ହେଉନି କାର୍ଯ୍ୟାନୁଷ୍ଠାନ; ଆଇସିସି ଗଠନକୁ ହେୟଜ୍ଞାନ**

ଭୁବନେଶ୍ୱର,୩୦।୫(ସମିସ): ରାଜ୍ୟର ଉଚ୍ଚ ଶିକ୍ଷାନୁଷ୍ଠାନଗୁଡ଼ିକରେ ଅସୁରକ୍ଷିତ ଛାତ୍ରୀ। ଖୋଦ୍ ଅଧ୍ୟାପକ ଓ ପ୍ରାଧ୍ୟାପକମାନଙ୍କ ବିରୋଧରେ ଆସୁଛି ଅସଦାଚରଣ ଅଭିଯୋଗ। ପ୍ରତିଟି ଅଭିଯୋଗର ଆଧାର ମଧ୍ୟ ରହିଛି। କେତେବେଳେ ସିସିଟିଭି ଭିଡିଓ ସାମ୍ନାକୁ ଆସୁଛି ତ ଆଉ କେତେବେଳେ ପ୍ରେମ ନିବେଦନର ଅଡିଓ ଭାଇରାଲ୍ ହେଉଛି। ଗତ ୨୦୨୪-୨୫ ଶିକ୍ଷାବର୍ଷରେ ଏପରି ମାମଲା ସଂଖ୍ୟା ଅଧିକ ବଢ଼ିଛି। ଏହାକୁ ନେଇ ଅଭିଭାବକଙ୍କ ମନରେ ଅକୁହା ଭୟ ଘାରିଥିବାବେଳେ ସରକାର ଆଖିବୁଜିଆ କାର୍ଯ୍ୟାନୁଷ୍ଠାନ ନେଉ ନାହାନ୍ତି। ଏପରିକି ବାଧ୍ୟତାମୂଳକ କରାଯାଇଥିବା ଆଭ୍ୟନ୍ତରୀଣ ଅଭିଯୋଗ କମିଟି (ଆଇସିସି) ମଧ୍ୟ ବହୁ ଉଚ୍ଚଶିକ୍ଷାନୁଷ୍ଠାନରେ ଗଠନ କରା ନ ଯିବା ଛାତ୍ରୀଙ୍କ ସୁରକ୍ଷାକୁ ଅଧିକ ବିପନ୍ନ କରିଛି।

ନିକଟରେ ବୁର୍ଲାସ୍ଥିତ ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱବିଦ୍ୟାଳୟ (ଭିସୁଟ୍)ର ଜଣେ ଆସୋସିଏଟ୍ ପ୍ରଫେସରଙ୍କ ବିରୋଧରେ ଜଣେ ପିଏଚ୍‌ଡି ଛାତ୍ରୀ ଯୌନ ନିର୍ଯାତନା ଅଭିଯୋଗ ଆଣିଛନ୍ତି। ଏହାପୂର୍ବରୁ ବିଜେବି ସ୍ୱୟଂଶାସିତ ମହାବିଦ୍ୟାଳୟର ତତ୍କାଳୀନ କମ୍ପ୍ୟୁଟର ସାଇନ୍ସ ବିଭାଗର ଜଣେ ଅଧ୍ୟାପକଙ୍କ ବିରୋଧରେ ଇଗ୍ନୋରେ ପଢୁଥିବା ଜଣେ ଛାତ୍ରୀ ସଙ୍ଗିନ ଅଭିଯୋଗ ଆଣିବା ପରେ ବିଭାଗ ପକ୍ଷରୁ ତଦନ୍ତ କରାଯାଇ ସମ୍ପୃକ୍ତ ଅଧ୍ୟାପକଙ୍କୁ ଉଚ୍ଚଶିକ୍ଷା ନିର୍ଦ୍ଦେଶାଳୟକୁ ବଦଳି କରାଯାଇଛି। ସେହିପରି ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ମହାବିଦ୍ୟାଳୟର ଜଣେ ଅଧ୍ୟାପକ ସିସିଟିଭିକୁ ଉପରମୁହାଁ କରି ଅନୈତିକ କାର୍ଯ୍ୟ କରୁଥିବା ପରି ଗୁରୁତର ଅଭିଯୋଗ ହୋଇଥିଲା। ତେବେ ଏହାର ସିସିଟିଭି ଭିଡିଓ ଭାଇରାଲ୍ ହେବା ପରେ ଛାତ୍ରଛାତ୍ରୀମାନେ ଆନ୍ଦୋଳନକୁ ଓହ୍ଲାଇବା ସହ ଅଧ୍ୟାପକଙ୍କ ବହିଷ୍କାର ଦାବି କରିଥିଲେ। ଅନୁରୂପ ଭାବେ ଉତ୍କଳ ବିଶ୍ୱବିଦ୍ୟାଳୟରୁ ବି ଯୌନ ନିର୍ଯାତନାର ଅଭିଯୋଗ ଆସିଥିଲା। ଅର୍ଥନୀତି ବିଭାଗର ଅଧ୍ୟାପକ ସେହି ବିଭାଗର ଜଣେ ଛାତ୍ରୀଙ୍କୁ ଅସଦାଚରଣ ଅଭିଯୋଗ ପରେ ମଧ୍ୟ କାର୍ଯ୍ୟାନୁଷ୍ଠାନ ହେଉ ନ ଥିବାରୁ ବିଭିନ୍ନ ମହଲରେ ଉଦ୍‌ବେଗ ପ୍ରକାଶ ପାଇଥିଲା। ସେହିପରି ବରଗଡ଼ ଜିଲ୍ଲା ପଦମ୍ପୁର ଅଞ୍ଚଳ ମହାବିଦ୍ୟାଳୟର ଅର୍ଥନୀତି ପ୍ରାଧ୍ୟାପକ ଛାତ୍ରୀଙ୍କୁ ଅଶ୍ଳୀଳ ମେସେଜ୍ କରି ବିବାଦୀୟ ହୋଇଥିଲେ। ନିଜ ବିଭାଗର ଛାତ୍ରୀଙ୍କ ସହ ସମ୍ପୃକ୍ତ ପ୍ରାଧ୍ୟାପକଙ୍କ ଚାଟିଂର ସ୍କ୍ରିନ୍‌ସଟ୍ ପ୍ରଘଟ ହୋଇଥିଲା। ଏକାଧିକ ଛାତ୍ରୀଙ୍କ ସହ ସେ ଏଭଳି ଚାଟିଂ କରିଥିବା ଅଭିଯୋଗ କରିବା ସହ କାର୍ଯ୍ୟାନୁଷ୍ଠାନ ଦାବିରେ ଛାତ୍ରୀମାନେ ଆନ୍ଦୋଳନକୁ ଓହ୍ଲାଇଥିଲେ।

ଶିକ୍ଷାନୁଷ୍ଠାନରେ ଛାତ୍ରୀଙ୍କ ସୁରକ୍ଷା ଦିନକୁ ଦିନ ବିପନ୍ନ ହେଉଥିବାବେଳେ ଆଭ୍ୟନ୍ତରୀଣ ଅଭିଯୋଗ କମିଟି ବା ଆଇସିସି ମଧ୍ୟ ଗଠନ କରୁ ନାହାନ୍ତି। ରାଜ୍ୟର ଏକମାତ୍ର ମହିଳା ବିଶ୍ୱବିଦ୍ୟାଳୟ ସହ ଅନୁବନ୍ଧିତ ୪୮ଟି ମହିଳା ମହାବିଦ୍ୟାଳୟ ମଧ୍ୟରୁ ୨୪ଟିରେ ଗତ ଫେବୃଆରୀ ଶେଷ ସୁଦ୍ଧା ଆଇସିସି ଗଠନ ହୋଇ ନ ଥିଲା। ସେହିପରି ବହୁ ଉଚ୍ଚ ଶିକ୍ଷାନୁଷ୍ଠାନରେ ମଧ୍ୟ ଆଇସିସି ନାହିଁ। ଏଣୁ ଅନେକ ଅସଦାଚରଣ ଘଟଣା ପଦାକୁ ନ ଆସି ଚାପିହୋଇ ରହିଯାଉଛି। ଛାତ୍ର-ଶିକ୍ଷକ ସମ୍ପର୍କରେ କଳଙ୍କ ଲାଗୁଛି। ଅଧ୍ୟାପକଙ୍କ ବିରୋଧରେ ଅସଦାଚରଣ ଅଭିଯୋଗ ବଢୁଥିବାବେଳେ ତ୍ୱରିତ ଓ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ନେବାକୁ ଅଭିଭାବକ ଓ ଶିକ୍ଷାବିତ୍‌ମାନେ ଦାବି କରିଛନ୍ତି।

## ପୂର୍ବତନ ବିଧାୟକ ପ୍ରସନ୍ନ ପଟ୍ଟନାୟକଙ୍କ ପରଲୋକ

**ଶୋକ ବ୍ୟକ୍ତ କଲେ ବାଚସ୍ପତି, ମୁଖ୍ୟମନ୍ତ୍ରୀ ଓ ବିରୋଧୀ ଦଳ ନେତା**



କାମାକ୍ଷାନଗର, ୩୦।୫ (ସମିସ): କାମାକ୍ଷାନଗର ନିର୍ବାଚନମଣ୍ଡଳୀରୁ ୩ଥର ବିଧାୟକ ନିର୍ବାଚିତ ହୋଇଥିବା ପ୍ରସନ୍ନ କୁମାର ପଟ୍ଟନାୟକଙ୍କ ପରଲୋକ ହୋଇଛି। ଅସୁସ୍ଥତା ଯୋଗୁଁ କିଛି ଦିନ ଧରି ସେ ଭୁବନେଶ୍ୱରର ଏକ ଘରୋଇ ମେଡିକାଲରେ ଚିକିତ୍ସିତ ହେଉଥିଲେ। ଗୁରୁବାର ବିଳମ୍ବିତ ରାତିରେ ସେଠାରେ ତାଙ୍କର ଦେହାନ୍ତ ହୋଇଯାଇଥିଲା। ଶୁକ୍ରବାର ତାଙ୍କ ମରଶରୀର କାମାକ୍ଷାନଗରସ୍ଥିତ ବାସଭବନରେ ପହଞ୍ଚିବା ପରେ ବହୁ ବିଶିଷ୍ଟ ବ୍ୟକ୍ତିବିଶେଷ ଓ ସାଧାରଣ ଲୋକ ପ୍ରବଳ ବର୍ଷା ସତ୍ତ୍ୱେ ତାଙ୍କ ବାସଭବନରେ ପହଞ୍ଚି ଶେଷ ଦର୍ଶନ କରିବା ସହ ଶ୍ରଦ୍ଧାଞ୍ଜଳି ଦେଇଛନ୍ତି। ପୁରୀ ସ୍ୱର୍ଗଦ୍ୱାରରେ ତାଙ୍କ ଅନ୍ତିମ ସଂସ୍କାର କରାଯିବ ବୋଲି ସୂଚନା ମିଳିଛି।

ଏହି ଘଟଣାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ, ବାଚସ୍ପତି ସୁରମା ପାଢ଼ୀଙ୍କ ସମେତ ବହୁ ରାଜନୈତିକ ବ୍ୟକ୍ତିବିଶେଷ ନିଜର ଶୋକ ପ୍ରକଟ କରିଛନ୍ତି। ବାଚସ୍ପତି ଶ୍ରୀମତୀ ପାଢ଼ୀ ଏକ ଶୋକବାର୍ତ୍ତାରେ କହିଛନ୍ତି ଯେ ଜନସେବା କ୍ଷେତ୍ରରେ ସ୍ୱର୍ଗତ ପଟ୍ଟନାୟକଙ୍କ ବହୁମୂଲ୍ୟ ଅବଦାନ ସବୁଦିନ ପାଇଁ ମନେ ରହିବ। ଅମର ଆତ୍ମାର ସଦଗତି କାମନା କରିବା ସହ ଶୋକସନ୍ତପ୍ତ ପରିବାର ପ୍ରତି ସେ ଗଭୀର ସମବେଦନା ଜଣାଇଛନ୍ତି। ସେହିପରି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶୋକବ୍ୟକ୍ତ କରି କହିଛନ୍ତି ଯେ ଜଣେ କର୍ମଯୋଗୀ ନେତାଙ୍କୁ ଓଡ଼ିଶା ମାଟି ହରାଇଲା। ଶିକ୍ଷା, ସାମାଜିକ ସେବା ଏବଂ ରାଜନୈତିକ କ୍ଷେତ୍ରକୁ ଓଡ଼ିଶାର ପ୍ରଥମ ବିଜେପି ବିଧାୟକ ପ୍ରସନ୍ନ ପଟ୍ଟନାୟକଙ୍କ ଅବଦାନ ଅତୁଳନୀୟ। ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଶୋକବ୍ୟକ୍ତ କରି କହିଛନ୍ତି, ପରଲୋକ ଖବର ଶୁଣି ମୁଁ ଦୁଃଖିତ ଓ ମର୍ମାହତ। ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ତାଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରିବା ସହିତ ପରିବାରବର୍ଗଙ୍କୁ ଗଭୀର ସମବେଦନା ଜଣାଉଛି ବୋଲି ନିଜ ଏକ୍ସ ଆକାଉଣ୍ଟରେ ଉଲ୍ଲେଖ କରିଛନ୍ତି।

ଛାତ୍ର ଜୀବନରୁ ରାଜନୀତିରେ ବେଶ୍ ସକ୍ରିୟ ଥିବା ପ୍ରସନ୍ନ ୧୯୭୭ରେ ସିଧାସଳଖ ରାଜନୀତିରେ ପ୍ରବେଶ କରିଥିଲେ। ମାତ୍ର ୨୮ ବର୍ଷ ବୟସରେ ଜନତା ପାର୍ଟିରୁ ସେ ବିଧାନସଭାରେ କାମାକ୍ଷାନଗରକୁ ପ୍ରଥମଥର ପ୍ରତିନିଧିତ୍ୱ କରିଥିଲେ। ପରେ, ୧୯୮୫ରେ ବିଜେପି ଟିକଟରେ ପ୍ରାର୍ଥୀ ହୋଇ ରାଜ୍ୟର ପ୍ରଥମ ବିଜେପି ବିଧାୟକ ଭାବେ ବିଜୟୀ ହୋଇଥିଲେ। ୧୯୯୦ରୁ ୧୯୯୫ ପର୍ଯ୍ୟନ୍ତ ସେ ଜନତା ଦଳ ଟିକଟରେ ନିର୍ବାଚିତ ହୋଇଥିଲେ।

## ସୂଚନା ନ ଦେବା ଅଧିକାରୀଙ୍କୁ ମହଙ୍ଗା ପଡ଼ିଲା

**■ ଅବସର ପରେ ବି ହେଲେ ଦଣ୍ଡିତ ହେଲେ**

**■ ୧୦ ହଜାର ଟଙ୍କା ଜରିମାନା ଦେବାକୁ ନିର୍ଦ୍ଦେଶ**

ଭୁବନେଶ୍ୱର,୩୦।୫(ସମିସ): ସୂଚନା ଦେବାରେ ଟାଳଟୁଳ ନୀତି ଅବଲମ୍ବନ କରିବା ସୂଚନା ଅଧିକାରୀଙ୍କୁ ମହଙ୍ଗା ପଡ଼ିଛି। ଅଧିକାରୀଙ୍କ ଅବସର ପରେ ବି ସୂଚନା ଆୟୁକ୍ତଙ୍କ ପାଖରେ ଦୋଷୀ ସାବ୍ୟସ୍ତ ହୋଇଛନ୍ତି। ଏଥିପାଇଁ ୧୦ ହଜାର ଟଙ୍କାର ଦଣ୍ଡବିଧାନ ମଧ୍ୟ କରାଯାଇଛି। ଏହି ଜରିମାନା ରାଶି ତୁରନ୍ତ ଦାଖଲ କରିବାକୁ କୁହାଯାଇଛି। ଜରିମାନା ଅର୍ଥ ନ ଭରିଲେ, ତାଙ୍କ ସରକାରୀ ପ୍ରାପ୍ୟରୁ କାଟି ରଖିବାକୁ ବିଡିଓଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ଯାଜପୁର ଜିଲ୍ଲାରେ ଘଟିଛି ଏଭଳି ଘଟଣା। ଏହା ସାରା ଜିଲ୍ଲାରେ ଚର୍ଚ୍ଚାର ବିଷୟ ପାଲଟିଥିବାବେଳେ ସୂଚନା ଦେବାରେ ଅବହେଳା କରୁଥିବା ଅଧିକାରୀଙ୍କ ଭିତରେ ଛାନିଆ ପଶିଛି।

ସୂଚନାନୁସାରେ, ଯାଜପୁର ଜିଲ୍ଲା ଦିୱାନପାଟନାର ଅରୂପ କୁମାର ପତି ଗତ ୨୯ ଅକ୍ଟୋବର ୨୦୨୦ରେ କେତେକ ତଥ୍ୟ ପାଇଁ ଦଶରଥପୁର ବିଡିଓ କାର୍ଯ୍ୟାଳୟରେ ଆବେଦନ କରିଥିଲେ। ତତ୍‌କାଳୀନ ସୂଚନା ଅଧିକାରୀ ଏହାକୁ ନନ୍ଦିପୁର ଗ୍ରାମ ପଞ୍ଚାୟତ ସୂଚନା ଅଧିକାରୀଙ୍କ ନିକଟକୁ ହସ୍ତାନ୍ତର କରିଥିଲେ। ମାତ୍ର ଆବେଦନକାରୀଙ୍କୁ ସୂଚନା ଅଧିକାରୀ ରଞ୍ଜନ କୁମାର ବେହେରା ନିର୍ଦ୍ଧାରିତ ସମୟରେ ସୂଚନା ଦେଇନଥିଲେ। ଆବେଦନକାରୀ ସୂଚନା ଆୟୁକ୍ତଙ୍କ ନିକଟରେ ଅଭିଯୋଗ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ ପାଇଁ ଦାବି କରିଥିଲେ। ଏହାପରେ ଆୟୁକ୍ତ ସମ୍ପୃକ୍ତ ଅଧିକାରୀ ନୋଟିସ୍ କରିଥିଲେ। ମାତ୍ର ଶ୍ରୀ ବେହେରା ହାଜର ହୋଇ ନିଜର ପକ୍ଷ ରଖିନଥିଲେ। ପରବର୍ତ୍ତୀ ସମୟରେ ତାଙ୍କ ପକ୍ଷରେ ସେ ଉଲ୍ଲେଖ କରିଥିଲେ, କରୋନା ସମୟରେ ସେ ୩ଟି ପଞ୍ଚାୟତ ଦାୟିତ୍ୱରେ ଥିଲେ। ସୂଚନା ଦେବା ନିମିତ୍ତ ସେ ଆବେଦନକାରୀଙ୍କୁ ଫୋନ୍ ଯୋଗେ ଯୋଗାଯୋଗ କରିଥିଲେ ହେଁ ସମ୍ଭବ ହୋଇନଥିଲା। ପରେ ୨୦୨୧ ଏପ୍ରିଲ୍‌ରେ ଅଗ୍ନିକାଣ୍ଡ ଯୋଗୁଁ ସମସ୍ତ କାଗଜପତ୍ର ପୋଡ଼ି ଯାଇଥିଲା। ହେଲେ ରାଜ୍ୟ ସୂଚନା ଆୟୁକ୍ତ ସୁକାନ୍ତ କୁମାର ମହାନ୍ତି ପୂର୍ବତନ ଅଧିକାରୀଙ୍କ ଏହି କଥାକୁ ଗ୍ରହଣ କରିନଥିଲେ।

## ବିଧାୟକ ଯୋଗେଶ ସିଂହଙ୍କ ଅଟକକୁ ନିନ୍ଦାକଲା ବିଜେଡି

ଭୁବନେଶ୍ୱର,୩୦।୫(ସମିସ): ସୁନ୍ଦରଗଡ଼ ଜିଲ୍ଲା ହେମଗିରି ବ୍ଲକର ବରପାଲି ଗ୍ରାମରେ, ଅଙ୍ଗନବାଡ଼ି, ସ୍କୁଲ ଓ ଗ୍ରାମାଞ୍ଚଳ ରାସ୍ତାରେ କୋଇଲା ବୋଝେଇ ଟ୍ରକ ପରିବହନକୁ ବିରୋଧ କରି ଓ ନିକଟସ୍ଥ କୋଇଲା ସାଇଡିଂର ସ୍ଥାନାନ୍ତର ଦାବିରେ ଧାରଣାରେ ବସିଥିବା ସୁନ୍ଦରଗଡ଼ ସଦର ବିଧାୟକ ଯୋଗେଶ ସିଂହ ଓ ଅନ୍ୟ ୬୬ ଜଣ ଗ୍ରାମବାସୀଙ୍କୁ ପୁଲିସ ଉଠାଇନେଇ ଅଟକ ରଖିବା ଘଟଣାକୁ ବିଜୁ ଜନତା ଦଳ ନିନ୍ଦା କରିଛି। ଶଙ୍ଖ ଭବନ ଠାରେ ଆଜି ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର ଓ ଦଳର ମୁଖପାତ୍ର ତଥା ମିଡ଼ିଆ ସଂଯୋଜକ ଡଃ ଲେନିନ ମହାନ୍ତି କହିଛନ୍ତି, ଶାନ୍ତିପୂର୍ଣ୍ଣ ଭାବେ ଧାରଣାରେ ବସିଥିବା ଗ୍ରାମବାସୀ ଓ ବିଧାୟକଙ୍କୁ ଏପରି ଉଠାଇନେବା ସମ୍ପୂର୍ଣ୍ଣ ଭାବେ ଅଗଣତାନ୍ତ୍ରିକ। ଏହି ଅଞ୍ଚଳରେ ଏକ କୋଇଲା ସାଇଡିଂ ନିର୍ମାଣ କରାଯାଇ ଶହ ଶହ କୋଇଲା ବୋଝେଇ ଟ୍ରକ ଗ୍ରାମାଞ୍ଚଳ ରାସ୍ତା ଦେଇ ଯିବା ଆସିବା କରୁଛି। ଏହି ସାଇଡିଂ ନିର୍ମାଣ ପାଇଁ ଗ୍ରାମସଭା ଆୟୋଜନ ହୋଇନାହିଁ। ପ୍ରତିଦିନ ଶହ ଶହ କୋଇଲା ବୋଝେଇ ଟ୍ରକ ଗ୍ରାମାଞ୍ଚଳ ରାସ୍ତା ଦେଇ ଯିବା ଆସିବା କରୁଥିବାରୁ, ସ୍ଥାନୀୟ ବାସିନ୍ଦା ମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏଥିପାଇଁ, ସୁନ୍ଦରଗଡ଼ ବିଧାୟକ ଯୋଗେଶ ସିଂହ ଜିଲ୍ଲା ପ୍ରଶାସନର ଦୃଷ୍ଟି ଆକର୍ଷଣ କରିବା ସହିତ ଏହି ରାସ୍ତାର ଦାୟିତ୍ୱରେ ଥିବା ଗ୍ରାମ୍ୟ ଉନ୍ନୟନ ବିଭାଗର ଅଧୀକ୍ଷଣ ଯନ୍ତ୍ରୀଙ୍କୁ ଚିଠି ଲେଖି ଏହି ରାସ୍ତା କୋଇଲା ବୋଝେଇ ଟ୍ରକ ଯିବାପାଇଁ ଉପଯୋଗୀ ନୁହେଁ ବୋଲି ଜଣାଇଥିଲେ। ଶ୍ରୀ ମିଶ୍ର ଆହୁରି କହିଥିଲେ, ଏହି ସମ୍ବନ୍ଧରେ ଗ୍ରାମବାସୀଙ୍କ ତରଫରୁ ଓଡ଼ିଶା ଉଚ୍ଚ ନ୍ୟାୟାଳୟରେ ଏକ ମାମଲା ରୁଜୁ ହୋଇଥିଲା। ଯାହାର ଶୁଣାଣି ଆସନ୍ତା ଜୁନ ୨୫ ତାରିଖକୁ ଧାର୍ଯ୍ୟ ହୋଇଛି। ମାମଲା ଉଚ୍ଚ ନ୍ୟାୟାଳୟରେ ଶୁଣାଣି ହେବାକୁ ଥିବାବେଳେ ଓ ଗ୍ରାମବାସୀ ମାନେ ଶାନ୍ତିପୂର୍ଣ୍ଣ ଭାବେ ଆନ୍ଦୋଳନ କରୁଥିବା ବେଳେ, ଗ୍ରାମବାସୀଙ୍କ ସହ ଜଣେ ଲୋକ ପ୍ରତିନିଧିଙ୍କୁ ଯେଉଁଭଳି ଭାବେ ଉଠାଇ ନିଆଯାଇଛି, ତାହା ଗଣତନ୍ତ୍ର ପ୍ରତି କୁଠାରଘାତ। କାହା ଇଙ୍ଗିତରେ ଏହି ଅଗଣତାନ୍ତ୍ରିକ କାର୍ଯ୍ୟ ହୋଇଛି ତାହା ସ୍ପଷ୍ଟ ହେବା ଦରକାର ବୋଲି ଶ୍ରୀ ମିଶ୍ର ପ୍ରଶ୍ନ କରିଛନ୍ତି। ଡଃ ଲେନିନ ମହାନ୍ତି କହିଥିଲେ, ଜଣେ ଜନ ପ୍ରତିନିଧିଙ୍କୁ ଏପରି ଅଗଣତାନ୍ତ୍ରିକ ଭାବେ ଅଟକ ରଖିବାକୁ ବିଜୁ ଜନତା ଦଳ ତୀବ୍ର ନିନ୍ଦା କରୁଛି। ଗ୍ରାମବାସୀଙ୍କ ସ୍ୱାର୍ଥକୁ ଜଳାଞ୍ଜଳି ଦେଇ, ବେନିୟମ ଭାବେ ସାଇଡିଂ ନିର୍ମାଣ କାହା ସ୍ୱାର୍ଥରେ ବୋଲି ଡଃ ମହାନ୍ତି ପ୍ରଶ୍ନ କରିଛନ୍ତି।

**ରଥଯାତ୍ରା ଖର୍ଚ୍ଚ ୩୪ କୋଟି**

## ମାଉସୀ ମା'ର ପୋଡ଼ପିଠା ପାଇଁ ଟଙ୍କା ନିଅଣ୍ଟ



**ପୋଡ଼ପିଠା ବାବଦ ଖେଇ ମିଳୁଛି ୩୫୦୦ ଟଙ୍କା**

**ଅର୍ଥରାଶି ବୃଦ୍ଧିକୁ ଶ୍ରୀମନ୍ଦିର ପ୍ରଶାସନର ଅଣଦେଖା**

ପୁରୀ, ୩୦।୫ (ସମିସ): ରଥଯାତ୍ରା ପାଇଁ ପ୍ରତିବର୍ଷ ବଜେଟ୍ ବଢୁଛି। ଗତବର୍ଷ ଏହା ୨୩କୋଟିରେ ସୀମିତ ଥିବା ବେଳେ ଏବର୍ଷ ୩୪କୋଟିରେ ପହଞ୍ଚିଛି। ଅର୍ଥାତ୍ ଗୋଟିଏ ବର୍ଷରେ ବଜେଟ୍ ବଢ଼ିଛି ୧୧କୋଟି। କିନ୍ତୁ ରଥଯାତ୍ରାର ଗୋଟିଏ ଅଂଶ ମାଉସୀ ମା'ର ପୋଡ଼ପିଠା ପାଇଁ ଖର୍ଚ୍ଚ ବଢୁନି। ୨୦୧୫ରେ ଛେନା, ଘିଅ, ଚିନି ଆଦି ଦାମ୍ ଯାହା ଥିଲା, ତାହା ହିଁ ରହିଛି। ୧୦ବର୍ଷରେ କୌଣସି ସାମଗ୍ରୀର ଖର୍ଚ୍ଚ ବଢ଼ିନି। ଏକଥା ଆମେ କହୁନୁ; କହୁଛି ଶ୍ରୀମନ୍ଦିର ପ୍ରଶାସନ। ପ୍ରତିବର୍ଷ ସେବକଙ୍କ ପ୍ରାପ୍ୟ ପାଉଣା ଏବଂ ଖେଇ ବଢ଼ି ଚାଲିଥିବା ବେଳେ ମାଉସୀ ମା'ଙ୍କ ସ୍ନେହର ପୋଡ଼ପିଠା ପ୍ରତି କିନ୍ତୁ ଅବହେଳା ଏବଂ ଅଣଦେଖା କରାଯାଉଛି। ପ୍ରତିବର୍ଷ ମନ୍ଦିର ପକ୍ଷରୁ ଶ୍ରୀମନ୍ଦିର ନୀତି ପ୍ରଶାସକଙ୍କୁ ଖେଇ ବୃଦ୍ଧି ପାଇଁ ଚିଠି କରାଯାଉଛି। ହେଲେ, ନୀତି ପ୍ରଶାସକ ସାଜିଛନ୍ତି ନିଦାବିଷ୍ଣୁ। ତଥାପି, ପୋଡ଼ପିଠା ମାନରେ କି ପରିମାଣରେ ହ୍ରାସ କରାଯାଉନି ବରଂ ଚାହିଦାକୁ ଦେଖି ବଢ଼ିବଢ଼ି ଚାଲିଛି।

ମହାପ୍ରଭୁ ହେଉଛନ୍ତି ଭୋଜନପ୍ରିୟ। ସେଥିପାଇଁ ଠାକୁରଙ୍କ ନିକଟରେ ଷାଠିଏ ପଉଟି ଭୋଗ ଓ ଛପନ ପ୍ରକାର ବ୍ୟଞ୍ଜନର ବ୍ୟବସ୍ଥା ରହିଛି। ତଥାପି ପିଠା ଖାଇବା ପାଇଁ ମହାପ୍ରଭୁଙ୍କର ଥାଏ ବିଶେଷ ଅଭିରୁଚି। ଭାଦ୍ରବ ଅମାବାସ୍ୟା ପୂର୍ବଦିନ ମହାପ୍ରଭୁ ଦେବୀ ଦକ୍ଷିଣକାଳୀଙ୍କୁ ଆଜ୍ଞାମାଳ ଦେଇ ସାତପୁରୀ ପିଠା କରିବା ପାଇଁ ଆଜ୍ଞା ଦେଇଥା'ନ୍ତି। ତାଙ୍କ ଆଜ୍ଞାକୁ ପାଳନ କରି ମା' ଦକ୍ଷିଣକାଳୀ ଅମାବାସ୍ୟା ଦିନ ତିନିଟି ତାଡ଼ରେ ୭ ପ୍ରକାର ପୂରଦିଆ ସୁଆଦିଆ ପିଠା ପ୍ରସ୍ତୁତ କରି ମହାପ୍ରଭୁଙ୍କୁ ଖୁଆଇଥା'ନ୍ତି। ସେହିପରି ମକର ସଂକ୍ରାନ୍ତି ଦିନ ସ୍ୱୟଂ ମହାଲକ୍ଷ୍ମୀ ୮୪ପ୍ରକାରର ପିଠା ପ୍ରସ୍ତୁତ କରି ମହାପ୍ରଭୁଙ୍କୁ ମଣୋହି କରାଇଥା'ନ୍ତି। ଏହାବ୍ୟତୀତ ପ୍ରତିଦିନ ବିଭିନ୍ନ ପ୍ରକାର ପିଠା ଠାକୁରଙ୍କୁ ଭୋଗ ଲାଗିଥାଏ। ଏହା ସତ୍ତ୍ୱେ ମାଉସୀ ମା'ଙ୍କଠାରୁ ପୋଡ଼ପିଠା ଖାଇବା ପାଇଁ ଅପେକ୍ଷା କରିଥା'ନ୍ତି ମହାପ୍ରଭୁ। ଶ୍ରୀଗୁଣ୍ଡିଚା ଯାତ୍ରାରେ ଯାଇ ବାହୁଡ଼ିବା ବେଳେ ମହାପ୍ରଭୁ ମାଉସୀ ମା' ଘରେ ପୋଡ଼ପିଠା ଖାଇ ଶ୍ରୀମନ୍ଦିର ଫେରିଥା'ନ୍ତି ବୋଲି ଜନଶ୍ରୁତି ରହିଛି। ମହାପ୍ରଭୁଙ୍କ ମାନବୀୟ ଲୀଳାରେ ଏହି ପରମ୍ପରା କେଉଁ ଅନାଦି କାଳରୁ ରହିଆସିଛି।

ପ୍ରତିବର୍ଷ ହେରାପଞ୍ଚମୀଠାରୁ ମାଉସୀ ମା' ମନ୍ଦିରରେ ପୋଡ଼ପିଠା ପ୍ରସ୍ତୁତି ଆରମ୍ଭ ହୋଇଥାଏ। ଛେନା, ଅଟା, ଚିନି, ଲବଙ୍ଗ, ପିସ୍ତାବାଦାମ ଏବଂ ଦେଶୀ ଗାଈ ଘିଅ ମିଶାଯାଇ ଏକ ମିଶ୍ରଣ ପ୍ରସ୍ତୁତ କରାଯାଇଥାଏ। ବାହୁଡ଼ା ଦିନ ରଥ ମାଉସୀ ମା' ମନ୍ଦିର ନିକଟରେ ଅଟକିବା ପରେ ପୂଜାପଣ୍ଡା ସାମନ୍ତ ଆସି ମାଉସୀ ମା' ନିକଟରେ ଭୋଗ କରିବା ପରେ ରଥାରୂଢ଼ ଠାକୁରଙ୍କୁ ଏହାକୁ ସମର୍ପଣ କରିଥା'ନ୍ତି। ଏହାକୁ ସର୍ପମଣୋହୀ ଭୋଗ କୁହାଯାଏ। ବର୍ଷକୁ ଥରେ ଏହି ପୋଡ଼ପିଠା ମିଳୁଥିବାରୁ ଏହାକୁ ପାଇବା ପାଇଁ ଭକ୍ତଙ୍କ ମଧ୍ୟରେ ନାହିଁ ନ ଥିବା ଆଗ୍ରହ ଦେଖିବାକୁ ମିଳେ।

ପୋଡ଼ପିଠା ପ୍ରସ୍ତୁତି ପାଇଁ ପୂର୍ବରୁ ମାତ୍ର ୫୦୦ ଟଙ୍କା ଶ୍ରୀମନ୍ଦିର ପ୍ରଶାସନ ଖେଇ ଆକାରରେ ଦେଉଥିଲା। ୨୦୧୫ନବକଳେବର ବର୍ଷ ଏହି ଖେଇ ଅର୍ଥ ୩୫୦୦ ଟଙ୍କାକୁ ବୃଦ୍ଧି କରାଯାଇଥିଲା। ଇତିମଧ୍ୟରେ ୧୦ବର୍ଷ ବିତିଗଲାଣି; ପୋଡ଼ପିଠା ପାଇଁ ଆବଶ୍ୟକ ସାମଗ୍ରୀ ଯଥା- ଛେନା, ଶୁଦ୍ଧ ଘିଅ, ଲବଙ୍ଗ, ଅଳେଇଚ, ଅଟା, ପିସ୍ତା, ଜାଳେଣୀ କାଠର ଦରବୃଦ୍ଧି ପାଉଥିଲେ ମଧ୍ୟ ଖେଇ ରାଶି ବଢୁନି। ଏନେଇ ପ୍ରତିବର୍ଷ ମାଉସୀ ମା' ମନ୍ଦିର ପକ୍ଷରୁ ଶ୍ରୀମନ୍ଦିର ନୀତି ପ୍ରଶାସକଙ୍କୁ ପୋଡ଼ପିଠା ବାବଦ ଖେଇ ଅର୍ଥ ବୃଦ୍ଧି ପାଇଁ ଚିଠି କରାଯାଉଛି। ଅତି କମ୍‌ରେ ୨୦ହଜାର ଟଙ୍କା ଖର୍ଚ୍ଚ ହେଉଛି। ତଥାପି ଭକ୍ତଙ୍କ ଚାହିଦା ପୂରଣ ହୋଇପାରୁନାହିଁ। ତେଣୁ ଏ ବାବଦ ଅର୍ଥରାଶି ବୃଦ୍ଧି କରାଗଲେ ଅଧିକ ପରିମାଣର ପୋଡ଼ପିଠା ପ୍ରସ୍ତୁତ କରାଯାଇ ଶ୍ରଦ୍ଧାଳୁଙ୍କୁ ପ୍ରଦାନ କରାଯାଇପାରନ୍ତା ବୋଲି ଅନୁରୋଧ କରାଯାଉଛି। ହେଲେ ନୀତି ପ୍ରଶାସକ କିଛି ଶୁଣୁନାହାନ୍ତି। ଯେଉଁଠି ରଥଯାତ୍ରା ପାଇଁ ୩୪ କୋଟି ଟଙ୍କା ଖର୍ଚ୍ଚ କରାଯାଉଛି, ସେଠି ମାଉସୀ ମା'ର ପୋଡ଼ପିଠା ପାଇଁ ଟଙ୍କା ନିଅଣ୍ଟ ପଡ଼ିବା ହାସ୍ୟାସ୍ପଦ ବୋଲି ଚର୍ଚ୍ଚା ହେଉଛି।

## ନିଶ୍ଚିନ୍ତକୋଇଲି ବ୍ଲକ ଅଧ୍ୟକ୍ଷାଙ୍କ ବିରୋଧରେ ଅନାସ୍ଥା ଖାରଜ

ଭୁବନେଶ୍ୱର, ୩୦।୫ (ସମିସ): ନିଶ୍ଚିନ୍ତକୋଇଲି ପଞ୍ଚାୟତ ସମିତି ଅଧ୍ୟକ୍ଷା ରୋଜୀ ସେଠୀଙ୍କ ବିରୋଧରେ ଆସିଥିବା ଅନାସ୍ଥା ପ୍ରସ୍ତାବ କାଟ୍ ଖାଇଛି। କୋରମ୍ ଅଭାବରୁ ଏହି ଅନାସ୍ଥା ପ୍ରସ୍ତାବ ଖାରଜ ହୋଇଯାଇଛି। ସମୁଦାୟ ୮୬ ଜଣ ସଦସ୍ୟଙ୍କ ମଧ୍ୟରୁ କେବଳ ୬ଜଣ ଆଜିର ଅନାସ୍ଥା ବୈଠକରେ ଉପସ୍ଥିତ ରହିବାରୁ ଏହି ଅନାସ୍ଥା କାଟ୍ ଖାଇବା ସହ ବିଜୁ ଜନତା ଦଳ ସମର୍ଥିତ ବ୍ଲକ ଅଧ୍ୟକ୍ଷା ଶ୍ରୀମତୀ ସେଠୀ ନିଜ ପଦବୀ ବଜାୟ ରଖିଛନ୍ତି ବୋଲି ବିଜେଡି ଗଣମାଧ୍ୟମ ସଂଯୋଜକ ତଥା ମୁଖପାତ୍ର ଡଃ ଲେନିନ୍ ମହାନ୍ତି ସୂଚନା ଦେଇଛନ୍ତି।

ଡଃ ମହାନ୍ତି କହିଛନ୍ତି ଯେ ମାହାଙ୍ଗା ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ନିଶ୍ଚିନ୍ତକୋଇଲି ପଞ୍ଚାୟତ ସମିତିରେ ରାଜନୈତିକ ଅସ୍ଥିରତା ସୃଷ୍ଟି କରିବା ପାଇଁ ଉଦ୍ୟମ ହୋଇ ଆସୁଥିଲା। ସ୍ୱାଧୀନ ବିଧାୟକ ସାରଦା ପ୍ରଧାନଙ୍କ ଚାପରେ ଆଗତ ଅନାସ୍ଥା ପ୍ରସ୍ତାବ ପାଇଁ ମେ' ୧୩ ତାରିଖରେ ଦିନ ଧାର୍ଯ୍ୟ ହୋଇଥିଲେ ମଧ୍ୟ ଆବଶ୍ୟକ ସମର୍ଥନ ଜୁଟାଇ ନ ପାରିବା କାରଣରୁ କିଛି ସଦସ୍ୟଙ୍କ ସ୍ୱାସ୍ଥ୍ୟ ଖରାପ ଆଳ ଦେଖାଇ ଏହାକୁ ଷଡ଼ଯନ୍ତ୍ର ପୂର୍ବକ ଘୁଞ୍ଚାଇ ଦିଆଯାଇଥିଲା। ଆଜି ନିର୍ବାଚନ ଅଧିକାରୀ ଅନାସ୍ଥା ପ୍ରସ୍ତାବ ଆଲୋଚନା ପାଇଁ ଦିନ ଧାର୍ଯ୍ୟ କରିଥିଲେ। କିନ୍ତୁ ଅନାସ୍ଥା ପ୍ରସ୍ତାବ ଆଗତ କରିଥିବା ସଭ୍ୟସଭ୍ୟାମାନେ ମଧ୍ୟ ବୈଠକରେ ଉପସ୍ଥିତ ରହି ନ ଥିଲେ। ୮୬ ଜଣ ଭୋଟରଙ୍କ ମଧ୍ୟରୁ କେବଳ ୬ଜଣ ଉପସ୍ଥିତ ଥିବା କାରଣରୁ ଅନାସ୍ଥା ପ୍ରସ୍ତାବ ଆଲୋଚନା ହୋଇପାରିଲା ନାହିଁ। ଡଃ ମହାନ୍ତି ଆହୁରି ମଧ୍ୟ କହିଛନ୍ତି ଯେ ପଞ୍ଚାୟତ ସମିତିରେ ବେନିୟମ ଓ ଦୁର୍ନୀତି କରିବା ପାଇଁ ବିଧାୟକ ସାରଦା ପ୍ରଧାନଙ୍କ ଚାପ ଆଗରେ ମୁଣ୍ଡ ନ ନୁଆଁଇବାରୁ ଅଧ୍ୟକ୍ଷା ଶ୍ରୀମତୀ ସେଠୀଙ୍କ ବିରୋଧରେ ଏହି ଅନାସ୍ଥା ପ୍ରସ୍ତାବ ଆଗତ କରାଯାଇଥିଲା। କିନ୍ତୁ ନିଶ୍ଚିନ୍ତକୋଇଲି ପଞ୍ଚାୟତ ସମିତିର ପିଆର୍‌ଆଇ ସଦସ୍ୟମାନେ ବିଧାୟକଙ୍କ ଏହି ଷଡ଼ଯନ୍ତ୍ରକୁ ବୁଝିପାରି ଅନାସ୍ଥା ପ୍ରସ୍ତାବ ସପକ୍ଷରେ ଭୋଟ ଦାନରୁ ବିରତ ରହିଲେ।

## ଆଜିର ରାଶିଫଳ

**ମେଷ:** ଦିନଟି ଶୁଭଫଳ ପ୍ରଦାନ କରିବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ମନ ପ୍ରସନ୍ନ ରହିବ। ଜୀବନସାଥୀଙ୍କ ବ୍ୟବହାରରେ ଖୁସି ହେବେ। ପ୍ରେମ ସମ୍ବନ୍ଧ ମଜଭୁତ ହେବ।

**ବୃଷ:** ବିବାହ ପ୍ରସ୍ତାବ ସ୍ଥିର ହେବ। ସମାଜରେ ପ୍ରତିଷ୍ଠା ବଢ଼ିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। କୋର୍ଟ ମାମଲାରେ ସଫଳତା ହାସଲ କରିବେ। ମହିଳାମାନେ କିଣାକିଣିରେ ଅଧିକ ଖର୍ଚ୍ଚ କରିବେ।

**ମିଥୁନ:** ରାଜନୀତିରେ ସଫଳତା ମିଳିବ। ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ବାଦବିବାଦ ତଥା ଧାରକରଜରୁ ଦୂରେଇ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ।

**କର୍କଟ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ବ୍ୟବସାୟ ଜନିତ ସମସ୍ୟାର ସମାଧାନ ହେବ। ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ମିଳିବ। ଏକାଗ୍ରତାର ସହ କାମ କରିବେ। ସନ୍ତାନ ସୁଖ ପ୍ରାପ୍ତ ହେବ।

**ସିଂହ:** ବନ୍ଧୁ ମିଳନ ଯୋଗ ଅଛି। ଘରେ ପୂଜାପାଠ ଆୟୋଜନ କରିବେ। ପ୍ରେମ ସମ୍ବନ୍ଧରେ ତିକ୍ତତା ଦେଖା ଦେବ। ଜୀବନସାଥୀଙ୍କଠାରୁ ଉପହାର ପାଇବେ। କାର୍ଯ୍ୟକ୍ଷେତ୍ରରେ ସମସ୍ୟା ଦୂର ହେବ।

**କନ୍ୟା:** ଭାଇଭଉଣୀଙ୍କ ମଧ୍ୟରେ ଭୁଲ ବୁଝାମଣା ଦୂର ହେବ। ସକାରାତ୍ମକ ଚିନ୍ତାଧାରାରେ କାର୍ଯ୍ୟ କରିବେ। ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ। ଛାତ୍ରଛାତ୍ରୀଙ୍କୁ ପରିଶ୍ରମର ଉଚିତ ଫଳ ମିଳିବ।

**ତୁଳା:** ବୁଝିବିଚାରି ନିଷ୍ପତ୍ତି ନିଅନ୍ତୁ। କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସରକାରୀ ଚାକିରି ପାଇଁ ସମୟ ଲାଗିବ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଦାମ୍ପତ୍ୟ ଜୀବନରେ ମତଭେଦ ସୃଷ୍ଟି ହେବ।

**ବିଛା:** ଅଫିସ୍ କାର୍ଯ୍ୟ ଠିକ୍ ସମୟରେ ପୂରା କରିବେ। ବରିଷ୍ଠ ଅଧିକାରୀ କାମ ପାଇଁ ପ୍ରଶଂସା କରିବେ। ଗରିବ ଲୋକଙ୍କୁ ସାହାଯ୍ୟ କରିବେ। ତୈଳାକ୍ତ ଖାଦ୍ୟ ପଦାର୍ଥରୁ ଦୂରେଇ ରହିବେ।

**ଧନୁ:** ଶାନ୍ତ ମନରେ କାର୍ଯ୍ୟ କରିବେ। ବ୍ୟବସାୟରେ ସଫଳ ହେବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ଆର୍ଥିକ ସ୍ଥିତି ମଜଭୁତ ହେବ। ପରିବାର ସଦସ୍ୟଙ୍କୁ ସମୟ ଦେବେ।

**ମକର:** ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉପରେ ବନ୍ଧୁଙ୍କ ସହ ଆଲୋଚନା କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଧାର୍ମିକ ସ୍ଥାନକୁ ଯାତ୍ରା କରିବେ।

**କୁମ୍ଭ:** ଇଚ୍ଛା ପୂରଣ ହେବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ବିରୋଧୀଙ୍କଠାରୁ ଦୂରେଇ ରହିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

**ମୀନ:** ମନ ପ୍ରସନ୍ନ ରହିବ। ନୂଆ ଯୋଜନା ସହ କାମ ଆରମ୍ଭ କରିବେ। ଆର୍ଥିକ ସ୍ଥିତିରେ ସୁଧାର ଆସିବ। ସାଙ୍ଗସାଥୀଙ୍କ ସହିତ ସମୟ ଅତିବାହିତ କରିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

## ଆଜିର ଇତିହାସ

- ୧୭୨୫-ଭାରତୀୟ ବୀରରମଣୀ ଅହଲ୍ୟାବାଈ ହୋଲ୍‌କରଙ୍କ ଜନ୍ମ।
- ୧୯୫୯- ତିବ୍ବତୀୟ ଧର୍ମଗୁରୁ ଦଲାଇଲାମା ଭାରତରେ ଶରଣ ନେଲେ।
- ୧୯୬୪- ବମ୍ବେରେ ଇଲେକ୍ଟ୍ରିକ୍ ଟ୍ରାମ୍ ଶେଷଥର ପାଇଁ ଚାଲିଲା।
- ୧୯୯୬- ବେଞ୍ଜାମିନ୍ ନେତାନ୍ୟାହୁ ଇସ୍ରାଏଲର ପ୍ରଧାନମନ୍ତ୍ରୀ ହେଲେ।
- ୨୦୦୮ - ବିଶ୍ୱର ମହାନ୍ ସ୍ପ୍ରିଣ୍ଟର୍ ଉସେନ୍ ବୋଲ୍ଟ ୯.୭୨ ସେକେଣ୍ଡରେ ୧୦୦ ମିଟର ଦୌଡ଼ି ବିଶ୍ୱ ରେକର୍ଡ କଲେ।

## ଧୂଆଁ ନେଉଛି ଜୀବନ
# ବିଶ୍ୱ ତମାଖୁ ବର୍ଜନ ଦିବସ




ସ୍ୱାସ୍ଥ୍ୟ ଉପରେ ତମାଖୁର କୁପ୍ରଭାବ ବିଷୟରେ ଲୋକଙ୍କୁ ସଚେତନ କରିବା ଉଦ୍ଦେଶ୍ୟରେ ପ୍ରତିବର୍ଷ ମେ ୩୧ ତାରିଖକୁ 'ବିଶ୍ୱ ତମାଖୁ ବର୍ଜନ ଦିବସ' ବା 'ୱାର୍ଲଡ୍ ନୋ ଟୋବାକୋ ଡେ' ଭାବେ ପାଳନ କରାଯାଏ। ତମାଖୁ ସେବନ ଏବେ ଏକ ଗୁରୁତର ସ୍ୱାସ୍ଥ୍ୟ ସମସ୍ୟା ଭାବେ ଉଭା ହେବା ସହ ଏହା ବାର୍ଷିକ ଲକ୍ଷ ଲକ୍ଷ ଲୋକଙ୍କ ମୃତ୍ୟୁର କାରଣ ପାଲଟିଛି। ତମାଖୁ ସେବନର ବ୍ୟାପକତା ଓ ଜନସ୍ୱାସ୍ଥ୍ୟ ଉପରେ ଏହାର ନକାରାତ୍ମକ ପ୍ରଭାବକୁ ଦୃଷ୍ଟିରେ ରଖି ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ୧୯୮୭ ମସିହାରୁ ତମାଖୁ ବର୍ଜନ ଦିବସ ପାଳନର ପରିକଳ୍ପନା କରିଥିଲା। ୧୯୮୮ ମସିହା ମେ ୩୧ ତାରିଖରେ ପ୍ରଥମ ବିଶ୍ୱ ତମାଖୁ ବର୍ଜନ ଦିବସ ପାଳିତ ହୋଇଥିଲା। ତମାଖୁ ସେବନ ନିୟନ୍ତ୍ରଣ ପାଇଁ ଆଗୁଆ ପଦକ୍ଷେପ ଗ୍ରହଣ କରିବା ଏବଂ ଧୂମପାନ କରୁଥିବା ବ୍ୟକ୍ତିଙ୍କୁ ଏଥିରୁ ନିବୃତ୍ତ ରହିବାରେ ସାହାଯ୍ୟ କରିବା ଏହି ଦିବସ ପାଳନ କରିବାର ଲକ୍ଷ୍ୟ ଓ ଉଦ୍ଦେଶ୍ୟ। ଲୋକଙ୍କୁ ତମାଖୁ ସେବନ ଜନିତ ସ୍ୱାସ୍ଥ୍ୟ ସମସ୍ୟା, ଏହାର ଭୟାବହତା ଏବଂ ଏଥିରୁ ଦୂରେଇ ରହିବା ପାଇଁ ସଚେତନତା ସୃଷ୍ଟି କରିବା ହେଉଛି ଏହି ଦିବସର ମୂଳ ଉଦ୍ଦେଶ୍ୟ। ତମାଖୁ ସେବନ ଶରୀର ପ୍ରତି କ୍ଷତିକାରକ ଥିଲେ ମଧ୍ୟ କିଛି ଲୋକ ଜାଣିଶୁଣି ଏହାକୁ ସେବନ କରୁଛନ୍ତି, ଆଉ କିଛି ଲୋକ ସଚେତନତାର ଅଭାବ ଯୋଗୁ ଖରାପ ପ୍ରଭାବ ବିଷୟରେ ଜାଣି ନ ପାରି ସେବନ କରୁଛନ୍ତି। ତମାଖୁ ଦ୍ୱାରା ଆମ ଶରୀରରେ ଅନେକ ପ୍ରାଣଘାତୀ ରୋଗ ହୋଇଥାଏ। ଏହାଦ୍ୱାରା କର୍କଟ, ହୃଦ୍‌ରୋଗ, ଶ୍ୱାସରୋଗ ଆଦି ରୋଗ ହେବା ଆଶଙ୍କା ଥାଏ। ତମାଖୁ କେବଳ ଆମର ସ୍ୱାସ୍ଥ୍ୟ ନୁହେଁ, ବରଂ ପରିବେଶକୁ କ୍ଷତିଗ୍ରସ୍ତ କରିଥାଏ। ଏଥିରେ ମୁଖ୍ୟ ରସାୟନ ହେଉଛି ନିକୋଟିନ୍। ଯାହାର ଅତ୍ୟଧିକ ସେବନ ସ୍ୱାସ୍ଥ୍ୟ ପାଇଁ ହାନିକାରକ। ଗର୍ଭସ୍ଥ ଶିଶୁର ସ୍ୱାସ୍ଥ୍ୟ ଉପରେ ମଧ୍ୟ ଏହା ପ୍ରଭାବ ପକାଇଥାଏ। ଗର୍ଭପାତ, ସମୟ ପୂର୍ବରୁ ଜନ୍ମ ଓ ମୃତ ଛୁଆ ମଧ୍ୟ ଜନ୍ମ ହେବାର ଆଶଙ୍କା ରହିଛି। ଅନ୍ୟପଟେ କ୍ରମାଗତ ତମାଖୁ ସେବନ ଦ୍ୱାରା ମଣିଷର ପ୍ରତିଟି ଅଙ୍ଗ ପ୍ରଭାବିତ ହୁଏ। ଯାହାଫଳରେ ବ୍ୟକ୍ତି ମୃତ୍ୟୁମୁଖରେ ପଡ଼େ। ଏ ଦୃଷ୍ଟିରୁ ଏହାକୁ 'ନିରବ ଘାତକ' ବୋଲି ମଧ୍ୟ କୁହାଯାଏ। ତମାଖୁର ହାନିକାରକ ପ୍ରଭାବ କେବଳ ଧୂମପାନ କରୁଥିବା ବ୍ୟକ୍ତିଙ୍କ ମଧ୍ୟରେ ସୀମିତ ନାହିଁ; ଯେଉଁ ଲୋକେ ଏହାକୁ ସେବନ ନ କରି ମଧ୍ୟ ଧୂଆଁ ସଂସ୍ପର୍ଶରେ ଆସୁଛନ୍ତି ସେମାନଙ୍କର ମଧ୍ୟ ହୃଦ୍‌ରୋଗ, ଶ୍ୱାସକ୍ରିୟାରେ ସମସ୍ୟା, କର୍କଟରେ ଆକ୍ରାନ୍ତ ହେବା ଆଶଙ୍କା ରହୁଛି। ପ୍ରତିବର୍ଷ ଏହି ଦିବସ ପାଇଁ ଏକ ସ୍ୱତନ୍ତ୍ର ଥିମ୍ ରହିଥାଏ। ଚଳିତ ବର୍ଷ ଏହି ଦିବସର ଥିମ୍ ରହିଛି, "Unmasking the Appeal: Exposing Industry Tactics on Tobacco and Nicotine Products."

## ପ୍ରକୃତ ମାନବତା
# ଖରାରୁ ବଳଦକୁ ଦେଲେ ସୁରକ୍ଷା

ଏକଦା ଗ୍ରାମାଞ୍ଚଳରେ ଯାତାୟତ ଏବଂ ଜିନିଷ ପରିବହନର ମାଧ୍ୟମ ଥିଲା ବଳଦ ଗାଡ଼ି। ଏବେ କାଁ ଭାଁ ବଳଦ ଗାଡ଼ି ଦେଖିବାକୁ ମିଳୁଛି। ଏହାରି ଭିତରେ ସାମାଜିକ ଗଣମାଧ୍ୟମରେ ଏମିତି ଏକ ବଳଦ ଗାଡ଼ିର ଫଟୋ ସେୟାର୍ କରାଯାଇଛି; ଯାହାକି ଚର୍ଚ୍ଚାର ପ୍ରସଙ୍ଗ ହେବା ସହ ସମସ୍ତଙ୍କ ଦୃଷ୍ଟିଆକର୍ଷଣ କରିଛି। ତେବେ ଏହି ଫଟୋଟି ମାନବତା ଏବଂ ପ୍ରାଣୀଙ୍କ ପ୍ରତି ସମ୍ବେଦନଶୀଳତାର ଏକ ସୁନ୍ଦର ଉଦାହରଣ ସୃଷ୍ଟି କରିଛି। ସେହିପରି ବଳଦ ଗାଡ଼ି ଉପରେ ବନ୍ଧା ଯାଇଥିବା ଅଖା ହେଉଛି ଏହାର ମୁଖ୍ୟ ଆକର୍ଷଣ। କାରଣ ବଳଦଟିକୁ ଖରାରୁ ସୁରକ୍ଷା ଦେବା ଲାଗି ଏହି ବ୍ୟବସ୍ଥା କରାଯାଇଛି। ଅନ୍ୟପଟେ ବଳଦଗାଡ଼ି ମାଲିକଙ୍କ ଏହି ବ୍ୟବସ୍ଥାକୁ ଦେଖି ତାଙ୍କର ଖୁବ୍ ପ୍ରଶଂସା କରାଯାଉଛି। ଫଟୋରୁ ଦେଖିବାକୁ ମିଳୁଛି ଯେ, ବଳଦଗାଡ଼ିରେ ବାଉଁଶ ଲାଗିଛି ଏବଂ ଏହା ଉପରେ ଅଖାକୁ ବନ୍ଧା ଯାଇଛି। ଯେଉଁଭଳି ଏହା ବଳଦକୁ ଖରାରୁ ଛାୟା ପ୍ରଦାନ କରିବ। ଅବଶ୍ୟ ଏହି ବ୍ୟବସ୍ଥା ଯୋଗୁଁ ଖରାରେ ବି ବଳଦଟି ଗାଡ଼ିକୁ ଆରାମରେ ଟାଣିପାରିବ ବୋଲି କୁହାଯାଉଛି। ଅନ୍ୟପଟେ ଏହି ବ୍ୟବସ୍ଥା ପ୍ରକୃତ ମାନବତାର ଉଦାହରଣ ସୃଷ୍ଟି କରିଛି। ସେହିପରି ପ୍ରାଣୀଙ୍କୁ କେବଳ କାମରେ ନୁହେଁ, ବରଂ ସେମାନଙ୍କର ଯତ୍ନ ନେବା ଦରକାର ବୋଲି ଲୋକେ କହିଛନ୍ତି।



# ଦୀପିକାଙ୍କ ଉପରେ ଖପ୍ପା ସନ୍ଦୀପ



ବଲିଉଡ୍ ଅଭିନେତ୍ରୀ ଦୀପିକା ପାଦୁକୋନ୍ ସବୁବେଳେ ବିବାଦରୁ ଦୂରେଇ ରହିଥାନ୍ତି। ଏବେ କିନ୍ତୁ ଦୀପିକାଙ୍କ ନାମ ଏକ ବଡ଼ ବିବାଦ ମଧ୍ୟରେ ଛନ୍ଦି ହୋଇଯାଇଛି। ସନ୍ଦୀପ ରେଡ୍ଡି ଭାଙ୍ଗାଙ୍କ ଅଭିନୀତ 'ସ୍ପିରିଟ୍'ରୁ ଦୀପିକାଙ୍କୁ ବାଦ୍ ଦିଆଯାଇଛି ବୋଲି ନିକଟରେ କିଛି ଗଣମାଧ୍ୟମ ରିପୋର୍ଟରେ ପ୍ରକାଶ ପାଇଥିଲା। ଏହାପରେ ଫିଲ୍ମର କାହାଣୀ ଲିକ୍ ହୋଇଥିବା ଚର୍ଚ୍ଚା ହେବାକୁ ଲାଗିଲା। ଏଥିପାଇଁ ସନ୍ଦୀପ ଏବେ ଦୀପିକାଙ୍କ ଉପରେ ଖପ୍ପା। ଏଥିପାଇଁ ସେ ଦୀପିକା ଏବଂ ତାଙ୍କ ପିଆର୍ ସଂସ୍ଥାକୁ ଦାୟୀ କରିଛନ୍ତି। ସନ୍ଦୀପ ଦୀପିକାଙ୍କ ନାଁ ନ ନେଇ ଟ୍ୱିଟ୍ ମାଧ୍ୟମରେ ତାଙ୍କୁ ଟାର୍ଗେଟ୍ କରିଛନ୍ତି। ସେ ଏଥିରେ ଉଲ୍ଲେଖ କରିଛନ୍ତି ଯେ- 'ଯେତେବେଳେ ମୁଁ କୌଣସି କଳାକାରଙ୍କୁ ଫିଲ୍ମର କାହାଣୀ ଶୁଣାଏ ସେତେବେଳେ ତାଙ୍କ ଉପରେ ଶତ ପ୍ରତିଶତ ଭରସା କରେ। ଆମେ ଭିତରେ NDA(Non Disclosure Agreement) ହୋଇଥାଏ। ତୁମଠାରୁ ଜଣେ ଛୋଟ ଅଭିନେତ୍ରୀଙ୍କୁ ନୀଚା ଦେଖାଇ ତଥା ମୋ କାହାଣୀକୁ ପ୍ରକାଶ କରି ତୁମେ କେମିତିକା ମଣିଷ ଜଣେଇ ଦେଲ। ଜଣେ ଫିଲ୍ମ ନିର୍ମାତା ଭାବେ ମୁଁ ମୋର କାହାଣୀ ଲାଗି ବର୍ଷ ବର୍ଷ ଧରି ପରିଶ୍ରମ କରିଛି, ମୋ ପାଇଁ ଫିଲ୍ମ ନିର୍ମାଣ ସବୁଠୁ ବଡ଼ କଥା। ତୁମେ ଏସବୁ ବୁଝିପାରିବ ନାହିଁ। ଆଗକୁ ପୂରା କାହାଣୀ କହିଦେବ। କାରଣ ମୋତେ ଏସବୁରୁ କିଛି ଫରକ ପଡ଼େନା।' ଏଠାରେ ପ୍ରକାଶ ଥାଉ କି, ଦୀପିକାଙ୍କ କିଛି ସର୍ତ୍ତ ପାଇଁ ସନ୍ଦୀପ ତାଙ୍କୁ ଫିଲ୍ମରୁ ବାଦ୍ ଦେଇଥିଲେ ବୋଲି ଅନେକ ରିପୋର୍ଟରେ ପ୍ରକାଶ ପାଇଥିଲା। ସିଫ୍ଟରେ ୮ ଘଣ୍ଟା କାମ କରିବେ, ତେଲୁଗୁ ସଂଳାପ କହିବେ ନାହିଁ, ଅଧିକ ପାରିଶ୍ରମିକ ନେବେ, ଲାଭରୁ ମଧ୍ୟ ସେୟାର୍ ନେବେ ବୋଲି ଦୀପିକା ସନ୍ଦୀପଙ୍କ ନିକଟରେ ସର୍ତ୍ତ ରଖିଥିଲେ ବୋଲି କୁହାଯାଉଛି। ଏନେଇ ବିଧିବଦ୍ଧ ଭାବେ କେହି କିଛି କହି ନ ଥିଲେ ସୁଦ୍ଧା ଦୀପିକାଙ୍କୁ 'ସ୍ପିରିଟ୍'ରୁ ବାଦ୍ ଦେଇ ସନ୍ଦୀପ ତ୍ରିପ୍ତି ଦିମ୍ରିଙ୍କୁ ସାଇନ୍ କରିଥିଲେ। ତେବେ ଦୀପିକା ବୋଲଡ୍ ସିନ୍ ପାଇଁ ଏହି ଫିଲ୍ମ ଛାଡ଼ି ଦେଇଥିବା କିଛି ରିପୋର୍ଟରେ ପ୍ରକାଶ ପାଇଛି।

# ସୁମନ

### ସକାଳ ଶିଶୁ କୁଇଜ୍-୧୬୬

(୧) କେଉଁ ଯନ୍ତ୍ର ସାହାଯ୍ୟରେ ଦୁଗ୍ଧର ଘନତ୍ୱ ମପାଯାଏ?

ଉତ୍ତର: ____________

(୨) ଭାରତର ପ୍ରଥମ ମହିଳା ରାଜ୍ୟପାଳଙ୍କ ନାମ କ'ଣ?

ଉତ୍ତର: ____________

(୩) 'ବୈଦେହୀଶ ବିଳାସ'ର ରଚୟିତା କିଏ?

ଉତ୍ତର: ____________

(୪) ଜାତୀୟ ହସ୍ତତନ୍ତ ଦିବସ କେବେ ପାଳନ କରାଯାଏ?

ଉତ୍ତର: ____________

(୫) ଲିୟୋନେଲ ମେସିଙ୍କର କେଉଁ ଖେଳ ସହ ସମ୍ପର୍କ ରହିଛି?

ଉତ୍ତର: ____________

**ଗତ ସପ୍ତାହର କୁଇଜ୍ ବିଜେତା**
- ଅବିନାଶ ପାତ୍ର, ଧୁଷୁରୀ, ଭଦ୍ରକ
- ଆଶିଷ କୁମାର ଜେନା, ମାହାଙ୍ଗା
- ଲିପ୍‌ସା ପଟ୍ଟନାୟକ, ବାରିପଦା

ସକାଳ ଶିଶୁ କୁଇଜ୍‌ରେ ଅଂଶଗ୍ରହଣ କରୁଥିବା ଛାତ୍ରଛାତ୍ରୀମାନେ ଏବେ ସେମାନଙ୍କ ଉତ୍ତରକୁ sakalasishu@gmail.comରେ ପଠାଇବାକୁ ଅନୁରୋଧ। ତିନିଜଣ ସଠିକ୍ ଉତ୍ତରଦାତାଙ୍କ ନାମ ଏହି ପୃଷ୍ଠାରେ ପ୍ରକାଶ ପାଇବ।

ଆମର ଯୋଗାଯୋଗ ଠିକଣା
ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଇଡ୍‌କୋ ପ୍ଲଟ୍ ନଂ- ୯୦-୯୧, ଭଗବାନପୁର, ଭୁବନେଶ୍ୱର-୭୫୧୦୧୯

## ଶିବ ବିବାହ



ଜଗଦୀଶ ସାହୁ

ବିବାହ କରିବେ ଦେବ ଦମ୍ପତି
ଭକତ ଜନଙ୍କ ପୂଣ୍ୟ ସମ୍ପତ୍ତି
ବରବେଶ ହେବେ ଭୋଳା ଶଙ୍କର
ମାତା ପାର୍ବତୀ କନିଆଁ ତାଙ୍କର
ଆନ ଦେବା ଦେବୀ ବରଯାତିରି
ନାଚ ଗୀତ ପାଇଁ ନାହିଁ ଖାତିରି
ବାଜୁଥିବ ବାଜା ଢୋଲ ନିଶାଣ
ଭାବରେ ତରଳି ଯିବ ପାଷାଣ
ଶୋଭା ଦରଶନେ ଆଖି ଝଲସି
ଭକ୍ତ ମନ ପ୍ରାଣ ଉଠେ ଉଲସି
ଶିବ କୃପାବିନା ସବୁ ଅସାର
ପ୍ରଭୁ ଆଶିଷରେ ହସୁ ସଂସାର ।

ସଞ୍ଚପଡ଼ା, ହିନ୍ଦୋଳ
ଢେଙ୍କାନାଳ
ମୋ- ୯୦୭୮୧୮୫୬୧୬


## ଥିଲେ ଘରେ ବୋଉ ଝରେ ହସମହୁ

ସବୁଠୁ ସୁନ୍ଦର ଲିପାପୋଛା ଘର
ଝୋଟି ଚିତାଥାଏ କାନ୍ଥେ
ଘରକୁ କରଇ ମନ୍ଦିର ଠୁ ଭଲ
ବୋଉ ତା'ର ଦୁଇହାତେ ॥
ଘର ପଛପଟେ ସୁନ୍ଦର ବଗିଚା
ଗଛରେ ଫୁଟଇ ଫୁଲ
ଉଡ଼ିଆସି ନିତି ଫୁଲକୁ କରନ୍ତି
ଛିଟ ପ୍ରଜାପତି ଗେଲ ॥
ଘରଆଗେ ଥିବା ଚଉରାରେ ଦିଏ
ସଞ୍ଜରେ ଦୀପାଳି ବୋଉ
ପୁଅ ଝିଅଙ୍କର ସୁଖ ମନାସୀ ସେ
ଢାଳଇ ହସର ମହୁ ॥
ବୋଉ ତ ପଢ଼ାଏ ପାଠ ବହିଧରି
ମାଆ ସରସ୍ୱତୀ ସାଜି
ଖୁଆଏ ଆହାର ତଡ଼େ ପେଟ ଭୋକ
ଭଲ ଚିଜ ଆଣେ ଖୋଜି ॥
ବୋଉ ଢାଙ୍କିଦିଏ ମଥାରେ ଓଢ଼ଣି
କହେ ସେ ମଧୁର କଥା
ରୋଗ ଜର ବେଳେ ଦେହେ ହାତ ବୋଳେ
ଦୂରହେଇଯାଏ ବଥା ॥
ଥିଲେ ଘରେ ବୋଉ ଝରେ ହସମହୁ
ସୁଖର ସରସୀ ଫୁଟେ
ହଟେ ଅମାରାତି ଫୁଲିଉଠେ ଛାତି
ଆକାଶରେ ଜହ୍ନ ଉଠେ ॥

କୁଞ୍ଜର –ସଙ୍ଗଳାଇ, ପିପିଲି, ପୁରୀ
ମୋ- ୯୬୭୮୮୭୨୧୯୦



ପ୍ରଶାନ୍ତ କୁମାର ଦାଶ



## ମହୁମାଛି ଦେଲା ଶିକ୍ଷା



ପ୍ରତିଦିନ ପରି ମହୁମାଛିଟି ମନ ହରଷରେ ଗୁଣୁଗୁଣୁ କରି ଏ ଫୁଲରୁ ସେ ଫୁଲକୁ ଉଡ଼ି ମହୁ ସଂଗ୍ରହ କରୁଥାଏ। ଜଙ୍ଗଲରେ ଘୂରି ବୋଲି ବିଭିନ୍ନ ଫୁଲ, ଫଳରୁ ମହୁ ସଂଗ୍ରହ କରି ଏକ ଝଙ୍କାଳିଆ ଆମ୍ବ ଗଛ ଅଗ ଡାଳରେ ବସାଟିଏ ବାନ୍ଧିଥାଏ। ସେହି ମହୁ ବସାରେ ସଞ୍ଚିଥିବା ମହୁ ଯାକ ଠୁଳ କରି ତାରି ଛୋଟ ଛୋଟ କୋଠରୀ ଭିତରେ ଖୁବ୍ ଯତ୍ନ ସହକାରେ ରଖିଥାଏ। ସବୁ ମହୁମାଛିମାନଙ୍କ ଭିତରେ ରାଣୀ ମହୁମାଛିଟି ସମସ୍ତଙ୍କୁ ମହୁ ସଂଗ୍ରହ କରିବା ପାଇଁ ପରାମର୍ଶ ଦେଉଥାଏ। ଦିନେ ସେହି ଝଙ୍କାଳିଆ ଆମ୍ବ ଗଛ ଡାଳରେ ଆଉ ଏକ କପୋତୀଟିଏ ବସା ବାନ୍ଧିଲା। ସବୁଦିନ ଚଢ଼େଇଟି ତା ବସା ପାଇଁ କାଠି, କୁଟା, ଆଣି ବସା ବାନ୍ଧୁଥାଏ। ଦିନେ କପୋତୀଟି ଲକ୍ଷ୍ୟ କଲା ସବୁ ମହୁମାଛିମାନେ କିପରି ଗୁଣୁଗୁଣୁ ହୋଇ ମହୁବସା ଚାରିପଟେ ଘେରି ରହିଥାନ୍ତି। ମହୁଗୁଡ଼ିକୁ ଖୁବ୍ ଆଦର, ଯତ୍ନ ସହକାରେ ଛୋଟ ଛୋଟ କୋଠରୀ ଭିତରେ ରଖି ତାକୁ ଜଗି ରହିଥାନ୍ତି। ଯେପରି କୌଣସି ପ୍ରାଣୀ ସହଜରେ ତାଙ୍କର ବସାକୁ କ୍ଷତି ନ ପହଞ୍ଚାଇବ, ସେଥିପାଇଁ ଗଛର ଖୁବ୍ ଅଗ୍ରଭାଗରେ ବସା ତିଆରି କରିଥାନ୍ତି। ଦିନେ କପୋତୀଟି ବସାକୁ ସଅଳ ଫେରି ଆସି ରାଣୀ ମହୁମାଛି ପାଖକୁ ଗଲା। ରାଣୀ ମହୁମାଛି କପୋତୀକୁ ଦେଖି ପଚାରିଲା, ଭଉଣୀ ଆଜି ଏତେ ସଅଳ ଫେରି ଆସିଲ ଯେ! କପୋତୀଟି ଉତ୍ତର ଦେଲା, କିଛି ଦୁଷ୍ଟ ମାଙ୍କଡ଼ ଦଳ ଆସି ଏ ଡାଳରୁ ସେ ଡାଳକୁ ଡେଉଁଛନ୍ତି। ତେଣୁ ମୋ ବସାକୁ ଭାଙ୍ଗି ଦେବେ ଭାବି ମୁଁ ସଅଳ ଫେରି ଆସିଲି। କିନ୍ତୁ ରାଣୀ ଗୋଟିଏ କଥା ମୋ ମନକୁ ପ୍ରଶ୍ନ ଆସୁଛି। ରାଣୀ ମହୁମାଛି ପଚାରିଲା, କହୁନା ଭଉଣୀ। କପୋତୀ ପଚାରିଲା; ଆଚ୍ଛା ରାଣୀ ମହୁମାଛି କହିଲ, ତୁମେ ଏତେ ପରିଶ୍ରମ କରି ଏ ଫୁଲରୁ ସେ ଫୁଲକୁ ଉଡ଼ି, କେତେ ଫୁଲରୁ ମହୁ ସଂଗ୍ରହ କରି ଆଣି ସଞ୍ଚୟ କରି ରଖୁଛ, ହେଲେ ଶେଷରେ ଏ ମଣିଷମାନେ ତୁମ ବସା ଭାଙ୍ଗି ଦେଇ ମହୁ ସବୁ ଚୋରି କରି ନେଉଛନ୍ତି। ତୁମର ଏତେ ଦିନର ପରିଶ୍ରମ, ଚେଷ୍ଟା ସବୁ ତ ବୃଥା ହେଉଛି। ରାଣୀ ମହୁମାଛି ଉତ୍ତର ଦେଲା, ତୁମେ ଠିକ୍ କଥା କହୁଛ ଭଉଣୀ; ହେଲେ ଆମେ ତ ଛୋଟ ପ୍ରାଣୀ, କ'ଣ କରିପାରିବୁ। ଯାହାର ସ୍ୱଭାବ ଯାହା, ତାକୁ କ'ଣ ବଦଳାଇ ହେବ। ମଣିଷମାନେ ଏହାକୁ ଚୋରି କରି ନେଉଛନ୍ତି ସତ, ହେଲେ ମହୁ ତିଆରି କରିବାର ଗୁଣ ବା କୌଶଳ ତ ଚୋରି କରି ପାରୁନାହାନ୍ତି। ତେଣୁ ସେହି ଗୁଣ ବା କୌଶଳ ବଳରେ ଆମେ ପୁଣି ମହୁ ତିଆରି କରି ସଞ୍ଚିପାରୁଛୁ। ଯାହାକୁ କୌଶଳ ଜଣାଥିବ, ସେ କେବେ ହାରିବ ନାହିଁ। ମହୁମାଛି ଏକ ଉତ୍ତମ ଶିକ୍ଷା ଦେଲା ବୋଲି କପୋତୀଟି ବୁଝି ପାରିଲା ଏବଂ ମନେ ମନେ ମହୁମାଛିଙ୍କ ଅସୀମ ଧୈର୍ଯ୍ୟ ଆଉ ଗୁଣ ପାଇଁ ପ୍ରଶଂସା କଲା।




ସୁବ୍ରତ କୁମାର ଦାସ


ରାଜେନ୍ଦ୍ରପୁର, ବାରିକପୁର ବଜାର, ଭଦ୍ରକ
ମୋ: ୯୪୩୭୭୩୧୯୦୩

## ଛୋଟ ଚିତ୍ରକର






ପ୍ରିୟସ୍ମିତା ଶୁଭଦର୍ଶିନୀ
ଅଷ୍ଟମ ଶ୍ରେଣୀ
କେନ୍ଦ୍ରୀୟ ବିଦ୍ୟାଳୟ ନଂ-୩
ମଞ୍ଚେଶ୍ୱର, ଭୁବନେଶ୍ୱର






ରାହୁଲ ଡାକୁଆ
ସପ୍ତମ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ଭୀମଟାଙ୍ଗି, ଭୁବନେଶ୍ୱର





ପ୍ରତୀକ ଅଦାବର
ପଞ୍ଚମ ଶ୍ରେଣୀ
ସରସ୍ୱତୀ ଶିଶୁବିଦ୍ୟାମନ୍ଦିର
ବୀରମହାରାଜପୁର, ସୁବର୍ଣ୍ଣପୁର





କ୍ରିଷ୍ଟାଲ ପଣ୍ଡା
ଦ୍ୱିତୀୟ ଶ୍ରେଣୀ
ବ୍ରିଜୱେଲ ଗ୍ଲୋବାଲ ସ୍କୁଲ
ସରକଣା, ଖୋର୍ଦ୍ଧା

## ପ୍ରହେଳିକା

- ବହି ଖାତା ଝର କଲମ ଆଦି
ତା'ଦେହେ ରଖନ୍ତି ପିଲା ସାଇତି
ନାନା ରଙ୍ଗ ତା'ର ରୂପ ସୁନ୍ଦର
ପିଲାଏ କରନ୍ତି ତାକୁ ଆଦର
କାନ୍ଧରେ ଝୁଲଇ ସେହି
ବହି ଖାତା ପାଇଁ ତା'ପେଟ ଫୁଲଇ
ପାରିବ ତା'ନାମ କହି।

ଉତ୍ତର-ବସ୍ତାନୀ





- ମିତ ସାଜି ସିଏ ସାହାଯ୍ୟ କରେ
ତାକୁ ଦେଖି ଖରା ବରଷା ଡରେ
ରହିଥାଏ ସିଏ ମଥା ଉପରେ
ଖରା ବରଷାକୁ ସରାଗେ ଧରେ
ଆମକୁ ସୁରକ୍ଷା ଦିଏ
ଆମ ହିତ ପାଇଁ ଜନମ ତାହାର
ନାମଟି କହିବ କିଏ।

ଉତ୍ତର-ଛତା

- ପାଦ ତଳେ ଶୋହେ ଦରବଟିଏ
ଆମ ପାଇଁ ସିଏ କଷଣ ସହେ
ରବର ଚମଡ଼ା ଆଦିରୁ ଜାତ
କରିଥାଏ ସିଏ ସଭିଙ୍କ ହିତ
ଗୋଡ଼ି କଣ୍ଟା ଅବା ଗ୍ରୀଷମ ଉଷ୍ମ
ରକ୍ଷାକରେ ସିଏ ପାଦକୁ ଆମ
କରଇ ମହତ କାମ
ମନ୍ଦିର ବାହାରେ ଥୁଆ ହୁଏ ସିଏ
କୁହ ଦେଖି ତା'ର ନାମ।

ଉତ୍ତର-ଜୋତା

ରାମଚନ୍ଦ୍ର ବେହେରା
ତେନ୍ତୁଳିପଦା, ଜଗତସିଂହପୁର
ମୋ-୭୩୫୫୬୩୪୩୪୬

■ ପ୍ରଥମ ଅନ୍‌ଅଫିସିଆଲ୍ ଟେଷ୍ଟ

## କରୁନ ନାୟାରଙ୍କ ଶତକ

**କାଣ୍ଟରବରୀ, ୩୦।୫ (ଏଜେନ୍ସି):** ଇଂଲଣ୍ଡ-ଏ ବିପକ୍ଷ ପ୍ରଥମ ଅନଅଫିସିଆଲ ଟେଷ୍ଟ ମ୍ୟାଚ୍ ସ୍ଥାନୀୟ ଲରେନ୍ସ ଗ୍ରାଉଣ୍ଡରେ ଆଜିଠାରୁ ଆରମ୍ଭ ହୋଇଛି। ଏହି ମ୍ୟାଚ୍‌ରେ ଟସ୍ ଜିତି ଇଂଲଣ୍ଡ ଲାୟନ୍ସ ଭାରତ-ଏ'କୁ ପ୍ରଥମେ ବ୍ୟାଟିଂ ଲାଗି ଆମନ୍ତ୍ରଣ କରିଥିଲା। ପ୍ରଥମଦିନ ଶେଷ ଖବର ସୁଦ୍ଧା ଭାରତ-ଏ' ୬୩ ଓଭରରେ ୩ ୱିକେଟ ହରାଇ ୨୫୮ ରନ୍ ସଂଗ୍ରହ କରିନେଇଥିଲା। ଦଳ ପକ୍ଷରୁ କରୁନ ନାୟାର ୧୧୪ (୧୬୫ ବଲ୍, ୧୭ ଚୌକା) ଓ ଧ୍ରୁବ ଜୁରେଲ ୮ ରନ୍‌ରେ ବ୍ୟାଟିଂ କରୁଥିଲେ। ଦୁଇ ଓପନର ଯଶସ୍ୱୀ ଜୟସ୍ୱାଲ ୨୪ ଓ ଅଭିମନ୍ୟୁ ଈଶ୍ୱରନ ୮ ରନ୍‌ରେ ଆଉଟ ହୋଇଥିଲେ। ସର୍ଫରାଜ ଖାନ ୯୨ ରନ୍‌ରେ ଦଳୀୟ ସ୍କୋର ୫୧ ରନ୍‌ରେ ଦଳ ଦ୍ୱିତୀୟ ୱିକେଟ ହରାଇଥିଲା।
**ଭାରତ-ଏ ଏକାଦଶ :** ଅଭିମନ୍ୟୁ ଈଶ୍ୱରନ (ଅଧିନାୟକ), ଯଶସ୍ୱୀ ଜୟସ୍ୱାଲ, କରୁନ ନାୟାର, ସର୍ଫରାଜ ଖାନ୍, ଧ୍ରୁବ ଜୁରେଲ (ୱିକେଟରକ୍ଷକ), ନୀତୀଶ କୁମାର ରେଡ୍ଡି, ଶାର୍ଦ୍ଦୁଳ ଠାକୁର, ହର୍ଷ ଦୁବେ, ଅଂଶୁଲ କାମ୍ବୋଜ, ହର୍ଷିତ ରାଣା, ମୁକେଶ କୁମାର।

## ଦ୍ୱିତୀୟ ଅନ୍‌ଅଫିସିଆଲ୍ ଟେଷ୍ଟ ଖେଳିବେ ରାହୁଲ

**ନୂଆଦିଲ୍ଲୀ,୩୦।୫ (ଏଜେନ୍ସି):** ଇଂଲଣ୍ଡ ବିପକ୍ଷ ଟେଷ୍ଟ ସିରିଜ୍ ଲାଗି ୧୮ ଜଣିଆ ଦଳରେ ମନୋନୀତ ହୋଇଥିବା ଅଭିଜ୍ଞ ବ୍ୟାଟର ଲୋକେଶ ରାହୁଲ ଭାରତ-ଏ' ପକ୍ଷରୁ ଇଂଲଣ୍ଡ ଲାୟନ୍ସ ବିପକ୍ଷ ଦ୍ୱିତୀୟ ଅନ୍‌ଅଫିସିଆଲ ଟେଷ୍ଟ ଖେଳିବେ। ଦିଲ୍ଲୀ କ୍ୟାପିଟାଲ୍ସ ପ୍ଲେ ଅଫ୍‌କୁ ଉନ୍ନିତ ନ ହେବାରୁ ରାହୁଲ ଲଣ୍ଡନ ଯିବାକୁ ପ୍ରସ୍ତୁତ ହୋଇଥିଲେ। ଏ ସମ୍ପର୍କରେ ସେ ବିସିସିଆଇକୁ ଅବଗତ କରିଥିଲେ। ଏଥିଲାଗି ବିସିସିଆଇ ସୋମବାର ରାହୁଲଙ୍କୁ ଲଣ୍ଡନ ପଠାଇବା ଲାଗି ସ୍ଥିର କରିଛି। ଭାରତ-ଏ ବନାମ ଇଂଲଣ୍ଡ ଲାୟନ୍ସ ଦ୍ୱିତୀୟ ଅନ୍‌ଅଫିସିଆଲ ଟେଷ୍ଟ ମ୍ୟାଚ୍ ଜୁନ୍ ୬ରୁ ଆରମ୍ଭ ହେବ। ଏହାର ଅର୍ଥ ଜୁନ୍ ୨୦ରେ ଇଂଲଣ୍ଡ ସହ ଭାରତ ପ୍ରଥମ ଟେଷ୍ଟ ଖେଳିବା ପୂର୍ବରୁ କୌଣସି ଅଭ୍ୟାସ ମ୍ୟାଚ୍ ଖେଳିବ ନାହିଁ।

## ଆଉ ନାହାନ୍ତି 'ସୁଲତାନ ଅଫ୍ ସୁଇଂ'

**ମୁମ୍ବାଇ, ୩୦।୫ (ଏଜେନ୍ସି):** ଭାରତୀୟ ଘରୋଇ କ୍ରିକେଟ୍‌ର ଜଣାଶୁଣା ଦ୍ରୁତ ବୋଲର ଅବଦୁଲ୍ ଇସମାଇଲ୍‌ଙ୍କ ଶୁକ୍ରବାର ସନ୍ଧ୍ୟାରେ ହୃଦ୍‌ଘାତରେ ବିୟୋଗ ଘଟିଛି। ମୃତ୍ୟୁବେଳକୁ ତାଙ୍କୁ ୭୯ ବର୍ଷ ହୋଇଥିଲା। ଇସମାଇଲ୍ ୭୦ ଦଶକରେ ମୁମ୍ବାଇ (ସେତେବେଳର ବମ୍ବେ ଦଳ) ରଣଜୀ ଦଳର ଦ୍ରୁତ ବୋଲିଂର ନେତୃତ୍ୱ ସମ୍ଭାଳୁଥିଲେ। ବଲକୁ ଉଭୟ ଦିଗରେ ସୁଇଂ କରିବାରେ ବେଶ୍ ମାହରି ଥିବା ଇସମାଇଲ 'ସୁଲ୍‌ତାନ ଅଫ୍ ସୁଇଂ' ନାମରେ ସାଥୀ କ୍ରିକେଟର୍‌ଙ୍କ ଗହଣରେ ପରିଚିତ ଥିଲେ। ମୁମ୍ବାଇ ପାଇଁ ପାଖାପାଖି ୧୦ ବର୍ଷ ଖେଳିଥିବା ଅବଦୁଲ ୭୫ ପ୍ରଥମଶ୍ରେଣୀ ମ୍ୟାଚରେ ୧୮.୦୪ ଆଭରେଜରେ ୨୪୪ ୱିକେଟ୍ ନେଇଥିଲେ। ସେହିଭଳି ତାଙ୍କ ସମୟରେ ମୁମ୍ବାଇ ୫ଥର ରଣଜୀ ଟ୍ରଫି ଟାଇଟ୍ ଜିତିଥିଲା। ପ୍ରଭାବୀ ବୋଲିଂ ସତ୍ତ୍ୱେ ଦୁର୍ଭାଗ୍ୟଜନକ ଭାବେ ତାଙ୍କୁ ଭାରତୀୟ ଦଳରୁ ଖେଳିବାର ସୁଯୋଗ ମିଳି ନ ଥିଲା। ଅବସର ପରେ ସେ ପ୍ରଶିକ୍ଷକ ଓ ମୁମ୍ବାଇ ଦଳର ଚୟନକର୍ତ୍ତା ଭାବେ ମଧ୍ୟ କିଛି ବର୍ଷ ଦାୟିତ୍ୱ ସମ୍ଭାଳିଥିଲେ।

ଆଇପିଏଲ୍-୧୮ : ଏଲିମିନେଟର୍‌ରେ ହାରି ଗୁଜରାଟ ବିଦା

# କ୍ୱାଲିଫାୟର-୨ରେ ମୁମ୍ବାଇ-ପଞ୍ଜାବ ଲଢ଼େଇ



**ମୁଲାନପୁର, ଚଣ୍ଡିଗଡ, ୩୦।୫ (ଏଜେନ୍ସି)**

ଗୁଜରାଟ ଟାଇଟନ୍ସକୁ ୨୦ ରନରେ ପରାସ୍ତ କରି ହାର୍ଦ୍ଦିକ ପାଣ୍ଡ୍ୟାଙ୍କ ନେତୃତ୍ୱାଧୀନ ମୁମ୍ବାଇ ଇଣ୍ଡିଆନ୍ସ ଚଳିତ ଆଇପିଏଲ୍-୧୮'ର କ୍ୱାଲିଫାୟର-୨ରେ ପ୍ରବେଶ କରିଛି। ଶୁକ୍ରବାର ଏଠାରେ ଅନୁଷ୍ଠିତ ଏଲିମିନେଟର୍ ମୁକାବିଲାରେ ମୁମ୍ବାଇ ପ୍ରଥମେ ବ୍ୟାଟିଂ କରି ୫ ୱିକେଟ୍‌ରେ ୨୨୮ ରନ କରିଥିଲା। ଜବାବରେ ଗୁଜରାଟ ନିର୍ଦ୍ଧାରିତ ଓଭରରେ ୬ ୱିକେଟ୍‌ରେ ୨୦୮ ରନ କରିଥିଲା। ପରାଜୟ ସହ ଶୁବମନ ଗିଲ୍‌ଙ୍କ ଗୁଜରାଟ ଆଇପିଏଲ୍‌ରୁ ବିଦା ନେଇଛି। ଅପରପକ୍ଷରେ ବିଜୟ ସହ ମୁମ୍ବାଇ କ୍ୱାଲିଫାୟର-୨ରେ ପହଞ୍ଚିଛି। ରବିବାର ପଞ୍ଜାବ କିଙ୍ଗ୍‌ସ ଓ ମୁମ୍ବାଇ ମଧ୍ୟରେ କ୍ୱାଲିଫାୟର-୨ ଖେଳାଯିବ। ଏହି ମ୍ୟାଚରେ ଯେଉଁ ଦଳ ଜିତିବ ଜୁନ୍ ୩ (ମଙ୍ଗଳବାର)ରେ ରୟାଲ୍ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ ସହ ଫାଇନାଲ ଖେଳିବ। ପୂର୍ବରୁ କ୍ୱାଲିଫାୟର-୧ରେ ବେଙ୍ଗାଲୁରୁ ୮ ୱିକେଟ୍‌ରେ ପଞ୍ଜାବକୁ ହରାଇଥିଲା।

୨୨୯ ରନ୍‌ର ବିଶାଳ ଲକ୍ଷ୍ୟକୁ ପିଛା କରିଥିବା ଗୁଜରାଟ ଇନଫର୍ମ ଓପନର୍ ସାଇ ସୁଦର୍ଶନଙ୍କ ଦମ୍‌ଦାର ୮୦ ରନ (୪୯ ବଲ୍, ୧୦ ଚୌକା ଓ ୧ ଛକା) ରନ ସତ୍ତ୍ୱେ ବିଜୟୀ ହୋଇପାରି ନ ଥିଲା। ଅନ୍ୟମାନଙ୍କ ମଧ୍ୟରେ ୱାଶିଂଟନ ସୁନ୍ଦର ୨୪ ବଲରେ ୪୮, କୁଶଲ ମେଣ୍ଡିସ ୨୦, ସିର୍ଫାନ ରଦରଫୋର୍ଡ ୨୪ ରନ କରିଥିଲେ। ଅଧିନାୟକ ଶୁବମନ ଗିଲ୍ ୧ ରନ କରି ନିରାଶ କରିଥିଲେ। ବୋଲିଂରେ ମୁମ୍ବାଇ ପାଇଁ ଟ୍ରେଣ୍ଟ ବୋଲ୍ଟ ସର୍ବାଧିକ ୨ଟି ଏବଂ ଅଶ୍ୱୀନ କୁମାର, ଯସ୍‌ପ୍ରିତ୍ ବୁମ୍‌ରା ଓ ଗ୍ଲେସନ ଗୋଟିଏ ଲେଖାଏଁ ୱିକେଟ ନେଇଥିଲେ।

ପୂର୍ବରୁ ଏହି ମ୍ୟାଚରେ ଟସ୍ ଜିତି ମୁମ୍ବାଇ ବ୍ୟାଟିଂ ନିଷ୍ପତ୍ତି ନେଇଥିଲା । ଓପନର୍ ରୋହିତ୍ ଶର୍ମାଙ୍କ ଦମ୍‌ଦାର ଅର୍ଦ୍ଧଶତକ ବଳରେ ଦଳ ୫ ୱିକେଟ୍‌ରେ ୨୨୮ ରନର ବିଶାଳ ସ୍କୋର କରିଥିଲା। ରୋହିତ ସର୍ବାଧିକ ୮୧ ରନ କରିଥିଲେ। ସେହିଭଳି ଜନ୍ନି ବେୟାରଷ୍ଟୋ ୨୨ ବଲ୍‌ରୁ ୪୭ ରନ୍ କରି ଆଉଟ ହୋଇଥିଲେ। ଏହି ସ୍କୋରରେ ବେୟାରଷ୍ଟୋ ୪ଟି ଚୌକା ଓ ୩ଟି ଛକା ମାରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସୂର୍ଯ୍ୟକୁମାର ଯାଦବ ୩୩, ତିଳକ ବର୍ମା ୨୫ ଓ ହାର୍ଦ୍ଦିକ ପାଣ୍ଡ୍ୟା ୨୨ ରନ୍ କରିଥିଲେ। ପ୍ରସିଦ୍ଧ କ୍ରିଷ୍ଣା ଓ ସାଇ କିଶୋରଙ୍କୁ ୨ଟି ଲେଖାଏଁ ୱିକେଟ ମିଳିଛି।

### ରୋହିତ୍‌ଙ୍କ ଆଇପିଏଲ୍ କୀର୍ତ୍ତିମାନ

ପ୍ରଥମ ଭାରତୀୟ ବ୍ୟାଟର୍ ଭାବେ ରୋହିତ୍ ଶର୍ମା ଆଇପିଏଲ୍‌ରେ ୩୦୦ ଛକା ମାରିବାର କୀର୍ତ୍ତିମାନ ସ୍ଥାପନ କରିଛନ୍ତି। ଶୁକ୍ରବାର ଗୁଜରାଟ ଟାଇଟନ୍ସ ବିପକ୍ଷ ମ୍ୟାଚରେ ରୋହିତ ୫୦ ବଲରେ ୮୧ ରନର ପାଳି ଖେଳିଥିଲେ। ଯେଉଁଥିରେ ୪ ଛକା ଓ ୯ ଚୌକା ସାମିଲ ଥିଲା। ଏଥିସହ ଆଇପିଏଲ୍‌ରେ ରୋହିତ୍‌ଙ୍କ ଛକା ସଂଖ୍ୟା ୩୦୨ରେ ପହଞ୍ଚିଛି। ୨୭୧ତମ ଆଇପିଏଲ୍ ମ୍ୟାଚରେ ସେ ଏହି ମାଇଲଖୁଣ୍ଟ ଛୁଇଁଛନ୍ତି। ଅନ୍ୟ ଭାରତୀୟଙ୍କ ମଧ୍ୟରେ ବିରାଟ କୋହଲି ୨୯୧, ମହେନ୍ଦ୍ର ସିଂ ଧୋନି ୨୬୪ ଛକା ମାରିଛନ୍ତି। ଆଇପିଏଲ୍‌ରେ ସର୍ବାଧିକ ଛକା ମାରିବାର ରେକର୍ଡ କ୍ରିସ୍ ଗେଲ୍‌ଙ୍କ ନାମରେ ରହିଛି। ଗେଲ୍ ୩୫୭ ଛକା ମାରିଛନ୍ତି। ଏହି ଅର୍ଦ୍ଧଶତକୀୟ ପାଳି ଅବସରରେ ରୋହିତ୍‌ଙ୍କ ଆଇପିଏଲ୍ ରନ୍ ସଂଖ୍ୟା ୭ ହଜାର ଟପିଛି। ବର୍ତ୍ତମାନ ସୁଦ୍ଧା ସେ ଆଇପିଏଲ୍‌ରେ ୨୯.୮୨ ହାରରେ ୭୦୩୮ ରନ କରିଛନ୍ତି। ଆଇପିଏଲ୍‌ରେ ୭ ହଜାର ରନ କ୍ଲବରେ ସାମିଲ ହେବାରେ ବିରାଟ କୋହଲି (୮୬୧୮)ଙ୍କ ପରେ ରୋହିତ୍ ଦ୍ୱିତୀୟ ଭାରତୀୟ ହୋଇଛନ୍ତି।

କ୍ୱାଲିଫାୟର-୧ ଜିତିଥିବା ଦଳ ୧୧ଥର ଚାମ୍ପିଅନ

## ବେଙ୍ଗାଲୁରୁକୁ ସୁହାଉଛି ଇତିହାସ

**ଚଣ୍ଡିଗଡ଼, ୩୦।୫ (ଏଜେନ୍ସି):** ଚଳିତ ଆଇପିଏଲ୍‌ରେ ପ୍ରଥମ ଦଳ ଭାବେ ରୟାଲ୍ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ (ଆର୍‌ସିବି) ଫାଇନାଲରେ ପ୍ରବେଶ କରିଛି। ଦଳର ଏହା ଚତୁର୍ଥ ଫାଇନାଲ। ପୂର୍ବରୁ ୨୦୦୯, ୨୦୧୧ ଓ ୨୦୧୬ରେ ଦଳ ଫାଇନାଲରେ ପ୍ରବେଶ କରିଥିଲେ ମଧ୍ୟ ରନର୍ସ ଅପ୍‌ରେ ସନ୍ତୁଷ୍ଟ ହୋଇଥିଲା। ଏବେ ବେଙ୍ଗାଲୁରୁକୁ ସୁହାଉଛି ଇତିହାସ। ପ୍ଲେ ଅଫ୍ ସିଷ୍ଟମ ଆରମ୍ଭ ହେବାପରଠାରୁ କ୍ୱାଲିଫାୟର-୧ ଜିତିଥିବା ଦଳ ୧୧ଥର ଚାମ୍ପିଅନ ହୋଇଛି। ଏବେ ବେଙ୍ଗାଲୁରୁ କ୍ୱାଲିଫାୟର-୧'କୁ ପ୍ରଭାବୀ ଢ଼ଙ୍ଗରେ ଜିତିଛି ଓ ପୂର୍ବ ଧାରାକୁ ଦେଖିଲେ ଦଳ ପ୍ରଥମ ଟାଇଟଲ ଜିତିବା ରାସ୍ତାରେ ରହିଛି। ୨୦୧୧ରୁ ଆଇପିଏଲ୍‌ରେ ପ୍ଲେ ଅଫ୍ ଫର୍ମାଟ ଆରମ୍ଭ ହୋଇଥିଲା। ଏଥିରେ ଲିଗ୍ ପଏଣ୍ଟ ଟେବଲରେ ପ୍ରଥମ ଦୁଇଟି ସ୍ଥାନ ଅଧିକାର କରିଥିବା ଦଳକୁ ଫାଇନାଲରେ ପ୍ରବେଶ କରିବାକୁ ଦୁଇଟି ସୁଯୋଗ ଦିଆଯାଇଥିଲା। ପ୍ଲେ ଅଫ୍ ଲାଗୁ ହେବା ପରେ ୧୪ଟି ଫାଇନାଲ ଖେଳାଯାଇଛି ଓ କ୍ୱାଲିଫାୟର-୧ ରେ ଜିତିଥିବା ଦଳ ମାତ୍ର ୩ଟି ଫାଇନାଲରେ ପରାଜିତ ହୋଇଛନ୍ତି। ୨୦୧୮ରୁ ୨୦୨୪ର ଫାଇନାଲ ରେକର୍ଡକୁ ଦେଖିଲେ ଚେନ୍ନାଇ ସୁପର କିଙ୍ଗ୍‌ସ ୨୦୧୮, ୨୦୨୧, ୨୦୨୩, ମୁମ୍ବାଇ ଇଣ୍ଡିଆନ୍ସ ୨୦୧୯ ଓ ୨୦୨୦, ଗୁଜରାଟ ଟାଇଟନ୍ସ ୨୦୨୨ ଓ କୋଲକାତା ନାଇଟ୍ ରାଇଡର୍ସ ୨୦୨୪ରେ କ୍ୱାଲିଫାୟର-୧ ଜିତିବା ପରେ ଟାଇଟଲ ହାସଲ କରିଥିଲେ। ଏହି ଟ୍ରେଣ୍ଡକୁ ଦେଖିଲେ ଅହମ୍ମଦାବାଦ୍‌ରେ ଜୁନ୍ ୩ ତାରିଖ ଫାଇନାଲରେ ରଜତ ପାଟିଦାରଙ୍କ ନେତୃତ୍ୱରେ ଓ ବିରାଟ କୋହଲିଙ୍କ ଉତ୍ସାହରେ ବେଙ୍ଗାଲୁରୁ ପ୍ରଥମ ଟାଇଟଲ ଜିତିବାକୁ ଦୃଢ଼ ଆଶା ପୋଷଣ କରିଛି। ଫାଇନାଲ ଖେଳିବା ପୂର୍ବରୁ ଦଳକୁ ଭଲ ବିଶ୍ରାମ ମିଳିଛି ଓ ବେଙ୍ଗାଲୁରୁ ଏଥିରୁ ଫାଇଦା ନେବ ବୋଲି ଆଶା କରାଯାଉଛି।

୧୯ ବର୍ଷରୁ କମ୍ ବାଳକ ଆନ୍ତଃଜିଲ୍ଲା କ୍ରିକେଟ୍

## ମିଶୁଙ୍କ ଅର୍ଦ୍ଧଶତକ; ପାରାଦୀପ ବିଜୟୀ



**କଟକ,୩୦।୫(ସମିସ):** ୧୯ ବର୍ଷରୁ କମ୍ ବାଳକ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟରେ ଆଜି ଅନୁଷ୍ଠିତ ଏକ ମ୍ୟାଚ୍‌ରେ ପାରାଦୀପ ୫ ୱିକେଟରେ ଗଞ୍ଜାମକୁ ପରାସ୍ତ କରିଛି। ଅଡଶପୁର ଗ୍ରାଉଣ୍ଡରେ ଗଞ୍ଜାମ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲା। ଓଦା ପଡ଼ିଆ ଯୋଗୁଁ ମ୍ୟାଚ୍ ୩୬ ଓଭର ବିଶିଷ୍ଟ ଖେଳାଯାଇଥିଲା। ନରସିଂହ ତ୍ରିପାଠୀଙ୍କ ୪୮ରନ, ଆଦର୍ଶ ପଟ୍ଟନାୟକଙ୍କ ୩୬ରନ ସହାୟତାରେ ଗଞ୍ଜାମ ସମସ୍ତ ୱିକେଟ ହରାଇ ୧୫୩ରନ ସଂଗ୍ରହ କରିଥିଲା। ପାରାଦୀପର ଜ୍ୟୋତି ସାମନ୍ତରାୟ ଏବଂ ଆୟୁଷ ପରିଡ଼ା ୩ଟି ଲେଖାଏ ୱିକେଟ ଦଖଲ କରିଥିଲେ। ୩୩.୪ ଓଭରରେ ୫ ୱିକେଟ ହରାଇ ପାରାଦୀପ ବିଜୟ ଲକ୍ଷ୍ୟ ହାସଲ କରିଥିଲା। ମିଶୁ ସିଂହ ୮୭ବଲରୁ ଅପରାଜିତ ୯୦ରନ ସଂଗ୍ରହ କରି ଦଳକୁ ଜିତାଇଥିଲେ। ମିଶୁଙ୍କୁ ପ୍ଲେୟାର ଅଫ ଦି ମ୍ୟାଚ୍ ବିବେଚିତ କରାଯାଇଛି।

ଡ୍ରିମସ କ୍ରିକେଟ ଗ୍ରାଉଣ୍ଡରେ କଟକ-ଏ ୧୬୬ରନରେ ପୁରୀକୁ ହରାଇଥିଲା। ଆଦିତ୍ୟ ରାୟଙ୍କ ୯୨ରନ ବଳରେ କଟକ-ଏ ସମସ୍ତ ୱିକେଟ ହରାଇ ୨୦୬ରନ କରିଥିଲା। ଅନୀଲ ସାହୁ ୪୦ରନ କରିଥିଲେ। ପୁରୀ ତରଫରୁ ବାବୁଶାନ ମାଝୀ ୪ଟି ୱିକେଟ ଅକ୍ତିଆର କରିଥିଲେ। ତେବେ ୨୦୭ରନର ବିଜୟ ଲକ୍ଷ୍ୟକୁ ପିଛା କରୁଥିବା ପୁରୀ ମାତ୍ର ୪୦ରନରେ ଅଲଆଉଟ ହୋଇଥିଲା। କଟକ-ଏର ପିୟୂଷ ମନ୍ତ୍ରୀ ୩ଟି, ସତ୍ୟଜିତ ସାହୁ ଓ ଜନ୍ମେଜୟ ଜେନା ୨ଟି ଲେଖାଏ ୱିକେଟ ହାସଲ କରିଥିଲେ। ରେଭେନ୍ସା ଗ୍ରାଉଣ୍ଡ-୧ରେ ଭୁବନେଶ୍ୱର-ଏ ୮ ୱିକେଟରେ ନୂଆପଡାକୁ ପରାସ୍ତ କରିଛି। ପ୍ରଥମେ ବ୍ୟାଟିଂ କରିଥିବା ନୂଆପଡାର ଇନିଂସ୍ ୮୪ରନରେ ସୀମିତ ରହିଥିଲା। ଭୁବନେଶ୍ୱର-ଏର ଦିବ୍ୟେନ୍ଦୁ ପଣ୍ଡା ୧୦ରନ ବିନିମୟରେ ୪ଟି ୱିକେଟ ଦଖଲ କରିଥିଲେ। ୨୨.୧ ଓଭରରେ ଭୁବନେଶ୍ୱର-ଏ ଦୁଇ ୱିକେଟ ହରାଇ ବିଜୟୀ ହୋଇଥିଲା। ଦିବ୍ୟେନ୍ଦୁଙ୍କୁ ପ୍ଲେୟାର ଅଫ ଦି ମ୍ୟାଚ୍ ବିବେଚିତ କରାଯାଇଛି। ବିଡାନାସୀ ଗ୍ରାଉଣ୍ଡରେ କନ୍ଧମାଳ ଡିଏଲଏସ୍ ପଦ୍ଧତିରେ ୩ ରନରେ ବାଲେଶ୍ୱରକୁ ହରାଇଥିଲା। ବାଲେଶ୍ୱର ୧୬୪ରନରେ ଅଲଆଉଟ ହୋଇଥିଲା। ଜବାବରେ କନ୍ଧମାଳ ୪୪ଓଭର ସୁଦ୍ଧା ୭ ୱିକେଟ ହରାଇ ୧୬୨ରନ କରିଥିବା ବେଳେ ବର୍ଷା ଯୋଗୁଁ ଖେଳ ବାତିଲ ହୋଇଥିଲା। ଅନ୍ୟ ଏକ ମ୍ୟାଚ୍‌ରେ ବରଗଡ ୩୯ରନରେ ରାଉରକେଲାକୁ ହରାଇଥିଲା।

## ଏସୀୟ ଭାରୋତ୍ତୋଳନ ଟ୍ରାଏଲ୍ସରେ ୬ ଓଡ଼ିଆ



**ଭୁବନେଶ୍ୱର,୩୦।୫ (ସମିସ):** କାଜାଖସ୍ତାନରେ ଜୁଲାଇ ୨ରୁ ୧୦ ତାରିଖଯାଏ ହେବାକୁ ଥିବା ଏସୀୟ ଯୁବ ଓ କନିଷ୍ଠ ଭାରୋତ୍ତୋଳନ ଚାମ୍ପିଅନସିପ୍ ଟ୍ରାଏଲ୍ସ ଲାଗି ଲାଗି ଓଡ଼ିଶାରୁ ୬ଜଣ ପ୍ରତିଯୋଗୀ ମନୋନୀତ ହୋଇଛନ୍ତି। ପଟିଆଲାରେ ଏହି ଟ୍ରାଏଲ୍ସ ଜୁନ୍ ୧ ଓ ୨ରେ ଖେଳାଯିବ। ଏଥିରେ ଭାଗନେବାକୁ ମନୋନୀତ ହୋଇଥିବା ପ୍ରତିଯୋଗୀମାନେ ହେଲେ ୫୬ କେଜି ୟୁଥ୍‌ରେ ମୁକେଶ ଗମାଙ୍ଗ, ୬୦ କେଜି କନିଷ୍ଠରେ ସଦାନନ୍ଦ ବରିହା, ୭୯ କେଜି କନିଷ୍ଠ ବାଳକ ବିଭାଗରେ ହୃଦାନନ୍ଦ ଦାସ, ୪୪ କେଜି ୟୁଥ୍‌ରେ ଜ୍ୟୋତ୍ସ୍ନା ଶବର, ୫୮ କେଜି ବାଳିକାରେ ମିନା ସାନ୍ତା (ଏ) ଓ ୬୩ କେଜି କନିଷ୍ଠ ବିଭାଗରେ ବିଦୁସ୍ମିତା ଭୋଇ।

ସର୍ବଭାରତୀୟ ସିଭିଲ ସର୍ଭିସ ଚେସ୍

## ଓଡ଼ିଶାର ଉତ୍କଳ ଚାମ୍ପିଅନ




**ଭୁବନେଶ୍ୱର, ୩୦।୫ (ସମିସ):** ଓଡ଼ିଶାର ଆଇଏମ୍ ଉତ୍କଳ ରଞ୍ଜନ ସାହୁ ଗୋଆରେ ଅନୁଷ୍ଠିତ ସର୍ବଭାରତୀୟ ସିଭିଲ ସର୍ଭିସ ଚେସ୍ ଚାମ୍ପିଅନ ହୋଇଛନ୍ତି। ଏହି ପ୍ରତିଯୋଗିତାରେ ସେ ଏକକ ବିଭାଗରେ ୯ ରାଉଣ୍ଡରୁ ସର୍ବାଧିକ ୮ ପଏଣ୍ଟ ପାଇଥିଲେ। ଏଥିରେ ସେ ୭ଟି ବିଜୟ ଥିଲାବେଳେ ୨ ରାଉଣ୍ଡ ଖେଳ ଡ୍ର ରହିଥିଲା। ଗତବର୍ଷ ଅନୁଷ୍ଠିତ ଏହି ପ୍ରତିଯୋଗିତାରେ ମଧ୍ୟ ଉତ୍କଳ ଟାଇଟଲ ବିଜୟୀ ହୋଇଥିଲେ। କିନ୍ତୁ ଓଡ଼ିଶାର ତାରକା ଖଚିତ ଖେଳାଳି ରଞ୍ଜନ ମହାନ୍ତି, ମନୋଜ ପାଣିଗ୍ରାହୀ, ସୌମ୍ୟରଞ୍ଜନ ମିଶ୍ର ଓ ଉତ୍କଳଙ୍କୁ ନେଇ ଗଠିତ ଟିମ ଦଳଗତ ବିଭାଗରେ ପଦକ ଜିତିବାରେ ଅସମର୍ଥ ହୋଇଥିଲେ। ଅବଶ୍ୟ ଏଥିରେ ଉତ୍କଳ ସମସ୍ତ ମ୍ୟାଚ୍‌ରେ ବିଜୟୀ ହୋଇ ଆଉ ଏକ ସ୍ୱର୍ଣ୍ଣ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ଅଲ୍ ଓଡ଼ିଶା ଚେସ ସଂଘ ସମ୍ପାଦକ ଦେବବ୍ରତ ଭଟ୍ଟ ଉତ୍କଳଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

ସାଟେଲାଇଟ୍ କପ୍ ଫେନସିଂ

## ଫ୍ରାନ୍ସ ଗସ୍ତରେ ୯ ଓଡ଼ିଆ ପାରା ଖେଳାଳି




**ଭୁବନେଶ୍ୱର,୩୦।୫ (ସମିସ):** ଫ୍ରାନ୍ସରେ ହେବାକୁ ଯାଉଥିବା ସାଟେଲାଇଟ କପ୍ ଫେନସିଂ ପ୍ରତିଯୋଗିତା ଲାଗି ୯ଜଣ ଓଡ଼ିଆ ପାରା ଫେନ୍ସର ମନୋନୀତ ହୋଇଛନ୍ତି। ଏଥିରେ ଭାରତରୁ ୧୭ଜଣ ପ୍ରତିଯୋଗୀ ଭାଗ ନେଉଛନ୍ତି। ଓଡ଼ିଆ ଫେନ୍ସରମାନେ ହେଲେ ଭି ରମେଶ ରାଓ, ରାଖାଲ ସେଠୀ, ପୂଜାସ୍ୱନୀ ନାୟକ, ମାଳତୀ ପାନୌରେ, ସିଲା ମନ୍ତ୍ରୀ, ପବିତ୍ର ସାହୁ, ମଧୁସ୍ମିତା ସାହୁ, ଓମ୍ପ୍ରକାଶ ବେହେରା ଓ ରୁଦ୍ରନାରାୟଣ ବେହେରା। ସମସ୍ତ ଖେଳାଳିଙ୍କୁ ଓଡ଼ିଶା ପାରା ସ୍ପୋର୍ଟ୍ସ ଆସୋସିଏସନ ସଭାପତି ଶୁଭମନାସିଛନ୍ତି।

ଏସିଆନ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍

# ଗୁଲ୍‌ବୀରଙ୍କ ଡବଲ୍; ପୂଜାଙ୍କୁ ଐତିହାସିକ ସ୍ୱର୍ଣ୍ଣ

**ଗୁମି, ୩୦।୫ (ଏଜେନ୍ସି)**



ଦକ୍ଷିଣ କୋରିଆରେ ଚାଲିଥିବା ୨୬ତମ ଏସିଆନ୍ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍‌ରେ ଶୁକ୍ରବାର ଭାରତ ୩ଟି ସ୍ୱର୍ଣ୍ଣପଦକ ଜିତି ଚତୁର୍ଥ ଦିବସକୁ ସ୍ମରଣୀୟ କରିଛି। ପୂଜା ସିଂ, ଗୁଲ୍‌ବୀର ସିଂହ ଓ ଆଗାସାରା ନନ୍ଦିନୀ ପୋଡିୟମର ପ୍ରଥମ ସ୍ଥାନରେ ରହି ଦେଶକୁ ଗୌରବାନ୍ୱିତ କରିଛନ୍ତି।

ପୂଜା ମହିଳା ହାଇଜମ୍ପରେ କ୍ୟାରିୟର ଶ୍ରେଷ୍ଠ ୧.୮୯ ମିଟର ଉଚ୍ଚକୁ ଡେଇଁ ସ୍ୱର୍ଣ୍ଣପଦକ ବିଜୟୀ ହୋଇଥିଲେ। ଏହି ସମ୍ମାନଜନକ ଚାମ୍ପିଅନସିପ୍ ଇତିହାସରେ ୨ୟ ଭାରତୀୟ ମହିଳା ହାଇଜମ୍ପର ଭାବେ ସେ ଏହି ସଫଳତା ପାଇଛନ୍ତି। ପୂଜାଙ୍କ ପୂର୍ବରୁ ୨୦୦୦ ସଂସ୍କରଣରେ ବବି ଆଲୌସିୟସ ପ୍ରଥମ ଭାରତୀୟ ମହିଳା ଭାବେ ଏହି କ୍ରୀଡ଼ାର ହାଇଜମ୍ପରେ ସ୍ୱର୍ଣ୍ଣପଦକ ଜିତିଥିଲେ। ସେହିଭଳି ପୁରୁଷ ୫୦୦୦ ମିଟର ଦୌଡ଼କୁ ଗୁଲ୍‌ବୀର ସିଂହ ୧୩ ମିନିଟ୍ ୨୪.୭୭ ସେକେଣ୍ଡରେ ଫିନିଶ କରି ପୋଡିୟମର ପ୍ରଥମ ସ୍ଥାନରେ ରହିଥିଲେ। ଥାଇଲାଣ୍ଡର କିଏରନା ତୁନ୍ତିଭାଟେ (୧୩:୨୪.୯୭) ୨ୟ ଓ ଜାପାନର ନାଗିୟା ମୋରି (୧୩:୨୫.୦୬) ୩ୟ ସ୍ଥାନ ହାସଲ କରିଥିଲେ। ଗୁଲ୍‌ବୀର ଏସିଆନ୍ ଆଥ୍‌ଲେଟିକ୍ସ ଚାମ୍ପିଅନସିପର ଚଳିତ ସଂସ୍କରଣରେ ୨ୟ ସ୍ୱର୍ଣ୍ଣପଦକ ଜିତି ବିରଳ ସଫଳତା ପାଇଛନ୍ତି। ପ୍ରଥମ ଦିବସରେ ସେ ୧୦ ହଜାର ମିଟରରେ ଚାମ୍ପିଅନ ହୋଇଥିଲେ। ଦିବସରେ ଦେଶକୁ ତୃତୀୟ ସ୍ୱର୍ଣ୍ଣପଦକ ମହିଳା ହେପ୍ଟାଥଲନରେ ନନ୍ଦିନୀ ଆଗାସାରା ଭେଟି ଦେଇଥିଲେ। ନନ୍ଦିନୀ ମୋଟ୍ ୫୯୪୧ ସ୍କୋର କରି ପୋଡିୟମର ପ୍ରଥମ ସ୍ଥାନ ହାସଲ କରିଥିଲେ। ଏଥିରେ ଚୀନର ଲିଉ ଜିଙ୍ଗି (୫୮୬୯) ରୌପ୍ୟ ପଦକ ଜିତିଥିଲେ। ଅପରପକ୍ଷରେ ପୁରୁଷ ୪ ଗୁଣା ୧୦୦ ମିଟର ରିଲେ ରେସ୍‌ରେ ଭାରତୀୟ ଦଳ ଅଯୋଗ୍ୟ ଘୋଷିତ ହୋଇଥିଲା। ପଦକ ଦାବିଦାର ଥିବା ଭାରତୀୟ ରିଲେ ଦଳ ଧାର୍ଯ୍ୟ (୨୦ ମିଟର) ଦୂରତା ଭିତରେ ବାଟନ ଅଦଳବଦଳ କରିବାରେ ବିଫଳ ହୋଇଥିଲେ।

### ଆଜି ସ୍ୱର୍ଣ୍ଣ ପାଇଁ ଦୌଡ଼ିବେ ଅନିମେଶ



ଓଡ଼ିଶାର ତାରକା ଧାବକ ଅନିମେଶ କୁଜୁର ପୁରୁଷ ୨୦୦ ମିଟର ଇଭେଣ୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ଜାତୀୟ ରେକର୍ଡ ଅଧିକାରୀ ଅନିମେଶ ଏହି ଦୂରତାକୁ ୨୦.୮୧ ସେକେଣ୍ଡରେ ଫିନିଶ କରି ଦ୍ୱିତୀୟ ସ୍ଥାନରେ ରହିଥିଲେ। ପ୍ୟାରିସ ଅଲିମ୍ପିକ୍ସ ସେମିଫାଇନାଲିଷ୍ଟ ଜାପାନର ଉଜୱା ତୋୱା ୨୦.୬୭ ସେକେଣ୍ଡ ସହ ପ୍ରଥମ ସ୍ଥାନରେ ରହି ଫାଇନାଲରେ ପହଞ୍ଚିଛନ୍ତି। ଶନିବାର ଫାଇନାଲ ଅନୁଷ୍ଠିତ ହେବ।

ଫ୍ରେଞ୍ଚ ଓପନ୍

## ୩ୟ ରାଉଣ୍ଡରେ ଜୋକୋଭିଚ୍



**ପ୍ୟାରିସ, ୩୦।୫ (ଏଜେନ୍ସି):** ବର୍ଷର ଦ୍ୱିତୀୟ ଗ୍ରାଣ୍ଡସ୍ଲାମ ତଥା ଫ୍ରେଞ୍ଚ ଓପନ୍‌ର ୧୨୪ତମ ସଂସ୍କରଣରେ ବିଶ୍ୱର ଏକ ନମ୍ବର ଖେଳାଳି ଆରିନା ସାବାଲେଙ୍କା ବିଜୟ ଅଭିଯାନ ଜାରି ରଖି ଚତୁର୍ଥ ରାଉଣ୍ଡରେ ପ୍ରବେଶ କରିଛନ୍ତି। ଶୁକ୍ରବାର ଅନୁଷ୍ଠିତ ମହିଳା ଏକକ ତୃତୀୟ ରାଉଣ୍ଡ ମୁକାବିଲାରେ ବେଲାରୁଷର ସାବାଲେଙ୍କା ୬-୨, ୬-୩ ସିଧାସଳଖ ସେଟ୍‌ରେ ସର୍ବିୟାର ଓଲଗା ଡାନିଲୋଭିକଙ୍କୁ ହରାଇଛନ୍ତି। କ୍ରମାଗତ ୪୦ ସପ୍ତାହ ଧରି ଏକ ନମ୍ବର ର୍ୟାଙ୍କ୍ ବଜାୟ ରଖିଥିବା ସାବାଲେଙ୍କା ପ୍ରି-କ୍ୱାର୍ଟରରେ ଆମେରିକାର ଆମାଣ୍ଡା ଆନିଶିମୋଭାଙ୍କୁ ଭେଟିବେ। ସେହିଭଳି ମହିଳା ବିଭାଗର ଅନ୍ୟ ଏକ ମ୍ୟାଚରେ ଇଗା ସ୍ୱିଆଟେକ ମଧ୍ୟ ସହଜ ବିଜୟ ସହିତ ପ୍ରି-କ୍ୱାର୍ଟରରେ ପହଞ୍ଚିଛନ୍ତି। ତୃତୀୟ ରାଉଣ୍ଡର ଏହି ମ୍ୟାଚରେ ପୋଲାଣ୍ଡର ସ୍ୱିଆଟେକ ୬-୨, ୭-୫ ସେଟ୍‌ରେ ରୋମାନିଆର ଜ୍ୟାକଲିନ୍ କ୍ରିଷ୍ଟିଆନଙ୍କୁ ପରାସ୍ତ କରିଥିଲେ। ରୁଷିଆର ଲିଉଡମିଲା ସାମସୋନୋଭା ମଧ୍ୟ ଚତୁର୍ଥ ରାଉଣ୍ଡରେ ପ୍ରବେଶ କରିଛନ୍ତି।

ପୁରୁଷ ବିଭାଗରେ ୨୪ଥରର ଗ୍ରାଣ୍ଡସ୍ଲାମ ବିଜେତା ସର୍ବିୟାର ନୋଭାକ ଜୋକୋଭିଚ ତୃତୀୟ ରାଉଣ୍ଡରେ ସ୍ଥାନ ପକ୍କା କରିଛନ୍ତି। ଗୁରୁବାର ରାତିରେ ଅନୁଷ୍ଠିତ ଦ୍ୱିତୀୟ ରାଉଣ୍ଡ ମୁକାବିଲାରେ ଜୋକୋଭିଚ୍ ୬-୩, ୬-୨, ୭-୬ (୧) ସେଟ୍‌ରେ ଫ୍ରାନ୍ସର କ୍ରୋଏଣ୍ଟିନା ମୌତେତ୍‌ଙ୍କୁ ମାତ୍ ଦେଇଥିଲେ। ପୁରୁଷ ବିଭାଗରେ ଅନ୍ୟ ଖେଳାଳିଙ୍କ ମଧ୍ୟରେ ବିଶ୍ୱର ଏକ ନମ୍ବର ମାନ୍ୟତା ଜାନ୍ନିକ ସିନ୍ନର, ନରୱେର କାସ୍ପର ରୁଡ୍, ଇଟାଲୀର ଲୋରେଞ୍ଜୋ ମୁସେଟ୍ଟି ତୃତୀୟ ରାଉଣ୍ଡରେ ପହଞ୍ଚିଛନ୍ତି।

## ସିଙ୍ଗାପୁର ଓପନ ସେମିରେ ସାତ୍ତ୍ୱିକ-ଚିରାଗ

**ସିଙ୍ଗାପୁର,୩୦।୫ (ଏଜେନ୍ସି):** ଭାରତର ଏକ ନମ୍ବର ଯୋଡି ସାତ୍ତ୍ୱିକ ସାଇରାଜ ର୍ୟାଙ୍କିରେଡ୍ଡି ଓ ଚିରାଗ ସେଟ୍ଟୀ ଏଠାରେ ଚାଲିଥିବା ସିଙ୍ଗାପୁର ଓପନ ବ୍ୟାଡ୍‌ମିଣ୍ଟନ ପୁରୁଷ ଡବଲ୍ସ ସେମିଫାଇନାଲରେ ପ୍ରବେଶ କରିଛନ୍ତି। ଶୁକ୍ରବାର ଅନୁଷ୍ଠିତ କ୍ୱାର୍ଟର ଫାଇନାଲରେ ଭାରତର ଏହି ଯୋଡି ୨୧-୧୭, ୨୧-୧୫ରେ ବିଶ୍ୱର ନଂ-୧ ଯୋଡି ଗୋ ଜେ ଫେଇ ଓ ନୁର ଇଜ୍ଜୁଦ୍ଦିନଙ୍କୁ ପରାସ୍ତ କରିଛନ୍ତି। ଏହି ମ୍ୟାଚ୍‌ଟି ୩୯ ମିନିଟ୍‌ରେ ଶେଷ ହୋଇଥିଲା।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS